
କିଆରାଙ୍କ ପାଇଁ ଯଶ୍‌ଙ୍କ ନିଷ୍ପତ୍ତି
▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-355 ◆BHUBANESWAR ◆MONDAY ◆23 JUNE 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୨ ◆ସଂଖ୍ୟା-୩୫୫ ◆ଭୁବନେଶ୍ୱର ◆ସୋମବାର ◆୨୩ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଯୁଦ୍ଧକୁ ଡେଇଁଲା ଆମେରିକା



## ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ବୋମାମାଡ଼

■ **ତେହରାନ/ୱାଶିଂଟନ, ୨୨।୬ (ଏଜେନ୍ସି):** ଗତ ଏକ ସପ୍ତାହ ଧରି ଇରାନ ଓ ଇସ୍ରାଏଲ ମଧ୍ୟରେ ଚାଲିଥିବା ଯୁଦ୍ଧରେ ସାମିଲ ହୋଇଛି ଆମେରିକା। ଆମେରକାର ଯୁଦ୍ଧ ବିମାନ ଆଜି ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ପ୍ରଚଣ୍ଡ ବୋମାମାଡ଼ କରି ଏଗୁଡ଼ିକୁ ଧ୍ୱଂସ କରିଦେଇଛନ୍ତି। ଆମରିକାର ଏଭଳି ଆକ୍ରମଣକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଜାତିସଂଘ ସମେତ ରୁଷ, ଚୀନ ଓ ଅନ୍ୟ କେତେକ ଦେଶ ଏହାର ନିନ୍ଦା କରିବା ସହିତ ସତର୍କ କରାଇ ଦେଇଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟରେ ପରିସ୍ଥିତି ଆହୁରି ବିଗିଡ଼ିଯିବାର ସମ୍ଭାବନା ରହିଛି। ଇରାନ ମଧ୍ୟ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିବା ସହିତ ପ୍ରତିଶୋଧ ନେବାକୁ ଧମକ ଦେଇଛି। ଇରାନର ଧମକ ପରେ ଆମେରିକାର ଅନେକ ସହରରେ ହାଇଆଲର୍ଟ ଜାରି କରାଯାଇଛି।

### ରୁଷ, ଚୀନର ନିନ୍ଦା; ମଧ୍ୟପ୍ରାଚ୍ୟ ଅଶାନ୍ତ
### ପ୍ରତିଶୋଧ ପାଇଁ ଇରାନର ଧମକ
### ଉଦବେଗ ଜଣାଇଲା ଭାରତ

ଇରାନ ଉପରେ ଆକ୍ରମଣ ପାଇଁ ଦୁଇ ସପ୍ତାହ ସମୟ ନେଇଥିବା ଆମରେିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଜି ସକାଳେ ହିଁ ଇରାନ ଉପରେ ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଆମେରିକାର ବୋମାବର୍ଷୀ ବିମାନ ବି-୨ ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ଶକ୍ତିଶାଳୀ ଜିବିୟୁ-୫୭ ଏମ୍‌ଓପି ନାମକ ବୋମା ମାଡ଼ କରିଥିଲା। ଫରଦୋ, ନତାଞ୍ଜ ଏବଂ ଏସ୍‌ଫାହନ୍ ପରମାଣୁ ପ୍ରତିଷ୍ଠାନ ଉପରେ ଦୁଇଟି ଲେଖାଏଁ ୬ଟି ଏଭଳି ବୋମା ପକାଇଥିଲା। ଗୋଟିଏ ବୋମାର ଓଜନ ୧୫ ଟନ୍ ଥିବା ବେଳେ ୨୦୦ ଫୁଟ୍ ଗଭୀର ଭୂତଳ ଟାର୍ଗେଟ୍‌କୁ ଏହା ଭେଦ କରିପାରିବ। ଏହି ବୋମାମାଡ଼ରେ ▶ପୃଷ୍ଠା-୭

**ହର୍ମୁଜ ଷ୍ଟ୍ରେଟ ବନ୍ଦ କରିବ ଇରାନ**

## ବଢ଼ିବ ତୈଳ ଦର !

■ **ତେହରାନ, ୨୨।୬ (ଏଜେନ୍ସି):** ଆମେରିକାର ଆକ୍ରମଣ ପରେ ଇରାନ ବଡ଼ ପଦକ୍ଷେପ ନେଇଛି। ଏହା ଦ୍ୱାରା ବିଶ୍ୱରେ ସଙ୍କଟ ସୃଷ୍ଟି ହୋଇପାରେ। ତୈଳ ଦର ଆକାଶ ଛୁଇଁପାରେ। ବିନା କ୍ଷେପଣାସ୍ତ୍ର ମାଡ଼ କରି ଇରାନ ଦୁନିଆକୁ ଦୋହଲାଇ ଦେଇପାରେ। ଆଜି ଇରାନ ସଂସଦରେ 'ଷ୍ଟ୍ରେଟ୍ ଅଫ ହର୍ମୁଜ' ବନ୍ଦ କରିବାକୁ ପ୍ରସ୍ତାବ ପାରିତ ହୋଇଯାଇଛି। ତେବେ ଇରାନ ସର୍ବୋଚ୍ଚ ନେତା ଅୟତୁଲ୍ଲା ଅଲ ଖାମନେଇ ଏହା ଉପରେ ଅନ୍ତିମ ନିଷ୍ପତ୍ତି ନେବେ। ହର୍ମୁଜ ଷ୍ଟ୍ରେଟ ବିଶ୍ୱର ସବୁଠୁ ଗୁରୁତ୍ୱପୂର୍ଣ୍ଣ ସାମୁଦ୍ରିକ ଚେକ୍ ପଏଣ୍ଟ। ଏହା ଓମାନ ଉପକୂଳ, ଓମାନ, ଇରାନ, ପାକିସ୍ତାନ ଏବଂ ୟୁଏଇ ମଧ୍ୟରେ ରହିଛି। ଏହା ଆରବ ସାଗରକୁ ପର୍ସିଆନ ଗଲ୍ଫ ସହ ଯୋଡୁଛି। ଏହି କ୍ଷେତ୍ର ଇରାନ-ଇସ୍ରାଏଲ ସଂଘର୍ଷର ମୁଖ୍ୟ କାରଣ ପାଲଟିଛି। କାରଣ ବିଶ୍ୱର ୨୦ ପ୍ରତିଶତ ତୈଳ ଏବଂ ଗ୍ୟାସ ଏହି ଷ୍ଟ୍ରେଟ ଦେଇ ଯାଉଛି। ଏହି ରାସ୍ତାକୁ ବନ୍ଦ କରିବା ପାଇଁ ପୂର୍ବରୁ ଇରାନ ଧମକ ଦେଇସାରିଛି। ଯଦି ଏହା ବନ୍ଦ ▶ପୃଷ୍ଠା-୭

# ଅସ୍ତ୍ରୋପଚାର ସଫଳ; ନବୀନ ସୁସ୍ଥ

■ **ମୁମ୍ବାଇ, ୨୨।୬ (ସମିସ):** ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ସର୍ଭିକାଲ ଆଥ୍ରାଇଟିସ୍ ଅପରେସନ ସଫଳତାର ସହ ଶେଷ ହୋଇଛି। ତାଙ୍କର ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ପ୍ରଖ୍ୟାତ ଚିକିତ୍ସକ ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ମୁମ୍ବାଇର କୋକିଳାବେନ୍ ଧୀରୁଭାଇ ଅମ୍ବାନୀ ହସ୍‌ପିଟାଲର ସ୍ନାୟୁ ବିଶେଷଜ୍ଞ ଡାକ୍ତର ରାଜଶେଖର ଅସ୍ତ୍ରୋପଚାର କରିଛନ୍ତି। ଏହି ସମୟରେ ଏସିଆନ ହାର୍ଟ ଇନଷ୍ଟିଚ୍ୟୁଟର ବିଶେଷଜ୍ଞମାନେ ମଧ୍ୟ ଉପସ୍ଥିତ ଥିଲେ। ଅପରେସନ ପରେ ନବୀନ ସମ୍ପୂର୍ଣ୍ଣ ସୁସ୍ଥ ଅଛନ୍ତି ଓ ଡାକ୍ତରଖାନାରେ ତାଙ୍କୁ ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରଖାଯିବ। ଏହାପରେ ତାଙ୍କୁ କ୍ୟାବିନ୍‌କୁ ସ୍ଥାନାନ୍ତର କରାଯିବ। ୫ରୁ ୭ ଦିନ ମଧ୍ୟରେ ଷ୍ଟିଚ୍ ଖୋଲାଯିବ ଓ ଏହାପରେ ସେ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବେ ବୋଲି ଡାକ୍ତର ପଣ୍ଡା ସୂଚନା ଦେଇଛନ୍ତି। ରବିବାର ସକାଳ ପ୍ରାୟ ୬ଟାରେ ନବୀନଙ୍କୁ ଅସ୍ତ୍ରୋପଚାର ପାଇଁ ଓଟିକୁ ନିଆଯାଇଥିଲା। ସକାଳ ୮ଟାରେ ତାଙ୍କର ଅସ୍ତ୍ରୋପଚାର ଆରମ୍ଭ ହୋଇଥିଲା। ୨ ଘଣ୍ଟା ▶ପୃଷ୍ଠା-୭



- ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରହିବେ
- ୫-୭ ଦିନ ମଧ୍ୟରେ ଖୋଲାଯିବ ଷ୍ଟିଚ୍
- ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଚିକିତ୍ସା
- ଡାକ୍ତରଖାନାରେ ଭାଇ ପ୍ରେମ୍ ଓ ଭାଉଜ ଉପସ୍ଥିତ

# କମୁଛି ବନ୍ୟା; ବଢୁଛି ଦୁର୍ଦ୍ଦଶା

## ତିନି ଦିନ ପରେ ମିଳିଲା ମୁଠେ ଶୁଖିଲା ଖାଦ୍ୟ

■ **ବାଲେଶ୍ୱର(ଉତ୍ତର)/ ଭୋଗରାଇ/ ବାଲିଆପାଳ/ କାଳୀପଦା, ୨୨।୬ (ସମିସ):** ସୁବର୍ଣ୍ଣରେଖା ନଦୀରେ ବନ୍ୟାକୁ ତିନି ଦିନ ବିତିଛି। ବିପଦ ସଂକେତ ତଳେ ଏବେ ବନ୍ୟାଜଳ ପ୍ରବାହିତ ହେଉଥିଲେ ହେଁ ଭୋଗରାଇ ଓ ବାଲିଆପାଳରେ ବିପନ୍ନଙ୍କ ଦୁର୍ଦ୍ଦଶା ବଢ଼ିବାରେ ଲାଗିଛି।



ଭୋଗରାଇ ବ୍ଲକ୍‌ର ୮ଟି ପଞ୍ଚାୟତର ପ୍ରାୟ ୪୦ରୁ ଅଧିକ ଗାଁର ଲୋକେ ଏବେବି ପାଣିଘେରରେ ଅଛନ୍ତି। ତିନି ଦିନ ପରେ ଆଜି ବ୍ଲକ ପ୍ରଶାସନ ପକ୍ଷରୁ ଅଳ୍ପ କେତେକ ଗାଁରେ ଶୁଖିଲା ଖାଦ୍ୟ ଓ ପାଣି ବୋତଲ ବଣ୍ଟନ କରାଯାଇଛି। ମାତ୍ର ପର୍ଯ୍ୟାପ୍ତ ପରିମାଣରେ ପାନୀୟ ଜଳର ଆବଶ୍ୟକତା ଥିବା ବେଳେ ପ୍ରଶାସନ ଯୋଗାଇବାରେ ଫେଲ୍ ମାରିଥିବା ଅଭିଯୋଗ ହୋଇଛି। ଏବେ ବି ବ୍ଲକ୍‌ର ଖରିଦପିପଳ, ଆରୁହାବୃତ୍ତି-୧, ନାଚିନ୍ଦା, କୁସୁଡ଼ା, ଗବ ଗାଁ, ପୁଟିଣା, କୁମ୍ଭୀରଗଡ଼ି ଓ ଜୟରାମପୁର ପଞ୍ଚାୟତର ଅନେକ ଗାଁ ବନ୍ୟା ବନ୍ୟାଜଳ ଘେରରେ ରହିଛି। ମାତ୍ର ପ୍ରଶାସନ ପକ୍ଷରୁ ସେମାନଙ୍କୁ ଏ ପର୍ଯ୍ୟନ୍ତ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇନାହିଁ। ▶ପୃଷ୍ଠା-୭


OIFESM
FIRE & SAFETY INSTITUTE
ORISSA INSTITUTE OF FIRE ENGINEERING AND SAFETY MANAGEMENT
WE TRAIN TO SAVE
AWARD WINNING INSTITUTE

ଟ୍ରେନିଂ ସହ ନିଯୁକ୍ତି
JOIN IN FIRE & SAFETY COURSE
ନିଶ୍ଚିତ ଭବିଷ୍ୟତ ତଥା ୨୧ ବର୍ଷର ଭରଷାଯୋଗ୍ୟ ଅନୁଷ୍ଠାନ
ADMISSION OPEN
PG, Post & Advance Diploma in Industrial Safety, Construction Safety, Fire Safety Management



For more information
ADMIN OFFICE: 99383 98277, 93486 57629
CAMPUS: 63721 46851, 93485 30626
www.oifesm.edu.in oifesm.odisha

ORISSA INSTITUTE OF FIRE ENGINEERING & SAFETY MANAGEMENT
Campus: 135/136, Baramunda , Near Baramunda Bus Stand, Bhubaneswar
Admin Office: Cosmopolis Square, Aiginia (near by Khandagiri), Facing NH-16, Bhubaneswar, Odisha 751019

# ପହଲ୍‌ଗାମ୍ ଆତଙ୍କୀଙ୍କୁ ଶରଣ ଦେଇ ୨ ଗିରଫ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): କଶ୍ମୀର ପହଲଗାମରେ ହୋଇଥିବା ଆତଙ୍କବାଦୀ ଆକ୍ରମଣର ଦୁଇମାସ ପରେ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) ଏହି ମାମଲାରେ ଦୁଇଜଣଙ୍କୁ ଗରିଫ କରିଛି। ଆତଙ୍କବାଦୀମାନଙ୍କୁ ଏହି ଦୁଇଜଣ ଶରଣ ଦେଇଥିଲେ ବୋଲି ଏଜେନ୍ସି ତରଫରୁ କୁହାଯାଇଛି। ଗିରଫ୍ ହୋଇଥିବା ଦୁଇ ଅଭିଯୁକ୍ତ ହେଲେ ବାଟକୋଟର ପରଭେଜ ଅହମ୍ମଦ ଜୋଠାର ଓ ହିଲ୍ ପାର୍କର ବସୀର ଅହମ୍ମଦ ଜୋଠାର। ଏହି ୩ ଆତଙ୍କବାଦୀ ପାକିସ୍ତାନୀ ଥିଲେ ଓ ସେମାନେ କିଭଳି ଥିଲେ ସେ ନେଇ ଏହି ଦୁଇଜଣ ଏନ୍‌ଆଇଏକୁ ଗୁରୁତ୍ୱପୂର୍ଣ୍ଣ ସୂଚନା ଦେଇଥିଲେ। ଆତଙ୍କବାଦୀମାନେ ଲସ୍କର ଇ ତୋଏବା (ଏଲ୍‌ଇଟି) ଆତଙ୍କୀ ସଂଗଠନର ସଦସ୍ୟ ଥିଲେ ବୋଲି ଦୁହେଁ କହିଛନ୍ତି। ଏହି ୩ଜଣ ଆତଙ୍କବାଦୀଙ୍କୁ ପରଭେଜ ଓ ବସିର ଆକ୍ରମଣ ପୂର୍ବରୁ ହିଲ ପାର୍କ ସ୍ଥିତ ଏକ ଅସ୍ଥାୟୀ ବସ୍ତିରେ ଜାଣିଶୁଣି ରହିବା ପାଇଁ ସୁଯୋଗ ଦେଇଥିଲେ। ଆତଙ୍କବାଦୀଙ୍କୁ ସେଠାରେ ରଖିବା ସହ ସେମାନଙ୍କୁ ଅନ୍ୟାନ୍ୟ ସୁବିଧାସୁଯୋଗ ପ୍ରଦାନ କରିଥିଲେ। ତେବେ ଅଭିଯୁକ୍ତମାନେ ଏହି ୩ ଆତଙ୍କବାଦୀଙ୍କ ନାମ ବିଷୟରେ ସୂଚନା ଦେଇଛନ୍ତି କି ନା ସେ ନେଇ ଏନ୍‌ଆଇଏ କିଛି ସ୍ପଷ୍ଟ କରିନାହିଁ।

# ସମ୍ପୂର୍ଣ୍ଣ ୟୁକ୍ରେନ ଆମର: ପୁଟିନ୍

ସେଣ୍ଟ ପିଟର୍ସବର୍ଗ,୨୨।୬(ଏଜେନ୍ସି): ରୁଷି ରାଷ୍ଟ୍ରପତି ଭ୍ଲାଡିମୀର ପୁଟିନ ପୁଣି ଏକ ଅଜବ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ସମ୍ପୂର୍ଣ୍ଣ ୟୁକେନ୍ ହେଉଛି ଆମର। ୟୁକ୍ରେନ ଓ ରୁଷିଆର ଲୋକ ସମାନ ବୋଲି ସେ କହିଛନ୍ତି। ସେଣ୍ଟ ପିଟର୍ସବର୍ଗରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଇକୋନୋମିକ ଫୋରମ୍‌ରେ ପୁଟିନ ଏହି କଥା କହିଛନ୍ତି। ୟୁକ୍ରେନ୍‌କୁ ଧ୍ୱଂସ କରିବା ରୁଷିଆ ଆଦୌ ଲକ୍ଷ୍ୟ ରଖିନାହିଁ। କିନ୍ତୁ ୟୁକ୍ରେନ୍ ରୁଷିଆର ଭୌଗଳିକ ସ୍ଥିତି ଓ ପ୍ରାଦେଶିକ ତଥା ଆଞ୍ଚଳିକ ପ୍ରାଧାନ୍ୟକୁ ସ୍ୱୀକାର କରିବା ଉଚିତ ବୋଲି ସେ ସ୍ପଷ୍ଟ କରିଛନ୍ତି। ରୁଷିଆ ଓ ୟୁକ୍ରେନ୍‌ର ନାଗରିକ ସବୁ ଦୃଷ୍ଟିକୋଣରୁ ସମାନ ବୋଲି ପୂର୍ବରୁ ଏକାଧିକବାର କହି ସାରିଛି। ତେଣୁ ଏହି ଦୃଷ୍ଟିକୋଣରୁ ଦେଖିବାକୁ ଗଲେ ସମ୍ପୂର୍ଣ୍ଣ ୟୁକ୍ରେନ ଆମର। କିନ୍ତୁ ଆମେ କେବେ ୟୁକ୍ରେନର ସାର୍ବଭୌମତ୍ୱକୁ ନେଇ ପ୍ରଶ୍ନ ଉଠାଇନାହୁଁ ବୋଲି ସେ କହିଛନ୍ତି। ୧୯୯୧ରେ ଯେତେବେଳେ ୟୁକ୍ରେନ ସ୍ୱାଧୀନତା ଲାଭ କରିଥିଲା, ସେତେବେଳେ ଏହି ଦେଶ କୌଣସି ଗୋଷ୍ଠୀରେ ସାମିଲ ନହେବାକୁ, ଆଣବିକ ଅସ୍ତ୍ର ପାଖରେ ନ ରଖିବାକୁ ଓ ଏକ ନିରପେକ୍ଷ ଦେଶ ହୋଇ ରହିବାକୁ ସର୍ତ୍ତ ରହିଥିଲା। ତେଣୁ ୟୁକ୍ରେନ ଏହି ସର୍ତ୍ତଗୁଡ଼ିକୁ ମାନିବା ଉଚିତ।

# ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି ସଲମାନ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ବଲିଉଡ୍ ସୁପରଷ୍ଟାର ସଲମାନ ଖାନ୍ ଏକାଧିକ ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି। ୫୯ ବର୍ଷୀୟ ସଲମାନଙ୍କ ମସ୍ତିଷ୍କରେ ସମସ୍ୟା ରହିଛି। ସେ ବ୍ରେନ୍ ଆନେଉରିଜମ୍ ନାମକ ଏକ ରୋଗରେ ପୀଡିତ ଅଛନ୍ତି। କିଛିଦିନ ତଳେ 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶର୍ମା' ଶୋ'ରେ ଯୋଗ ଦେଇ ସେ ଏ ନେଇ ଖୁଲାସା କରିଛନ୍ତି। କେବଳ ସେତିକି ନୁହଁ ସେ ଟ୍ରାଇଜେମିନାଲ ନେଉରାଲଜିଆ ଓ ଆର୍ଟେରିଓଭେନସ ମାଲଫର୍ମେସନ ରୋଗରେ ମଧ୍ୟ ପୀଡିତ ଅଛନ୍ତି। ଏହି କାରଣରୁ ତାଙ୍କ ଚେହେରା ଓ ମୁଣ୍ଡରେ ସେ ଯନ୍ତ୍ରଣା ଅନୁଭବ କରୁଛନ୍ତି। ବ୍ରେନ୍ ଆନେଉରିଜମ୍ ପାଇଁ ତାଙ୍କ ଚିକିତ୍ସା ହେଉଛି। ଏହା କାରଣରୁ ଜୀବନ ମଧ୍ୟ ଯାଇପାରେ। ଏତେ ସବୁ ରୋଗରେ ପୀଡିତ ଥିଲେ ମଧ୍ୟ ଯନ୍ତ୍ରଣା ସହ କାମ କରିବାକୁ ପଡୁଛି ବୋଲି ସେ କହିଛନ୍ତି।

# ଡିଜିସିଏର ନୂଆ ମାର୍ଗଦର୍ଶିକା

ନୂଆଦିଲ୍ଲୀ, ୨୨।୬ (ଏଜେନ୍ସି):ବିମାନ ନିୟାମକ ଡିଜିସିଏ ଖରାପ ପାଣିପାଗରେ ଉଡ଼ାଣକୁ ନେଇ ନୂଆ ନିୟମ ଜାରି କରିଛି। ବିମାନ ଉଡ଼ାଣ କାର୍ଯ୍ୟସୂଚୀଠାରୁ ଯାତ୍ରୀ ଏବଂ କ୍ରୁଙ୍କ ସୁରକ୍ଷା ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଇଛି। ପାଣିପାଗ ଖରାପ ଥିଲେ କିମ୍ବା ବିପଦ ଥିଲେ ବିମାନର ଗତିପଥ ବଦଳାଇବାକୁ ତୁରନ୍ତ ନିଷ୍ପତ୍ତି ନେବା ପାଇଁ ପାଇଲଟଙ୍କୁ ପରାମର୍ଶ ଦିଆଯାଇଛି। କେଦାରନାଥରେ ହେଲିକପ୍ଟର ଏବଂ ଅହମଦାବାଦ ଦୁର୍ଘଟଣା ପରେ ଡିଜିସିଏ ଏହି ନିଷ୍ପତ୍ତି ନେଇଛି। ଏ ନେଇ ସମସ୍ତ ବିମାନ କମ୍ପାନୀମାନଙ୍କୁ ନୂଆ ସର୍କୁଲାର ଜାରି କରାଯାଇଛି।

# ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ୱାମୀକୁ ହତ୍ୟା

ଲକ୍ଷ୍ନୌ, ୨୨।୬ (ଏଜେନ୍ସି): ମଧ୍ୟପ୍ରଦେଶ ପରେ ଉତ୍ତର ପ୍ରଦେଶ ମୋରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ତ୍ରୀ ସ୍ୱାମୀକୁ ହତ୍ୟା କରିଛି। ଏହି ଜଘନ୍ୟ କାଣ୍ଡ ଘଟାଇବା ପରେ ମୃତଦେହକୁ ନେଇ ଉତ୍ତରାଖଣ୍ଡର କୋଟଦ୍ୱାର ଜଙ୍ଗଲରେ ପକାଇଛି। ସୂଚନା ଅନୁଯାୟୀ ପୀଡ଼ିତ ରବୀନ୍ଦ୍ର କୁମାର ନିଜର ୩ କୋଟିର ଘର ବିକ୍ରି କରି ଋଣ ପରିଶୋଧ କରିବାକୁ ଚାହୁଁଥିଲେ। ମାତ୍ର ପତ୍ନୀ ରୀନା ସିନ୍ଧୁ ଏହାକୁ ବିରୋଧ କରିଥିଲେ। ଏଥିପାଇଁ ଉଭୟଙ୍କ ମଧ୍ୟରେ ବିବାଦ ହୋଇଥିଲା। ପରେ ସେ ପ୍ରେମିକ ପରିତୋଷ କୁମାର ସହ ମିଶି ସ୍ୱାମୀକୁ ମାରି ଦେଇଥିଲେ।

# ଟ୍ରାକ୍ଟର-ଡମ୍ଫର ଧକ୍କା; ୫ ମୃତ

କୋଲକାତା, ୨୨।୬ (ଏଜେନ୍ସି): ପଶ୍ଚିମବଙ୍ଗ ମୁର୍ଶିଦାବାଦ ଜିଲ୍ଲାର କାନ୍ଦି ଥାନା ଅଞ୍ଚଳର ଗୋରକାନ୍ ପାୱାର ହାଉସ୍ ଛକରେ ଭୟଙ୍କର ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣଙ୍କ ମୃତ୍ୟୁ ହୋଇଛି। ଏମାନଙ୍କ ମଧ୍ୟରେ ୩ ମହିଳା ଓ ଡ୍ରାଇଭର ସାମିଲ ଅଛନ୍ତି। ୧୦ ଜଣ ଆହତ ହୋଇଛନ୍ତି। ମୁର୍ଶିଦାବାଦ ମେଡିକାଲ୍ କଲେଜ୍ ହସ୍ପିଟାଲରେ ଏମାନଙ୍କର ଚିକିତ୍ସା ଚାଲିଛି। କିଛି ଲୋକଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ସୂଚନା ଅନୁଯାୟୀ ୨୦ ଜଣିଆ ତୀର୍ଥଯାତ୍ରୀଙ୍କ ଏକ ଦଳ ବୀରଭୂମର ବାଲୁକା ଅଞ୍ଚଳରୁ ଗାଧୋଇ ଟ୍ରାକ୍ଟରରେ ଫେରୁଥିଲେ। ଏହି ସମୟରେ ଟ୍ରାକ୍ଟରଟି ଏକ ଡମ୍ଫର ସହିତ ଧକ୍କା ହୋଇ ଓଲଟି ପଡ଼ିଥିଲା।



# ୩୭ ଘଣ୍ଟା ଉଡ଼ାଣ ପରେ ଇରାନରେ ଆକ୍ରମଣ କରିଥିଲା ବି-୨ ବମ୍ବର୍ସ

## ୧୨ ବଙ୍କର ବଷ୍ଟର, ୩୦ ଟନ୍ ହକ୍ କ୍ଷେପଣାସ୍ତ୍ର ଆକ୍ରମଣ

ୱାଶିଂଟନ, ୨୨।୬ (ଏଜେନ୍ସି):


ଇସ୍ରାଏଲ ଏବଂ ଇରାନ ସଂଘର୍ଷକୁ ଆମେରିକା ଡେଇଁଛି। ଏହି ଦେଶ 'ଅପରେସନ ମିଡ୍‌ନାଇଟ ହାମର' ଆରମ୍ଭ କରି ରବିବାର ସକାଳେ ଇରାନର ତିନୋଟି ପରମାଣୁ ଠିକଣାରେ ବୋମା ବର୍ଷା କରିଛି। ଏହି ଆକ୍ରମଣରେ ନତାଞ୍ଜ, ଫର୍ଦୋ ଏବଂ ଇସାଫାହନ ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଯାଇଛି। ଦୁଇ ଦେଶ ମଧ୍ୟରେ ଚାଲିଥିବା ଏହି ଯୁଦ୍ଧରେ ଆମେରିକା ସାମିଲ ହୋଇ ସ୍ଥିତିକୁ ଅଧିକ ଗମ୍ଭୀର କରିଦେଇଛି। ଇରାନ ଜବାବୀ କାର୍ଯ୍ୟାନୁଷ୍ଠାନର ଧମକ ଦେଇଛି। ତେବେ ଇରାନ କୌଣସି କାର୍ଯ୍ୟାନୁଷ୍ଠାନ ନେଲେ ଆମେରିକା ଜୋରଦାର ଆକ୍ରମଣ କରିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଇରାନ ଉପରେ ଆଜି ହୋଇଥିବା ଆକ୍ରମଣରେ ଆମେରିକାର ବି-୨ ଷ୍ଟିଲଥ୍ ବମ୍ବର୍ସ ସହିତ ୧୨୫ ଲଢୁଆ ବିମାନ ସାମିଲ ହୋଇଥିଲା। ପାହାଡ଼ କାଟି ଇରାନ ପରମାଣୁ କେନ୍ଦ୍ର ବନାଇ ଥିଲା। ତେଣୁ ଏହାକୁ ଧ୍ୱଂସ କରିବା ପାଇଁ ବି-୨ ବମ୍ବରର ଆବଶ୍ୟକତା ପଡ଼ିଥିଲା। ୨୫୦ ଫୁଟ୍ ତଳେ ଥିବା ପରମାଣୁ କେନ୍ଦ୍ରକୁ ଧ୍ୱଂସ କରିବା ପାଇଁ ବଙ୍କର ବଷ୍ଟର ବ୍ୟବହାର କରାଯାଇଥିଲା। ପ୍ରଥମ ଥର ପାଇଁ ଆମେରିକା ଏହି ବୋମାକୁ ବ୍ୟବହାର କରିଛି। ତେବେ ଆକ୍ରମଣ ପରେ ପରମାଣୁ କେନ୍ଦ୍ରରୁ କୌଣସି ବିକିରଣ ହୋଇନାହିଁ ବୋଲି ଇରାନ ପକ୍ଷରୁ କୁହାଯାଇଛି। ଏହି ଅଭିଯାନ ପାଇଁ ବି-୨ ବମ୍ବର୍ସ ଅନବରତ ୩୭ ଘଣ୍ଟା ପର୍ଯ୍ୟନ୍ତ ଉଡ଼ାଣ କରିଥିଲା। ସିଧାସଳଖ ଲକ୍ଷ୍ୟ ସ୍ଥଳରେ ପହଞ୍ଚି ଇରାନର ପରମାଣୁ କେନ୍ଦ୍ର ଉପରେ ବଙ୍କର ବଷ୍ଟର ମାଡ଼ କରିଥିଲା। ଆମେରିକା ରାଷ୍ଟ୍ରପତି ଏହି ସୂଚନା ଦେଇଛନ୍ତି। ଆମେରିକାର ମିସୋରିରୁ ବି-୨ ବିମାନ ଉଡ଼ାଣ ଆରମ୍ଭ କରିଥିଲା। ଏହା ଲକ୍ଷ୍ୟଭେଦ କରିବା ପୂର୍ବରୁ ୩୭ ଘଣ୍ଟାର ଯାତ୍ରା କରିଥିଲା। ଆକାଶ ମାର୍ଗରେ ଇନ୍ଧନ ଭର୍ତ୍ତି କରି ଏହି ଅଭିଯାନକୁ ସଫଳତାର ସହ ଶେଷ କରିଥିଲା। ପ୍ରାୟ ୨ ବିଲିୟନ ଡଲାର (୧, ୭୩, ୧୬, ୬୦, ୨୦, ୪୦୦ ଟଙ୍କା) ମୂଲ୍ୟର ଏହି ଉନ୍ନତ ଲଢୁଆ ବିମାନ ମିସୋରିରୁ ଇରାନ ଏବଂ ପୁଣି ଆମେରିକା ଫେରିବା ପର୍ଯ୍ୟନ୍ତ ୧୧, ୪୦୦ କିମି ପଥ ଅତିକ୍ରମ କରିଥିଲା। ଆକ୍ରମଣ ଦ୍ୱାରା ଫରଦୋରେ ୬ଟି ବଡ଼ ଖାଲ ହୋଇଯାଇଛି। ମାକ୍ସାର ଟେକ୍ନୋଲୋଜି ପାଖରୁ ଏହାର ଫଟୋ ଜାରି କରାଯାଇଛି। ଏହାର ଆଖପାଖରେ ମାଟି ଧସି ଯାଇଥିବା ମଧ୍ୟ ଦେଖିବାକୁ ମିଳୁଛି।

- ■ 'ଅପରେସନ ମିଡ୍‌ନାଇଟ ହାମର'ରେ ସାମିଲ ଥିଲା ୧୨୫ ଯୁଦ୍ଧ ବିମାନ
- ■ ଆକ୍ରମଣ ପୂର୍ବରୁ ଇରାନକୁ ଜଣାଇଥିଲା ଆମେରିକା

ଫରଦୋ ଠିକଣାରେ ୬ଟି ବଙ୍କର ବଷ୍ଟର ତଥା ଜିବିୟୁ-୫୭ ମାସିଭ ଅର୍ଡନାନ୍ସ ପେନେଟ୍ରେଟର (ଏମଓପି) ବୋମା ମାଡ଼ କରାଯାଇଥିଲା। ସେହିପରି ୩୦ ଟମ୍‌ହକ୍ କ୍ଷେପଣାସ୍ତ୍ର ମଧ୍ୟ ଆକ୍ରମଣ କରାଯାଇଥିଲା। ଅନ୍ୟ ଏକ ରିପୋର୍ଟରେ ଆମେରିକା ୧୨ଟି ବଙ୍କର ବଷ୍ଟର ବୋମା ମାଡ଼ କରିଥିବା କୁହାଯାଇଛି। ଆମେରିକାର ଜଏଣ୍ଟ ଚିଫ୍ ଅଫ୍ ଷ୍ଟାଫ ଜେନେରାଲ ଡାନ କେନ କହିଛନ୍ତି ଯେ ଆକ୍ରମଣରେ ୭ଟି ବି-୨ ବିମାନ ସାମିଲ ଥିଲା। ଏହି ବିମାନ ଫର୍ଦୋ ଏବଂ ନତାଞ୍ଜରେ ପ୍ରାୟ ୧୪ ହଜାର କେଜିର ବୋମା ପକାଇ ଥିଲା। କିନ୍ତୁ ଇସ୍‌ଫାହନରେ ଟମ୍‌ହକ୍ ମିସାଇଲ ମାଡ଼ କରାଯାଇଥିଲା। ଏହି ଅଭିଯାନ ପାଇଁ ଧୋକାର ରଣନୀତି ଆପଣା ଯାଇଥିଲା। କିଛି ବୋମାବର୍ଷୀ ବିମାନକୁ ପ୍ରଶାନ୍ତ ମହାସାଗର ଅଭିମୁଖେ ପଠା ଯାଇଥିଲା। ଏହା ମାଧ୍ୟମରେ ଇରାନକୁ ଭୁଆଁ ବୁଲା ଯାଇଥିଲା। ସେହିଦିଗରୁ ଆକ୍ରମଣ ହେବ ବୋଲି ଇରାନ ଭାବିଥିଲା। କିନ୍ତୁ ଅନ୍ୟ ଦିଗରୁ ଆମେରିକା ଆକ୍ରମଣ କରିଥିଲା। ୨୦୦୧ ସେପ୍ଟେମ୍ବର ୧୧ ପରଠାରୁ ଏହା ସବୁଠୁ ବଡ଼ ବି-୨ ମିସନ ଥିଲା। ଏହି ଅଭିଯାନକୁ ଅତ୍ୟନ୍ତ ଗୁପ୍ତ ରଖାଯାଇଥିଲା। କିଛି ନିର୍ଦ୍ଦିଷ୍ଟ ସେନା ଅଧିକାରୀଙ୍କୁ ଏହି ସୂଚନା ଦିଆଯାଇଥିଲା। ଅନ୍ୟପଟେ ଆମେରିକା ଦିନକ ପୂର୍ବରୁ ଆକ୍ରମଣ ବିଷୟରେ ଇରାନକୁ ସୂଚନା ଦେଇଥିଲା ବୋଲି କୁହାଯାଉଛି। ଅମବାଜ ମିଡିଆ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଜଣେ ବରିଷ୍ଠ ଅଧକାରୀ କହିଛନ୍ତି ଯେ ଆକ୍ରମଣ ପୂର୍ବରୁ ଆମେରିକା ଆଡଭାନ୍ସ ନୋଟିସ ପଠାଇ ଥିଲା। ନାମ ପ୍ରକାଶ ନ କରିବା ସର୍ତ୍ତରେ ଜଣେ ଅଧିକାରୀ କହିଛନ୍ତି ଯେ ଗତ ୨୧ ତାରିଖରେ ଟ୍ରମ୍ପ ପ୍ରଶାସନ ପକ୍ଷରୁ ଆକ୍ରମଣ ପାଇଁ ସୂଚନା ଦିଆଯାଇଥିଲା। ଇରାନ ସହ ଯୁଦ୍ଧ କରିବା ଆମେରିକାର ଉଦ୍ଦେଶ୍ୟ ନୁହେଁ ବୋଲି କୁହାଯାଇଥିଲା। କେବଳ ତିନୋଟି ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରାଯିବ ବୋଲି ସୂଚନା ଦିଆଯାଇଥିଲା।

ଆମେରିକା ଆକ୍ରମଣ କରିବ ବୋଲି ପୂର୍ବରୁ ଇରାନ ଜାଣିପାରି ଥିଲା। ଏଥିପାଇଁ ସତର୍କ ହୋଇ ଯାଇଥିଲା। ଆକ୍ରମଣ ପୂର୍ବରୁ ଇରାନ ଫର୍ଦୋ ପରମାଣୁ କେନ୍ଦ୍ରରେ ଥିବା ଅଧିକାଂଶ ୟୁରାନିୟମକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତର କରି ଦେଇଥିଲା। ଇରାନର ମେହର ନ୍ୟୁଜ୍ ଏଜେନ୍ସି ସୂତ୍ରକୁ ଏହି ସୂଚନା ମିଳିଛି। ଇସ୍ରାଏଲ ସହିତ ବଢୁଥିବା ଉତ୍ତେଜନାକୁ ଦୃଷ୍ଟିରେ ରଖି ଇରାନ ସରକାର ଏହି ପଦକ୍ଷେପ ନେଇଥିଲେ। ତେବେ ଏହି ୟୁରାନିୟମ କେଉଁଠାକୁ ନିଆଯାଇଛି ତାହାର କୌଣସି ସୂଚନା ଦିଆଯାଇ ନାହିଁ।





## ବଙ୍କର ବଷ୍ଟର କ'ଣ

ଜିବିୟୁ ତଥା ବଙ୍କର ବଷ୍ଟର ତଥା ଏମଓପି ଭାବେ ପରିଚିତ ଏହି କ୍ଷେପଣାସ୍ତ୍ରର ଲମ୍ବ ୨୦.୭ ଫୁଟ। ଏଥିରେ ୪ଟି ଷ୍ଟାବିଲାଇଜର ଫିନ୍ସ, ୪ଟି ୱିଙ୍ଗ, ଲେଜର ସେନ୍‌ସର ଏବଂ ୱାର ହେଡ୍ ରହିଛି। ଏହାର ଓଜନ ପ୍ରାୟ ୧୪ ଟନ୍। ଏହା ୫,୩୪୨ ପାଉଣ୍ଡର ବିସ୍ଫୋରକ ନେଇପାରିବ। ଭୂତଳ ଭଣ୍ଡାର ଏବଂ କଠିନ ଲକ୍ଷ୍ୟକୁ ଭେଦ କରିବା ପାଇଁ ଏହି ବଙ୍କର ବଷ୍ଟରକୁ ଡିଜାଇନ କରାଯାଇଛି। ଏହା ୨୦୦ ଫୁଟ ତଳେ ଥିବା ଠିକଣାକୁ ମଧ୍ୟ ଧ୍ୱଂସ କରିଦେବ। ଏହି ବଙ୍କର ବଷ୍ଟରର ମୂଲ୍ୟ ୩.୫ ନିୟୁତ ଡଲାର ଅର୍ଥାତ୍ ୨୯ କୋଟି ଟଙ୍କା। ଏହା ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଅଣ ପରମାଣୁ ଅସ୍ତ୍ର। ଏହାକୁ ବୋଇଂ ଡିଜାଇନ କରିଥିଲା। ଉଚ୍ଚ କ୍ଷମତା ସମ୍ପନ୍ନ ଷ୍ଟିଲ ଏଲୟରେ ଏହାକୁ ପ୍ରସ୍ତୁତ କରାଯାଇଛି।

## ■ ବି-୨ ଷ୍ଟିଲ୍‌ଥ ବମ୍ବରର କ୍ଷମତା

ଏହି ବିମାନକୁ ଆମେରିକା ବାୟୁସେନାର ମେରୁଦଣ୍ଡ ଧରାଯାଏ। ବିଶ୍ୱର ପ୍ରମୁଖ ଶକ୍ତିଶାଳୀ ବିମାନ ମଧ୍ୟରୁ ଏହା ଅନ୍ୟତମ। ଅତ୍ୟାଧୁନିକ ଜ୍ଞାନକୌଶଳ ସହ ଏହାକୁ ଡିଜାଇନ କରାଯାଇଛି। ଏହାର ପର୍ଯ୍ୟବେକ୍ଷଣ କ୍ଷମତା ଅତ୍ୟନ୍ତ ତୀକ୍ଷଣ। ଯେକୌଣସି ଉଚ୍ଚତାରେ ଏହା ଉଡ଼ାଣ କରିବାକୁ ସକ୍ଷମ। ଏହା ସବୁଠାରୁ ଅତ୍ୟାଧୁନିକ ବାୟୁ ପ୍ରତିରକ୍ଷା ବ୍ୟବସ୍ଥାକୁ ମଧ୍ୟ ଭେଦ କରିଦେବ। ଏହା ଥରକେ ୧୧ ହଜାର କିମି ପର୍ଯ୍ୟନ୍ତ ଉଡ଼ାଣ କରିପାରିବ। ପୁଣି ଇନ୍ଧନ ଭର୍ତ୍ତି କରିବା ପରେ ୧୯ ହଜାର କିମି ପର୍ଯ୍ୟନ୍ତ ଉଡ଼ିପାରିବ। ଏହି ବିମାନ ଏକାଥରକେ ୨ଟି ବଙ୍କର ବଷ୍ଟର ବୋମା ନେଇ ଯାତ୍ରା କରିପାରିବ। କାରଣ ଏହି ବୋମାର ଓଜନ ପ୍ରାୟ ୩୦ ହଜାର ପାଉଣ୍ଡ ତଥା ୧୪ ଟନ୍ ହୋଇଥାଏ। ଅଧିକ ଓଜନର ହୋଇଥିବାରୁ ବି-୨ କେବଳ ୨ଟି ଏମଓପି ସହିତ ଅନ୍ୟ ଅସ୍ତ୍ରଶସ୍ତ୍ର ନେଇପାରିବ। ଏହି ବିମାନର ମୂଲ୍ୟ ୨ ବିଲିୟନ ଡଲାର ଅର୍ଥାତ୍ ପ୍ରାୟ ୧୭ ହଜାର କୋଟି ଟଙ୍କା। ଏହାର ଓଜନ ୭୧ ହଜାର କେଜି। ଏହା ୧.୭୧ ଲକ୍ଷ କେଜି ସହ ଉଡ଼ାଣ କରିବାରେ ସକ୍ଷମ। ଏହି ବିମାନରେ ଏଫ୧୧୮-ଜିଇ-୧୦୦ ଇଞ୍ଜିନ ଲାଗିଛି। ଏହା ୪୦ ହଜାର ପାଉଣ୍ଡର ପେଲୋଡ ନେଇ ଯେକୌଣସି ଲକ୍ଷ୍ୟକୁ ୨୪ ଘଣ୍ଟା ମଧ୍ୟରେ ନଷ୍ଟ କରିପାରିବ।

# ମୋଦୀଙ୍କ ସହ କଥା ହେଲେ ଇରାନ ରାଷ୍ଟ୍ରପତି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଆଣବିକ କେନ୍ଦ୍ର ଉପରେ ଆମେରିକା ଆକ୍ରମଣ କରିବା ପରେ ସାରା ବିଶ୍ୱରେ ଏ ନେଇ ତୀବ୍ର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଏ ନେଇ ଇରାନ ରାଷ୍ଟ୍ରପତି ମାସୁଦ୍ ପେଜେସକିଆନ୍‌ଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଇସ୍ରାଏ୍ ଓ ଇରାନ ମଧ୍ୟରେ ଚାଲିଥିବା ଯୁଦ୍ଧ କରାଣରୁ ସମ୍ପୂର୍ଣ୍ଣ ମଧ୍ୟପ୍ରାଚ୍ୟରେ ଅଶାନ୍ତି ଓ ଭୟର ବାତାବରଣ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ଯଥାଶୀଘ୍ର ସଂଘର୍ଷ କମ୍ କରିବା ସହ କଥାବାର୍ତ୍ତା ଓ କୂଟନୈତିକ ପ୍ରୟାସ ଜରିଆରେ ଶାନ୍ତି ପ୍ରତିଷ୍ଠା କରିବାକୁ ମୋଦୀ ମାସୁଦ୍‌ଙ୍କୁ କହିଥିଲେ। ସମ୍ପ୍ରତିକ ସ୍ଥିତି ନେଇ ଦୁଇ ଦେଶର ରାଷ୍ଟ୍ରମୁଖ୍ୟ ବିସ୍ତୃତ ଭାବେ ୪୫ ମିନିଟ୍ ଧରି କଥା ହୋଇଥିଲେ। ଏଥିପାଇଁ ମାସୁଦ୍ ମୋଦୀଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି। ଭାରତ ହେଉଛି ଇରାନ୍‌ର ମିତ୍ର ଏବଂ ଏହି ଅଞ୍ଚଳରେ ଶାନ୍ତି, ସ୍ଥିରତା ଓ ନିରାପତ୍ତା ଫେରାଇ ଆଣିବା ପାଇଁ ଭାରତର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଇରାନ୍ ରାଷ୍ଟ୍ରପତି କହିଥିଲେ।

# ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବ ରୁଷ!

ତେହରାନ, ୨୨।୬(ଏଜେନ୍ସି):

ଇରାନ ପରମାଣୁ କେନ୍ଦ୍ର ଉପରେ ଆମେରିକାର ଆକ୍ରମଣକୁ ରୁଷ ଓ ଚୀନ ବିରୋଧ କରିବା ସହିତ ଏହାର ଦୃଢ଼ ନିନ୍ଦା କରିଛନ୍ତି। ଆମେରିକାର ଏଭଳି ଆକ୍ରମଣ ମଧ୍ୟପ୍ରାଚ୍ୟରେ ପରିସ୍ଥିତିକୁ ବିଗାଡ଼ିଦେବ ବୋଲି ସେମାନେ ସତର୍କ କରାଇଛନ୍ତି। ରୁଷ ଏହି ଘଟଣାରେ ଉଦବେଗ ପ୍ରକାଶ କରିବା ସହିତ କହିଛି ଯେ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି। ରୁଷ ମଧ୍ୟ ଇରାନକୁ ପରମାଣୁ ଶକ୍ତି ଓ ଜ୍ଞାନକୌଶଳ ଯୋଗାଇବ ବୋଲି ରୁଷର ପୂର୍ବତନ ରାଷ୍ଟ୍ରପତି କହିଛନ୍ତି। ଇରାନକୁ ରୁଷ ପରମାଣୁ ଅସ୍ତ୍ର ଯୋଗାଇପାରେ ବୋଲି ସୂଚନା ମିଳିଛି।

## ଆକ୍ରମଣକୁ ଚୀନ୍, ଜାତିସଂଘର ନିନ୍ଦା

ଚୀନ୍ ମଧ୍ୟ ଇରାନ ଉପ।।ରେ ଆକ୍ରମଣକୁ କଡ଼ା ନିନ୍ଦା କରିଛି। ଆମେରିକା ଅନ୍ତର୍ଜାତୀୟ ନିୟମ ଓ ଜାତିସଂଘ ନିୟମାବଳୀର ଉଲ୍ଲଂଘନ କରିଛି ବୋଲି ଚୀନ୍ ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର କହିଛନ୍ତି। ଏଥିସହ ମଧ୍ୟପ୍ରାଚ୍ୟରେ ଶାନ୍ତି ଫେରାଇ ଆଣିବା ଉପରେ ସେ ଗୁରୁତ୍ୱ ଦେଇଛନ୍ତି। ଯେତେଶୀଘ୍ର ସମ୍ଭବ ଇସ୍ରାଏଲ୍ ଅସ୍ତ୍ରବିରତି ଘୋଷଣା କରୁ ଓ ସାଧାରଣ ନାଗରିକଙ୍କ ସୁରକ୍ଷାକୁ ଗୁରୁତ୍ୱ ଦେବା ସହ କଥାବାର୍ତ୍ତା ଉପରେ ଗୁରୁତ୍ୱ ଦେଉ ବୋଲି ସେ କହିଛନ୍ତି। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁତରେସ୍ ନିନ୍ଦା କରିଛନ୍ତି। ଏହା ମଧ୍ୟପ୍ରାଚ୍ୟ ସମେତ ସାରା ବିଶ୍ୱରେ ଅନ୍ତର୍ଜାତୀୟ ଶାନ୍ତି ପ୍ରତିଷ୍ଠା ଓ ନିରାପତ୍ତା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଛି ବୋଲି ସେ କହିଛନ୍ତି। ବାହୁବଳ ତଥା ସାମରିକ ଶକ୍ତି ଦ୍ୱାରା କୌଣସି ସମସ୍ୟାର ସମାଧାନ ହୋଇନାହିଁ। ସମସ୍ୟା ଓ ମଥପାର୍ଥକ୍ୟ ଦୂର କରିବ ପାଇଁ କୁଟନୈତିକ ପ୍ରୟାସ ଜାରି ରଖିବା ଉଚିତ। ସାରା ବିଶ୍ୱରେ ଶାନ୍ତି ହିଁ ଏକମାତ୍ର ଆଶା ହେବା ଉଚିତ। ସବୁ ଦେଶ ଅନ୍ତର୍ଜାତୀୟ ନିୟମକୁ ଅନୁସରଣ କରିବା ଉଚିତ। ଯୁଦ୍ଧ କେବେ କୌଣସି ସମସ୍ୟାର ସମାଧାନ ନୁହେଁ ବୋଲି ସେ କହିଛନ୍ତି।

ଇରାନର ପରମାଣୁ କେନ୍ଦ୍ର ଉପରେ ଆମେରିକା କରିଥିବା ଆକ୍ରମଣକୁ ପାକିସ୍ତାନ ନିନ୍ଦା କରିଛି। ଏହି ଆକ୍ରମଣ ଅନ୍ତର୍ଜାତୀୟ ଆଇନ ବିରୋଧୀ ବୋଲି କୁହାଯାଇଛି। ଇରାନର ଆତ୍ମରକ୍ଷା କରିବାର ସମ୍ପୂର୍ଣ୍ଣ ଅଧିକାର ରହିଛି। ପାକିସ୍ତାନର ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ଯେ ଜାତିସଂଘ ଚାର୍ଟର ଅନୁଯାୟୀ ସାର୍ବଭୌମତ୍ୱ ଏବଂ ଲୋକଙ୍କ ସୁରକ୍ଷା ପାଇଁ ଜବାବ ଦେବାର ଅଧିକାର ଇରାନର ରହିଛି। ପାକିସ୍ତାନ ଚେତାବନୀ ଦେଇଛି ଯେ ଯଦି ଉତ୍ତେଜନା ଆହୁରି ବୃଦ୍ଧି ପାଏ ତେବେ ଏହା କେବଳ ଏହି କ୍ଷେତ୍ର ନୁହେଁ, ବରଂ ସମଗ୍ର ବିଶ୍ୱକୁ ପ୍ରଭାବିତ କରିବ। ସାଉଦୀ ଆରବ ସମେତ ଅନେକ ଆରବ ରାଷ୍ଟ୍ର ସାଂପ୍ରତିକ ପରିସ୍ଥିତି ନେଇ ଚିନ୍ତା ପ୍ରକଟ କରିଛନ୍ତି। ସେମାନେ ପରିସ୍ଥିତି ଉପରେ ନଜର ରଖିଥିବା କହିଛନ୍ତି।

ଇରାନ ପରମାଣୁ ଠିକଣା ଉପରେ ଆକ୍ରମଣକୁ ନେଇ ଅନ୍ତର୍ଜାତୀୟ ଅଟୋମିକ ଏନର୍ଜି ଏଜେନ୍ସି (ଆଇଏଇଏ) ସୋମବାର ଜରୁରୀ ବୈଠକ ଡାକିଛି। ଆଇଏଇଏର ମୁଖ୍ୟ ରାଫେଲ ଗ୍ରୋସି ଏହି ସୂଚନା ଦେଇ କହିଛନ୍ତି ଯେ ଇରାନରେ ଜରୁରୀ ସ୍ଥିତି ଦେଖା ଦେଇଛି। ତେବେ ଇରାନର ଫରଦୋ, ନତାଞ୍ଜ ଏବଂ ଇସଫାହନ କେନ୍ଦ୍ରରୁ କୌଣସି ବିକିରଣ ହେଉ ନ ଥିବା କୁହାଯାଇଛି। ସ୍ଥିତି ଉପରେ ନଜର ରଖାଯାଇଛି।

# ଘରେ ପଶି ସ୍ୱାମୀଙ୍କୁ ଗୁଳି, ସ୍ତ୍ରୀ ଓ ପିଲାଙ୍କୁ ଅପହରଣ

ଭୋପାଳ, ୨୨।୬: ମଧ୍ୟପ୍ରଦେଶରେ ଛତରପୁର ଜିଲ୍ଲାରେ ରବିବାର ଏକ ଅଭାବନୀୟ ଘଟଣା ଘଟିଛି। ସ୍ପଷ୍ଟ ଦିବାଲୋକରେ କେତେକ ଲୋକ ଘରେ ପଶି ଜଣେ ପୁରୁଷଙ୍କୁ ଗୁଳିମାରିବା ସହ ବନ୍ଧୁକ ଦେଖାଇ ତାଙ୍କ ପତ୍ନୀ ଓ ଦୁଇ ଝିଅ (୫ ଓ ୭ ବର୍ଷର)ଙ୍କୁ ଅପହରଣ କରି ନେଇଛନ୍ତି। ଏହି ଘଟଣାର ଭିଡିଓ ଇଣ୍ଟରନେଟ୍ ବେଶ୍ ଭାଇରାଲ ହୋଇଛି। ବିଜେପି ଶାସିତ ମଧ୍ୟପ୍ରଦେଶରେ ଏହି ଘଟଣା ଘଟିଥିବାରୁ ବିରୋଧୀ ଦଳଗୁଡ଼ିକ ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ନେଇ ପ୍ରଶ୍ନ ଉଠାଇଛନ୍ତି।

ପାଖାପାଖି ୧୨ ଜଣ ଲୋକ ହାତରେ ପିସ୍ତଲ, ବାଡ଼ି, ରଡ୍ ଧରି ହରିରାମ ପାଲଙ୍କ ଘରେ ପଶିଥିଲେ। ଏକ ଏସ୍‌ୟୁଭି କାର ଓ ଏକାଧିକ ମଟର ସାଇକଲ ଚଢ଼ି ଅଭିଯୁକ୍ତମାନେ ହରିରାମଙ୍କ ଘରେ ପଶି ତାଙ୍କୁ ଗୁଳି ମାରିଥିଲେ ଓ ପରିବାର ସଦସ୍ୟଙ୍କୁ ଧକ୍କା ମାରିଥିଲେ। ହରିରାମ ଗୁରୁତର ଭାବେ ଆହତ ହୋଇଥିଲେ। ତାଙ୍କୁ ଜିଲ୍ଲା ହସ୍ପିଟାଲରେ ଭର୍ତ୍ତି କରାଯାଇଛି ଓ ତାଙ୍କ ସ୍ଥିତି ସଙ୍କଟାପର୍ଣ୍ଣ ବୋଲି କୁହାଯାଇଛି। ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ସଞ୍ଜୟ ସିଂ ରାଜପୁତ ସେହି ଗ୍ରାମର ବୋଲି ପୁଲିସ କହିଛି। ସଞ୍ଜୟର ନେତୃତ୍ୱର ୧୦ରୁ ୧୫ ଜଣ ଲୋକ ଏହି କାଣ୍ଡ ଘଟାଇଛନ୍ତି। ବ୍ୟକ୍ତିଗତ ଶତ୍ରୁତା କାରଣରୁ ସଞ୍ଜୟ ଏହି କାଣ୍ଡ ଭିଆଇଛି ବୋଲି କୁହାଯାଉଛି।

ଏନେଇ ଅଧିକ ତଦନ୍ତ ହେଲେ ଆହୁରି ତଥ୍ୟ ସାମ୍ନାକୁ ଆସିବ। ଏପର୍ଯ୍ୟନ୍ତ ୫ ଜଣଙ୍କୁ ଗିରଫ କରାଯାଇଛି ବୋଲି ପୁଲିସ କହିଛି। ଏହି ମାମଲାରେ ୯ ଜଣ ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ୍) ଧାରା ୧୧ ଅନୁସାରେ ମାମାଲା ରୁଜୁ କରାଯାଇଛି। ଅପହରଣ ଓ ହତ୍ୟା ଉଦ୍ୟମ ଧାରା ସାମିଲ ରହିଛି। ୮ ଜଣ ଅଭିଯୁକ୍ତଙ୍କ ପରିଚୟ ଏପର୍ଯ୍ୟନ୍ତ ଜଣାପଡିନାହିଁ।

## ଜମିଜମା ବିବାଦ: ବାପାକୁ କାଠଫାଳିଆରେ ପିଟି ହତ୍ୟା

ନୂଆପଡ଼ା,୨୨।୬(ସମିସ): ନୂଆପଡ଼ା ଜିଲ୍ଲା ବେଲଟୁକୁରି ଥାନା କୁରୁମୁଣ୍ଡା ଗାଁ (ଚିରାପଡ଼ା) ରେ ଶନିବାର ଏକ ଅଭାବନୀୟ ଅଘଟଣ ଘଟିଛି। ଜମିଜମା ବିବାଦକୁ କେନ୍ଦ୍ର କରି କାଠଫାଳିଆରେ ପିଟି ବାପାକୁ ହତ୍ୟା କରିଛି ପୁଅ। ମୃତକ ହେଲେ, ପବନ ବରିହା (୬୦)। ଏହି ଘଟଣାରେ ଆଜି ପୁଲିସ୍ ଅଭିଯୁକ୍ତ ତୁଳାରାମ ବରିହା (୩୫) କୁ ଗିରଫ କରି କୋର୍ଟ ଚାଲାଣ କରିଛି। ବାପା-ପୁଅ ଏକାଠି ମଦ ପିଇ ମାତାଲ ହେବା ପରେ ଏହି ଘଟଣା ଘଟିଥିଲା। ପବନଙ୍କୁ ହତ୍ୟା କରିବା ପରେ ତୁଳାରାମ ତାଙ୍କୁ କ୍ଷେତରେ ଫିଙ୍ଗି ଦେଇଥିଲା। ନୂଆପଡ଼ା ଏସ୍‌ପି ଜିଆର ରାଘବେନ୍ଦ୍ର ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ପୁଲିସ୍ ପବନଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।



ଅଭିଯୁକ୍ତ ପୁଅ

ପବନଙ୍କ ୩ପୁଅ ଦିରବଲ, ଡିଲେଶ୍ୱର ଏବଂ ତୁଳାରାମଙ୍କ ମଧ୍ୟରୁ ଦିରବଲ ଏବଂ ଡିଲେଶ୍ୱର ଛତିଶଗଡ଼ରେ ନିଜ ନିଜ ଶଶୂର ଘରେ ରହୁଛନ୍ତି। ପବନ ତାଙ୍କ ସ୍ତ୍ରୀ ଏବଂ ନାତୁଣୀଙ୍କ ସହ ତୁଳାରାମଙ୍କ ସହ ଗାଁରେ ରହୁଥିଲେ। ୨ବର୍ଷ ହେବ, ଜମିବିକ୍ରିକୁ ନେଇ ବାପ-ପୁଅଙ୍କ ମଧ୍ୟରେ କଳହ ଲାଗି ରହୁଥିଲା। ସେବେଠାରୁ ପବନ ନିକଟସ୍ଥ ଆମୋଦି ଗାଁରେ ନିଜର ଜଣେ ସଂପର୍କୀୟ ଘରେ ଲୁଚି ରହୁଥିଲେ। ଗତ ଅକ୍ଟୋବରରେ ସ୍ତ୍ରୀ, ନାତୁଣୀ ସହ ପବନ ଦାଦନ ଖଟିବାକୁ ଉତ୍ତରପ୍ରଦେଶ ଯାଇଥିଲେ। ୩ ଦିନ ତଳେ ସେମାନେ ଘରକୁ ଫେରିଥିଲେ। ଶନିବାର ପବନ କୁରୁମୁଣ୍ଡା ଗାଁକୁ ଆସିଥିବା ବେଳେ ବାପ-ପୁଅ ଭେଟ ହୋଇଥିଲେ। ପରେ ଉଭୟ ଗାଁ ନିକଟ ନିଜ ଜମି ପାଖରେ ଏକାଠି ବସି ମଦ ପିଇଥିଲେ। ପରେ ନିଶାସକ୍ତ ଅବସ୍ଥାରେ ଜମିଜମା ବିକ୍ରିକୁ ନେଇ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ରାଗିଯାଇ ତୁଳାରାମ ତାଙ୍କ ବାପା ପବନଙ୍କୁ ନିଜ କ୍ଷେତକୁ ଟାଣି ନେଇଥିଲେ। ସେଠାରେ ଏକ କାଠ ଫାଳିଆରେ ନିର୍ଘାତ ମାଡ଼ ମାରିଥିଲେ। ଫଳରେ ପବନ ସେହିଠାରେ ହିଁ ଟଳି ପଡ଼ିଥିଲେ। ପରେ ତୁଳାରାମ ଘରକୁ ଯାଇ ବାପାଙ୍କୁ ହତ୍ୟା କରି ଫିଙ୍ଗି ଦେଇଥିବା ତା' ମା'ଙ୍କୁ କହିଥିଲା। ଏପରିକି, ବାପା ମରି ଯାଇଥିବାରୁ ମା'ଙ୍କୁ ଚୁଡ଼ି ଭାଙ୍ଗିବାକୁ କହିଥିଲା। କିନ୍ତୁ ଏହି ଘଟଣାକୁ ମା' ସହଜରେ ବିଶ୍ୱାସ କରି ନଥିଲେ। ହେଲେ ପରେ ଗାଁରେ କଥା ପ୍ରଘଟ ପରେ ହୋଇଥିଲା। ବିଳମ୍ବିତ ରାତିରେ ପୁଲିସ ଖବର ପାଇଥିଲା। ରବିବାର ସକାଳେ ବେଲଟୁକୁରୀ ଥାନାଧିକାରୀ ସୂର୍ଯ୍ୟକାନ୍ତୀ ଦାସଙ୍କ ନେତୃତ୍ୱରେ ପୁଲିସ ଟିମ୍ ଗାଁରେ ପହଞ୍ଚି ଶବ ଜବତ କରିବା ସହ ଅଭିଯୁକ୍ତ ପୁଅକୁ ଗିରଫ କରିଥିଲା।

## ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା

ତୁରେକେଲା, ୨୨।୬ (ସମିସ): ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା। ବଲାଙ୍ଗିର ଜିଲ୍ଲା ତୁରେକେଲା ଥାନା ଖୁଜେନଗାଁରେ ଏଭଳି ଏକ ଘଟଣା ଘଟିଛି। ମୃତକ ହେଲେ, ସେହି ଗାଁର ତୁଳାରାମ ଜାନି। ସାଇଣ୍ଟିଫିକ୍ ଟିମ୍ ସହାୟତରେ ପୁଲିସ୍ ଘଟଣାସ୍ଥଳରେ ତଦନ୍ତ କରିବା ସହ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏହାସହ ନମ୍ବର ୧୬୩/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତ ପୁତୁରା ଡିଙ୍ଗର ଜାନିକୁ ଗିରଫ କରି କୋର୍ଟଚାଲାଣ କରିଛି। କୋର୍ଟରେ ତା'ର ଜାମିନ୍ ନାମଞ୍ଜୁର ହୋଇଯିବାରୁ ତାକୁ ବିଚାର ବିଭାଗୀୟ ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁସାରେ, କିଛି ଦିନ ତଳେ ଡିଙ୍ଗରର ବାପାଙ୍କ ଅସ୍ୱାଭାବିକ ମୃତ୍ୟୁ ହୋଇଥିଲା। ତେବେ, ଦୁଇ ପରିବାର ମଧ୍ୟରେ ଜମିବାଡ଼ିକୁ ନେଇ ଲାଗି ରହିଥିବା ବିବାଦରୁ ତୁଳାରାମ ହିଁ ତା' ବାପାଙ୍କୁ ଗୁଣିଗାରେଡ଼ି କରି ମାରିଦେଇଥିବା ଡିଙ୍ଗର ସନ୍ଦେହ କରିଥିଲା। ତେଣୁ ସେ ତୁଳାରାମଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲା। ପ୍ରବଳ ଗରମ ଯୋଗୁଁ ଶନିବାର ରାତିରେ ତୁଳାରାମ ଘର ବାହାରେ ଶୋଇଥିଲେ। ରାତି ପ୍ରାୟ ୧୦ଟା ବେଳେ ଡିଙ୍ଗର ତାଙ୍କ ଗଳା କାଟି ଦେଇଥିଲା। ରକ୍ତ ଜୁଡୁବୁଡୁ ଅବସ୍ଥାରେ ତୁଳାରାମ କବାଟ ବାଡ଼େଇ ଘର ଭିତରେ ଶୋଇଥିବା ସ୍ତ୍ରୀ ଏବଂ ଝିଅକୁ ଉଠାଇଥିଲେ। ପରିବାରଲୋକ ତୁରନ୍ତ ତାଙ୍କୁ ତୁରେକେଲା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତକଙ୍କ ପରିବାର ପକ୍ଷରୁ ତୁରେକେଲା ଥାନାରେ ଅଭିଯୋଗ ହେବା ପରେ ପୁଲିସ୍ ତୁଳାରାମଙ୍କ ୪ପୁତୁରାଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରିଥିଲା। ତଦନ୍ତ ବେଳେ ଡିଙ୍ଗର୍ ହିଁ ଏହି ହତ୍ୟାକାଣ୍ଡ ଭିଆଇଥିବା ପୁଲିସ୍ ଜାଣିବାକୁ ପାଇଥିଲା। ସେପଟେ ତୁଳାରାମଙ୍କ ମୃତ୍ୟୁ ପରେ ତାଙ୍କ ସ୍ତ୍ରୀ ଓ ଝିଅ ବେସାହାରା ହୋଇପଡ଼ିଛନ୍ତି।

## ଟ୍ରକ୍ ଧକ୍କାରେ ସ୍କୁଟି ଚାଳକ ମୃତ

ରାଉରକେଲା, ୨୨।୬ (ସମିସ): ରାଜଗାଙ୍ଗପୁର ଥାନା ଅନ୍ତର୍ଗତ ଲାଇଙ୍ଗ ଛକରେ ରବିବାର ଏକ ଟ୍ରକ୍ ଧକ୍କାରେ ଜଣେ ସ୍କୁଟି ଚାଳକଙ୍କ ମୃତ୍ୟୁ ହୋଇଛି। ଏଥିରେ ଆଉ ଜଣେ ଗୁରୁତର ଆହତ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି। ମୃତକ ହେଲେ, ସୁକାନ୍ତ ଡୁଙ୍ଗଡୁଙ୍ଗ (୩୫)। ସେ ଲାଇଙ୍ଗ ଅନ୍ତର୍ଗତ ବରପାଲି ବସ୍ତିରେ ରହୁଥିଲେ। କାଂଶବାହାଲ ପୁଲିସ୍ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଦୁର୍ଘଟଣା ଘଟାଇଥିବା ଟ୍ରକ୍‌କୁ ପୁଲିସ ଜବତ କରିଛି।





ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଭୁବନେଶ୍ୱର ଶ୍ରୀ ଲିଙ୍ଗରାଜ ମନ୍ଦିର ଓ ଯାଜପୁର ବିରଜା ମନ୍ଦିରରେ ପୂଜାର୍ଚ୍ଚନା

## ଅସୁରକ୍ଷିତ ଓଡ଼ିଶା: ଅନ୍ତର୍ଜାତୀୟ ଲଜ୍ଜା ରାଜ୍ୟର ବର୍ଷକର ଉପଲବ୍ଧି

■ ଓଡ଼ିଶାର ନାଁ ବିଶ୍ୱଦରବାରରେ ଭୂଲୁଣ୍ଠିତ : ଅରୁଣ

■ ଗାଦି ଛାଡ଼ନ୍ତୁ ଓଡ଼ିଶାର ବିଜେପି ସରକାର: ତାରା





ଭୁବନେଶ୍ୱର,୨୨।୬(ସମିସ): ସାରା ଦେଶ ଓ ବିଶ୍ୱରେ ଶାନ୍ତିପ୍ରିୟ ରାଜ୍ୟ ଭାବେ ଏକଦା ସମ୍ମାନ ଅର୍ଜନ କରିଥିବା ଓଡ଼ିଶା ଏବେ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ । ନିଜ ନାଗରିକମାନଙ୍କୁ ଓଡ଼ିଶା ନ ଯିବା ପାଇଁ ଆମେରିକା ବାରଣ କରିବା ପରେ ରାଜ୍ୟବାସୀଙ୍କ ପାଇଁ ଲଜ୍ଜାଜନକ ପରିସ୍ଥିତି ସୃଷ୍ଟି ହୋଇଛି । ବିହାର, ପଶ୍ଚିମବଙ୍ଗ ପରି ଓଡ଼ିଶାର ଆଇନଶୃଙ୍ଖଳା ପରିସ୍ଥିତି ଏକପ୍ରକାର ଭୁଶୁଡ଼ି ପଡ଼ିଛି ଏବଂ ଦୁଷ୍କର୍ମ ଘଟଣା ଦ୍ରୁତଗତିରେ ବୃଦ୍ଧି ପାଉଥିବା ଦର୍ଶାଇ ଆମେରିକା ବୈଦେଶିକ ମନ୍ତ୍ରଣାଳୟ ଓଡ଼ିଶା ସହ ୬ ଭାରତୀୟ ରାଜ୍ୟ ନ ଯିବାକୁ ନିଜ ନାଗରିକମାନଙ୍କୁ ପରାମର୍ଶ ଦେଇଛି। ଓଡ଼ିଶାକୁ ନେଇ ଆମେରିକାର ଏଭଳି ଟିପ୍ପଣୀ ପରେ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି ବିରୋଧୀ ବିଜେଡି ଓ କଂଗ୍ରେସ। ବିଜେପି ସରକାର କ୍ଷମତା ଦଖଲର ମାତ୍ର ବର୍ଷକ ମଧ୍ୟରେ ଓଡ଼ିଶାକୁ ଆନ୍ତର୍ଜାତୀୟସ୍ତରରେ ଲଜ୍ଜିତ କରିଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ବିଜେଡି ବରିଷ୍ଠ ବିଧାୟକ ଡଃ ଅରୁଣ ସାହୁ କହିଛନ୍ତି ଯେ ରାଜ୍ୟରେ ଆଇନ୍‌ଶୃଙ୍ଖଳା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ମହିଳାମାନେ ଅତ୍ୟାଚାର ଓ ବଳାତ୍କାରର ଶିକାର ହେଉଛନ୍ତି। ରାଜ୍ୟରେ ପ୍ରତିଦିନ ମୁଣ୍ଡ ଗଡ଼ୁଛି। ନବୀନ ସରକାରଙ୍କ ସମୟରେ ନକ୍ସଲ ଆକ୍ରମଣକୁ ଦମନ କରାଯାଇଥିବା ବେଳେ ଏବେ ଏହା ମୁଣ୍ଡ ଟେକୁଛି। ସମସ୍ତ କଥାକୁ ନେଇ ଆମେରିକା ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ଏଭଳି ଘଟଣା ଦ୍ୱାରା ଓଡ଼ିଶା ବିଶ୍ୱଦରବାରରେ ଯେଉଁ ନାଁ କରିଥିଲା, ତାହା ଏବେ ଭୂଲୁଣ୍ଠିତ ହୋଇଛି। ଆନ୍ତର୍ଜାତୀୟସ୍ତରରେ ଓଡ଼ିଶା ଲଜ୍ଜିତ ହୋଇଛି। ରାଜ୍ୟ ସରକାରଙ୍କ ସତ୍‌ସାହସ ଥିଲେ ସେମାନେ ଟ୍ରମ୍ପଙ୍କୁ ଜୋରଦାର ବିରୋଧ କରନ୍ତୁ; ମାତ୍ର ଏମାନେ ତାହା କରିପାରିବେ ନାହିଁ ବୋଲି ଡଃ ସାହୁ କହିଛନ୍ତି। ଓଡ଼ିଶା ଏବେ ଅଧୋଗତି ଆଡ଼କୁ ଯାଉଛି। ଆମେ ଯାହା କହିଥିଲୁ, ଏବେ ସେଇଆ ଘଟୁଛି। ସରକାର ଏ ଘଟଣାରେ ତୁରନ୍ତ ପ୍ରତିକାର ନ କଲେ ଆଗକୁ ଭୟାନକ ଆନ୍ଦୋଳନ ହେବ ବୋଲି ଡଃ ସାହୁ କହିଛନ୍ତି। ଗୋପାଳପୁର ଏକ ଆନ୍ତର୍ଜାତିକ ପର୍ଯ୍ୟଟନ କ୍ଷେତ୍ର। ଗୋପାଳପୁର ଗଣଦୁଷ୍କର୍ମ ଏଭଳି ଘଟଣା ପାଇଁ ଖୋରାକ୍ ଯୋଗାଇଛି ବୋଲି ସେ କହିଛନ୍ତି।

ଓଡ଼ିଶା ଆନ୍ତର୍ଜାତୀୟ ସ୍ତରରେ ନିନ୍ଦିତ ହେବା ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହାନିପତି ସରକାରଙ୍କୁ କଡ଼ା ଭର୍ତ୍ସନା କରିଛନ୍ତି। ସେ କହିଛନ୍ତି ଯେ ଓଡ଼ିଶା ପାଇଁ ଏହା ଏକ ଲଜ୍ଜାଜନକ ଘଟଣା। କଂଗ୍ରେସ ପୂର୍ବରୁ ମହିଳା ସୁରକ୍ଷା ନେଇ ବିଧାନସଭାରେ ପ୍ରଶ୍ନ ଉଠାଇଛି। ଏଭଳି କାମ ପାଇଁ ସରକାର ମତେ ଦୁଇ ଥର ନିଲମ୍ବନ କରିଛନ୍ତି। ମହିଳାମାନେ ଓଡ଼ିଶାରେ ସୁରକ୍ଷିତ ନୁହଁନ୍ତି ବୋଲି କଂଗ୍ରେସ କରିଥିବା ଅଭିଯୋଗ ଏବେ ସତ୍ୟ ବୋଲି ପ୍ରମାଣିତ ହୋଇଛି। ଆମେରିକା ଓଡ଼ିଶାକୁ ନେଇ ଏଭଳି ମନ୍ତବ୍ୟ ଦେବା ପରେ ସରକାରରେ ରହିବା ପାଇଁ ତାଙ୍କର ଆଉ କୌଣସି ନୈତିକତା ନାହିଁ। ରାଜ୍ୟର ମନ୍ତ୍ରୀମାନେ ଓ ମୁଖ୍ୟମନ୍ତ୍ରୀଙ୍କର ନିଜସ୍ୱ ବୋଲି ଦାୟିତ୍ୱ ନାହିଁ। ଏମାନେ ସମସ୍ତ ଦାୟିତ୍ୱହୀନ ଲୋକ। ସେମାନେ ଇସ୍ତଫା ଦେଇ ଗାଦି ଛାଡ଼ିବା ଦରକାର ବୋଲି ଶ୍ରୀ ବାହିନିପତି କହିଛନ୍ତି।

ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଅକସ୍ମାତ ଭାବେ ଦୁଷ୍କର୍ମ ବଢ଼ିଛି। ବର୍ତ୍ତମାନ ରାଜ୍ୟରେ ଦୈନିକ ହାରାହାରି ୧୫ ଟି ଦୁଷ୍କର୍ମ ହେଉଛି। ଏହାସହିତ ଆଇନ୍‌ଶୃଙ୍ଖଳା ସ୍ଥିତି ମଧ୍ୟ ଭୁଶୁଡ଼ି ପଡ଼ିଥିବା ପରିଲକ୍ଷିତ ହେଉଛି। ପ୍ରଧାନମନ୍ତ୍ରୀଙ୍କ ଗସ୍ତବେଳେ ଖୋଦ୍ ରାଜଧାନୀ ରାଜରାସ୍ତାରେ ଅପରାଧୀମାନେ ଖଣ୍ଡାରେ ହାଣି ମୁଣ୍ଡ ଗଡ଼ାଇ ଦେଉଛନ୍ତି। ଜଣେ ସେନା ଅଧିକାରୀ ଓ ତାଙ୍କ ବାନ୍ଧବୀଙ୍କୁ ପ୍ରଥମେ ରାଜଧାନୀ ରାଜରାସ୍ତାରେ ଅସଦାଚରଣ କରାଯିବା ଓ ପରେ ତାଙ୍କୁ ଥାନାରେ ଅକଥନୀୟ ନିର୍ଯ୍ୟାତନା ଦେବା ଖବର ସାରା ଦେଶରେ ଓଡ଼ିଶାର ଛବିକୁ ମଳିନ କରିଛି। ଏହି ଘଟଣା ମନରୁ ନ ଲିଭୁଣୁ ରାଜ୍ୟ ତଥା ଦେଶର ଏକ ପ୍ରମୁଖ ପର୍ଯ୍ୟଟସ୍ଥଳୀ ଗୋପାଳପୁର ବେଳାଭୂମିରେ ଜଣେ ଯୁବତୀଙ୍କୁ ୧୦ ଜଣ ଗଣବଳାତ୍କାର ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହି ସମୟରେ ନିଜ ନାଗରିକଙ୍କୁ ଓଡ଼ିଶା ନ ଯିବା ଲାଗି ଆମେରିକାର ପରାମର୍ଶ ରାଜ୍ୟ ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରିଛି ଓ ରାଜ୍ୟବାସୀଙ୍କୁ ଲଜ୍ଜିତ କରିଛି ।

## ୭ରୁ କଳାବ୍ୟାଜ୍ ପିନ୍ଧିବେ ଅମଲା

**୧୪ରୁ ଅନିର୍ଦ୍ଦିଷ୍ଟ କାଳଯାଏଁ କାର୍ଯ୍ୟବନ୍ଦ**

ଭୁବନେଶ୍ୱର, ୨୨।୬(ସମିସ): ଓଡ଼ିଶା ରାଜସ୍ୱ ଅମଲା ସଂଘର କାର୍ଯ୍ୟକାରିଣୀ ବୈଠକ ରେଡ୍‌କ୍ରସ୍ ଭବନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟର ୩୦ଟି ଜିଲ୍ଲାର ନେତୃବୃନ୍ଦ ଓ ରାଜ୍ୟ କାର୍ଯ୍ୟକାରିଣୀର ସମସ୍ତ ସଦସ୍ୟ/ସଦସ୍ୟା ଯୋଗ ଦେଇଥିଲେ। ଜିଲ୍ଲାସ୍ତରରେ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କର ଦାବିଗୁଡ଼ିକ ପ୍ରତି ରାଜ୍ୟ ସରକାରଙ୍କ ବୈମାତୃକ ମନୋଭାବ ସମ୍ବନ୍ଧରେ ବିସ୍ତୃତ ଆଲୋଚନା କରାଯାଇଥିଲା। ସମସ୍ତ ସଦସ୍ୟ/ସଦସ୍ୟାମାନେ ରାଜ୍ୟ ସରକାରଙ୍କର ମନୋଭାବକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ। ଏଥିପ୍ରତି ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ପୁନର୍ବାର କୌଣସି ଆଲୋଚନା ନକରି ସିଧାସଳଖ ଆନ୍ଦୋଳନମୂକ ପନ୍ଥା ଆପଣାଇବାକୁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ହୋଇଥିଲା। ଆଗାମୀ ୧୫ଦିନ ଭିତରେ ରାଜ୍ୟ ସରକାର ଦାବିଗୁଡ଼ିକ ପୂରଣ ନକଲେ ସଂଘ ଜୁଲାଇ ୭ରୁ ୧୧ ପର୍ଯ୍ୟନ୍ତ କଳାବ୍ୟାଜ୍ ପରିଧାନ କରିବ। ଏହାପରେ ବି ସରକାର ଉପରୋକ୍ତ ଦାବି ଉପରେ ପଦକ୍ଷେପ ନ ନେଲେ, ଜୁଲାଇ ୧୪ରୁ ସମ୍ପୂର୍ଣ୍ଣ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିବା ସଭାପତି ତ୍ରିପତି ବାଲାଜୀ ସାହୁ, ସାଧାରଣ ସମ୍ପାଦକ ନରେଶ ଚନ୍ଦ୍ର ମହାପାତ୍ର ଜଣାଇଛନ୍ତି। ଦାବିଗୁଡ଼ିକ ହେଲା, ଜିଲ୍ଲାସ୍ତରୀୟ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କ ମୂଳ ଦରମା ଓଆର୍‌ଏସ୍‌ପି-୨୦୧୭ ନିୟମ ଅନୁଯାୟୀ ଲେବେଲ-୯କୁ ବୃଦ୍ଧି, ନୂତନ ପଦ ସୃଷ୍ଟି ଓ ପଦବୀ ପୁନର୍ଗଠନ, କାର୍ଯ୍ୟରତ ସମସ୍ତ ସରକାରୀ କର୍ମଚାରୀଙ୍କୁ ବାର୍ଷିକ ୨୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଲାଗୁ, ୧୯ ୯୦ ମସିହାରେ ଲାଗୁ ନିୟମାବଳୀ ଅନୁଯାୟୀ ମୃତ ସରକାରୀ କର୍ମଚାରୀଙ୍କ ପରିବାରର ଯେକୌଣସି ଜଣେ ସଦସ୍ୟଙ୍କୁ ଯୋଗ୍ୟତା ଭିତ୍ତିରେ ନିଯୁକ୍ତି, ଓଡ଼ିଶା ରାଜସ୍ୱ ସେବା ପଦ୍ଧତିରେ ରାଜସ୍ୱ ଅମଲାମାନଙ୍କୁ ଶତପ୍ରତିଶତ ପଦୋନ୍ନତି ଇତ୍ୟାଦି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ସଂଘ ଅଧ୍ୟକ୍ଷ ଲୋକେଶ୍ୱର ସାହୁ, କାର୍ଯ୍ୟକାରୀ ଅଧ୍ୟକ୍ଷ ପ୍ରସନ୍ନ କୁମାର ନାୟକ, ରାଜ୍ୟ ସଂଘର କର୍ମକର୍ତ୍ତା ଏବଂ ସମସ୍ତ ଜିଲ୍ଲା ଶାଖାର ସଭାପତି ସମ୍ପାଦକ ସହିତ ସମସ୍ତ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

## ଜୁନ୍ ୩୦ରୁ ମାଟ୍ରିକ୍ ସପ୍ଲିମେଣ୍ଟାରୀ

**୯୮ କେନ୍ଦ୍ରରେ ପରୀକ୍ଷା ଦେବେ ୩୨୩୨ ପରୀକ୍ଷାର୍ଥୀ**

କଟକ, ୨୨।୬ (ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଆନୁକୂଲ୍ୟରେ ପରିଚାଳିତ ଦଶମ ଶ୍ରେଣୀ ସପ୍ଲିମେଣ୍ଟାରୀ ପରୀକ୍ଷା ଆସନ୍ତା ଜୁନ୍ ୩୦ ତାରିଖରୁ ଆରମ୍ଭ ହେବ। ଚଳିତ ବାର୍ଷିକ ପରୀକ୍ଷାରେ ଅକୃତକାର୍ଯ୍ୟ ହୋଇଥିବା ଏବଂ ପରୀକ୍ଷା ଦେଇପାରିନଥିବା ୩୨୩୨ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେବାକୁ ଫର୍ମପୂରଣ କରିଥିଲେ। ସେମାନଙ୍କ ନିମନ୍ତେ ୯୮ଟି କେନ୍ଦ୍ରର ବ୍ୟବସ୍ଥା କରାଯାଇଛି। ଏହି ପରୀକ୍ଷା ଆସନ୍ତା ୩୦ରୁ ଆରମ୍ଭ ହୋଇ ଜୁଲାଇ ୧୦ ତାରିଖ ପର୍ଯ୍ୟନ୍ତ ଚାଲିବ। ଅନ୍ୟପକ୍ଷରେ ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରମାଣପତ୍ର ପରୀକ୍ଷା ନିମନ୍ତେ ୧୦୩ ପରୀକ୍ଷା କେନ୍ଦ୍ରର ବ୍ୟବସ୍ଥା ରହିଛି। ପ୍ରାୟ ୧୦ ହଜାର ୮୦୯ ପରୀକ୍ଷାର୍ଥୀ ଉକ୍ତ ପରୀକ୍ଷା ଦେବେ। ଉଭୟ ପରୀକ୍ଷା ପାଇଁ ବୋର୍ଡ ୱେବସାଇଟ୍‌ରେ ପ୍ରବେଶ ପତ୍ର ଉପଲବ୍ଧ ଥିବା ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ସୂଚନା ଦେଇଛନ୍ତି।

## ନିଯୁକ୍ତି ଆବେଦନ ପାଇଁ ଲାଗିବ ଫି'

ଭୁବନେଶ୍ୱର,୨୨।୬(ସମିସ): ବିଭିନ୍ନ ନିଯୁକ୍ତି ପାଇଁ ଆବେଦନ କରିବାକୁ ଏଣିକି ନିର୍ଦ୍ଧାରିତ ଫି' ଦେବାକୁ ପଡ଼ିବ। ପରୀକ୍ଷା ଦେଉଥିବା ପରୀକ୍ଷାର୍ଥୀଙ୍କୁ ସେହି ଅର୍ଥ ଫେରସ୍ତ କରାଯିବ। ହେଲେ ପରୀକ୍ଷା ଦେଉ ନ ଥିବା ପରୀକ୍ଷାର୍ଥୀଙ୍କୁ ଆଉ ସେହି ଆବେଦନ ଫି' ଫେରସ୍ତ ମିଳବ ନାହିଁ। ଖାମଖିଆଲି ଭାବେ ଆବେଦନ କରୁଥିବା ଆଶାୟୀଙ୍କୁ ନିରୁତ୍ସାହିତ କରିବା ପାଇଁ ଏପରି ବ୍ୟବସ୍ଥା ଆଣିବାକୁ ନିଷ୍ପତ୍ତି ହୋଇଛି।

ଆବେଦନ ସତ୍ତ୍ୱେ ବହୁସଂଖ୍ୟ ଆଶାୟୀ ପରୀକ୍ଷା ଦେଉ ନାହାନ୍ତି। ଏନେଇ ମୁଖ୍ୟ ସଚିବଙ୍କ ଅଧ୍ୟକ୍ଷତାରେ ଗତ ମାର୍ଚ୍ଚ ୪ରେ ଅନୁଷ୍ଠିତ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି। ଏହାର ନିରାକରଣ ସମ୍ପର୍କରେ ବିଚାରବିମର୍ଶ ପରେ ଫି' ଲାଗୁ କରିବାକୁ ନିଷ୍ପତ୍ତି ହୋଇଛି। ରାଜ୍ୟରେ ନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)କୁ ମତାମତ ଓ ପ୍ରସ୍ତାବ ଦେବାକୁ ସାଧାରଣ ପ୍ରଶାସନ ଓ ସାଧାରଣ ବିଭାଗ ପକ୍ଷରୁ କୁହାଯାଇଛି। କେଉଁ ପରୀକ୍ଷା ପାଇଁ କେତେ ଟଙ୍କା ଫି' ଧାର୍ଯ୍ୟ କରାଯିବ ଏବଂ ଆବେଦନକାରୀଙ୍କୁ କିପରି ତାହା ଫେରସ୍ତ କରାଯିବ ସେନେଇ ଆସନ୍ତା ୨୪ ତାରିଖ ମଧ୍ୟରେ ଅବଗତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

ରେଲୱେ ବୋର୍ଡ ଓ ଏସ୍‌ଏସ୍‌ସି ପରି କେନ୍ଦ୍ର ସରକାରଙ୍କ ଅଧୀନସ୍ଥ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାଗୁଡ଼ିକ ଏପରି ନୀତି ଆପଣାଇଛନ୍ତି। ଫଳରେ ଖାମଖିଆଲି ଆବେଦନକାରୀଙ୍କ ସଂଖ୍ୟା ପ୍ରାୟତଃ ନଥାଏ। କାରଣ ପରୀକ୍ଷା ନଦେଲେ ସେମାନଙ୍କ ଫି' ଫେରସ୍ତ ମିଳିବ ନାହିଁ ବୋଲି ଜାଣିବା ପରେ ସେମାନେ ଆବେଦନ କରୁନାହାନ୍ତି। ନୂଆ ନିଷ୍ପତ୍ତି ଦ୍ୱାରା ଆବେଦନକାରୀଙ୍କ ସଂଖ୍ୟା କମିବ। ଫଳରେ ପରୀକ୍ଷାକେନ୍ଦ୍ର କମିବା ସହ ଗୋଟିଏ ସିଫ୍ଟରେ ମଧ୍ୟ ପରୀକ୍ଷା ପରିଚାଳନା ହୋଇପାରିବ। ସରକାରଙ୍କ ବ୍ୟୟଭାର କମିବା ସହ ତ୍ୱରିତ ବେଗରେ ପରୀକ୍ଷା ହୋଇପାରିବ ବୋଲି ଓପିଏସ୍‌ସି ଆଶାୟୀ ଅମ୍ରିତ୍ ପାଣିଗ୍ରାହୀ ପ୍ରକାଶ କରିଛନ୍ତି।

## ରଥଯାତ୍ରାକୁ ଜଗିବ ୨୭୫ ଏଆଇ କ୍ୟାମେରା

■ ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା, ୧୦ ହଜାର ସୁରକ୍ଷା କର୍ମୀ

■ ଜଳ, ସ୍ଥଳ ଓ ଆକାଶରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି

ପୁରୀ,୨୨।୬(ସମିସ): ଏଥର ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହି ଭିଡ଼ ଭିତରେ କୌଣସି ପ୍ରକାର ଅଘଟଣକୁ ଏଡ଼ାଇବା ସହ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ରବିବାର ଅନୁଷ୍ଠିତ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ସୂଚନା ପ୍ରଦାନ କରିଥିଲେ।

ସେ କହିଥିଲେ ଯେ ଭକ୍ତଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ ଏବଂ ଟ୍ରାଫିକ୍ ସୁପରିଚାଳନା ଉପରେ ପୁଲିସର ପ୍ରାଥମିକତା ରହିଛି। ଏଥର ରଥଯାତ୍ରା ଅବସରରେ ପୁରୀ-ଭୁବନେଶ୍ୱର, ପୁରୀ-କୋଣାର୍କ ଏବଂ ପୁରୀ-ବ୍ରହ୍ମଗିରି ରାସ୍ତା ସମେତ ସହରର ପ୍ରମୁଖ ଜାଗାରେ ୨୭୫ଟି ଏଆଇ କ୍ୟାମେରା ଲଗାଯାଉଛି। ତ୍ରୁଟିଶୂନ୍ୟ ରଥଯାତ୍ରା ପାଇଁ ଓଡ଼ିଶା ପୁଲିସ ଜାଗ୍ରତ ରହିଛି। ୩୬ଟି ପାର୍କିଂ ସ୍ଥାନ ଚିହ୍ନଟ କରାଯାଇଛି। କୌଣସି ପ୍ରକାର ଆତଙ୍କବାଦୀ କାର୍ଯ୍ୟକଳାପକୁ ମୁକାବିଲା ପାଇଁ କୁଇକ୍-ରିଆକ୍ସନ୍ ଟିମ୍ ଓ ଆଣ୍ଟି-ଟେରରିଷ୍ଟ ସ୍କ୍ୱାଡ୍ ମୁତୟନ ହେବେ। ଶ୍ରୀମନ୍ଦିର ସମ୍ମୁଖରେ ସଶସ୍ତ୍ର ସୁରକ୍ଷା କର୍ମୀ ରହିବେ। ଜଳ, ସ୍ଥଳ, ଆକାଶ ମାର୍ଗରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯିବ। ୧୦ ହଜାର ସୁରକ୍ଷା କର୍ମୀ ମୁତୟନ ହେବେ। ସମୁଦାୟ ଟ୍ରାଫିକ୍ ବ୍ୟବସ୍ଥା ୩ ଭାଗରେ ବିଭକ୍ତ କରାଯିବ। ଡ୍ରୋନ୍ ସହାୟତାରେ ଟ୍ରାଫିକ୍ ପରିଚାଳନା କରାଯିବ। ଏଥର ରଥଯାତ୍ରା ପାଇଁ ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ୩୯ଟି ଟ୍ରାଫିକ୍ ପୋଷ୍ଟ ରହିବ। ଏଆଇ କ୍ୟାମେରା ଓ ଡ୍ରୋନ୍ ବ୍ୟବହାର ଉପରେ ଗୁରୁତ୍ୱାରୋପ କରାଯାଇଛି। ନିଆଁ ଲାଗିବା, ଭିଡ଼ ନିୟନ୍ତ୍ରଣ ଓ ଗୁଜବ ରୋକିବା ପାଇଁ ପ୍ରୟାସ କରାଯିବ। ସମୁଦ୍ରରେ ତଟରକ୍ଷୀ ବାହିନୀ ପାଟ୍ରୋଲିଂ କରିବେ ବୋଲି ଡିଜିପି ଶ୍ରୀ ଖୁରାନିଆ କହିଛନ୍ତି।

## ବର୍ଷାରେ ଧୋଇଗଲା ଡାଇଭର୍ସନ୍ ରାସ୍ତା

**୪୯ ନମ୍ବର ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ**

ତେଲକୋଇ,୨୨।୬ (ସମିସ): କେନ୍ଦୁଝର ଜିଲ୍ଲା ତେଲକୋଇ କୁନ୍ତଳା ପୂର୍ତ୍ତ ବିଭାଗ ରାସ୍ତାର ଲୋକନାଥପୁର ନିକଟ ବାଉଁଶଯୋର ପୋଲର ଡାଇଭର୍ସନ୍ ରାସ୍ତା ଧୋଇଯାଇଛି। ଫଳରେ



ତେଲକୋଇ-ଜଗମୋହନପୁର, ତେଲକୋଇ-ଦେବଗଡ଼, ତେଲକୋଇ-ସମ୍ବଲପୁର ଏବଂ ତେଲକୋଇ-ରାଉରକେଲାକୁ ଯାତାୟାତ ବ୍ୟାହତ ହୋଇଛି। ଏପରିକି, ୪୯ ନମ୍ବର ଜାତୀୟ ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇପଡ଼ିଛି। ସେହିପରି ତେଲକୋଇ ବ୍ଲକ୍‌ର ଛାମୁଣ୍ଡା, ଜଗମୋହନପୁର, ବିଞ୍ଜବାହାଳ ଆଦି ପଞ୍ଚାୟତର ୨୦ରୁ ଅଧିକ ଗ୍ରାମ ବ୍ଲକ୍ ମୁଖ୍ୟାଳୟରୁ ବିଚ୍ଛିନ୍ନ ହୋଇପଡ଼ିଛି। ପୂର୍ତ୍ତ ବିଭାଗର ଦାୟିତ୍ୱହୀନତା ଏବଂ ନିମ୍ନମାନର କାମ ଯୋଗୁଁ ଏଭଳି ସମସ୍ୟା ଉପୁଜିଥିବା ଅଭିଯୋଗ ହୋଇଛି।

ସୂଚନାନୁଯାୟୀ, ରବିବାର ଭୋର୍‌ରେ ପ୍ରବଳ ବର୍ଷା ଯୋଗୁଁ ନାଳରେ ଅତ୍ୟଧିକ ଜଳ ପ୍ରବାହିତ ହୋଇଥିଲା। ଠିକାସଂସ୍ଥା ଡାଇଭର୍ସନ ରାସ୍ତାରେ ଅତି ସଙ୍କୁଚିତ ପୋଲ ନିର୍ମାଣ କରିଥିବାରୁ ପ୍ରବାହିତ ଜଳରେ ପୋଲ ଧୋଇ ଯାଇଥିଲା। ତେବେ ଶେଷ ଖବର ଲେଖା ହେବା ସୁଦ୍ଧା ଏପର୍ଯ୍ୟନ୍ତ ଏହାକୁ ମରାମତି କରାଯାଇନାହିଁ। ଫଳରେ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବସ୍ ଓ ଅନ୍ୟାନ୍ୟ ଗାଡ଼ି ସବୁ ଦୋବଲାପାଳ, ଛାମୁଣ୍ଡା ଦେଇ ଏକ ସଂକୀର୍ଣ୍ଣ ରାସ୍ତାରେ ବିପଦସଙ୍କୁଳ ଭାବେ ଯା'ଆସ କରୁଛନ୍ତି। ଜିଲ୍ଲା ପ୍ରଶାସନ ଏ ଦିଗରେ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଛନ୍ତି।

## ମଣ୍ଡିରେ ପଡ଼ିରହିଛି ହଜାର ହଜାର କ୍ୱିଣ୍ଟାଲ ଧାନ

**୧୨ କିଲୋ କଟନି ପାଇଁ ମିଲରଙ୍କ ଜିଦ୍**

କଲମପୁର,୨୨।୬(ସମିସ): କଳାହାଣ୍ଡି ଜିଲ୍ଲା କଲମପୁର ଅଞ୍ଚଳର ମଣ୍ଡିଗୁଡ଼ିକରେ ଧାନ ଉଠାଣ ହୋଇ ନ ପାରି ହଜାର ହଜାର କ୍ୱିଣ୍ଟାଲ ପଡି ରହିଛି। ବର୍ଷାକୁ ଦୃଷ୍ଟିରେ ରଖି ଚାଷୀ ଧାନ ବିକିବାକୁ ତରତର ହେଉଛି; ହେଲେ ଧାନ ଉଠୁନି। ଏଥି ମଧ୍ୟରେ କେତେକଙ୍କ ଟୋକନ ତାରିଖ ସରିଗଲାଣି। ଆଉ କେତେକଙ୍କ ଟୋକନ ତାରିଖ ସରିବାକୁ ବସିଛି। ଧାନର ଆର୍ଦ୍ରତାକୁ ନେଇ ୫ରୁ ୭ କେଜି କଟିଂ କରି ନେବାକୁ ଚାଷୀ ରାଜି ହୋଇଥିଲେ ମଧ୍ୟ ମିଲର୍ସ ଧାନ ଉଠାଇବାକୁ ରାଜି ହେଉନାହିଁ। ୧୨ କିଲୋ କଟିଂ ନ ହେଲେ ଧାନ କିଣିବେ ନାହିଁ ବୋଲି ମିଲର ଜିଦ୍ ଧରି ବସିଛନ୍ତି। ମଣ୍ଡିଗୁଡ଼ିକରେ ଏମିତି ଧାନ ଜମା ହୋଇଛି ଯେ, ଆଉ ମହଜୁଦ ରଖିବାକୁ ଜାଗା ମିଳୁନାହିଁ। ଏହାଫଳରେ ଚାଷୀ ରାସ୍ତା କଡରେ ଧାନ ଜମା କରି ରଖିବାକୁ ବାଧ୍ୟ ହୋଇଛି। ଚାଷୀ ଧାନ ବିକି ପାରି ନ ଥିବା ବେଳେ ଆଗକୁ ଚାଷ ପାଇଁ ସଜବାଜ ହେବା କଷ୍ଟକର ହୋଇ ପଡ଼ିଛି।

ଗତବର୍ଷ ଏହି ସମୟ ମଧ୍ୟରେ ପ୍ରାୟ ଧାନ ଉଠି ମଣ୍ଡି ବନ୍ଦ ହେବାକୁ ବସିଥିଲା। ଚଳିତ ବର୍ଷ ଅଧାଅଧି ଧାନ ମଧ୍ୟ ଉଠିନି। ଅନ୍ୟପକ୍ଷେ ଏବେ ଟାର୍ଗେଟ ସମସ୍ୟା ମଧ୍ୟ ମୁଣ୍ଡ ଟେକିଛି। କିଛି ଏଜେଣ୍ଟ କହିଛନ୍ତି ଯେ ଟାର୍ଗେଟଠାରୁ ଅଧିକ ଧାନ ଉଠି ସାରିଲାଣି। ତେଣୁ ବର୍ତ୍ତମାନ ପଡିଥିବା ଧାନ କେଉଁଠୁ ଆସିଛି ତାହା ସନ୍ଦେହ ସୃଷ୍ଟି କରିଛି। କେତେକ ଚାଷୀ କହିଛନ୍ତି ଯେ ବଡବଡିଆଙ୍କ ଧାନ ଆରାମରେ ଉଠିଛି। ଏହା ବାଦ ଦଲାଲଙ୍କ ଧାନ ମଧ୍ୟ ଉଠୁଛି; କିନ୍ତୁ ଛୋଟ ଚାଷୀ ଓ ପ୍ରକୃତ ଚାଷୀ ବେଳକୁ ନିୟମକାନୁନ ଦେଖା ଯାଉଛି।



ଚାଷୀଙ୍କ ଅଭିଯୋଗ ହେଲା ଯେ ମିଲର୍ସଙ୍କ ଏଜେଣ୍ଟ ବହୁ ବର୍ଷ ହେଲା ଏହି ବ୍ୟବସାୟରେ ଲିପ୍ତ ହୋଇ ଆସୁଛନ୍ତି। କେତେକ କର୍ମଚାରୀ ମଧ୍ୟ ଅନୁରୂପ ଭାବେ କାର୍ଯ୍ୟ କରି ଆସୁଛନ୍ତି। ଏହା ଫଳରେ ସେହି ପାରମ୍ପରିକ ଅଭ୍ୟାସର ପରିବର୍ତ୍ତନ ହୋଇ ପାରୁନାହିଁ। ଯଦି ବର୍ଷା ହେବ ତେବେ ବିପୁଳ ପରିମାଣରେ କ୍ଷୟକ୍ଷତି ହେବ ବୋଲି ସେମାନେ ଅଭିଯୋଗ କରିଛନ୍ତି। ବିଡ଼ମ୍ବନା ହେଉଛି ଚାଷୀମାନେ ଧାନ ବିକ୍ରିକୁ ନେଇ ଅସହଜ ପରିସ୍ଥିତିର ସମ୍ମୁଖୀନ ହୋଇଥିବାବେଳେ ପ୍ରଶାସନ ହାତବାନ୍ଧି ବସିଛି ଓ ସରକାର ଆଖି ମୁଦି ବସିଛନ୍ତି । ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ କଲମପୁର ଗସ୍ତ ସମୟରେ ଧାନ ବିକ୍ରିରେ ସମସ୍ୟା ହେଲେ ସେ ନିଜେ ହସ୍ତକ୍ଷେପ କରିବେ ବୋଲି କହିଥିଲେ। ମାତ୍ର ଏହାପରେ ବିଧାୟକ ମଧ୍ୟ ତୁଣ୍ଡ ଖୋଲୁ ନାହାନ୍ତି। କଳାହାଣ୍ଡି ଜିଲ୍ଲାରେ ମୌସୁମୀ ବର୍ଷା ଆରମ୍ଭ ହୋଇ ସାରିଲାଣି, ମାତ୍ର ଚାଷୀଙ୍କ ହଜାର ହଜାର କ୍ୱିଣ୍ଟାଲ ଧାନ ଏବେ ବି ରାସ୍ତା ଉପରେ ଗଦା ହୋଇଛି । ଥରେ ବର୍ଷା ପାଣି ଖାଇବା ପରେ ଧାନଗୁଡ଼ିକ ନଷ୍ଟ ହେବା ଆଶଙ୍କା ଥିବାରୁ ଚାଷୀ ମୁଣ୍ଡରେ ହାତ ଦେଇ ବସିଛନ୍ତି ।

ସକାଳ THE SAKALA



www.sakalaepaper.com

# ଜିଲ୍ଲାସ୍ତରୀୟ କୁଇଜ, ବକ୍ତୃତା, ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା



**ବାରିପଦା, ୨୨।୬(ସମିସ):** ମୟୂରଭଞ୍ଜ ଜିଲ୍ଲା ଅବକାରୀ ବିଭାଗର ଅଧୀକ୍ଷକ ପ୍ରଶାନ୍ତ କୁମାର କହଁରଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲା ଅବକାରୀ ବିଭାଗ ଏବଂ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ମିଳିତ ଆନୁକୂଲ୍ୟରେ ବାରିପଦାସ୍ଥିତ ମହାରାଜା କୃଷ୍ଣଚନ୍ଦ୍ର ଉଚ୍ଚ ବିଦ୍ୟାଳୟ ପ୍ରାଙ୍ଗଣରେ ଜିଲ୍ଲାସ୍ତରୀୟ ନିଶାଦ୍ରବ୍ୟ ତଥା ଅପମିଶ୍ରିତ ଓ ବିଷାକ୍ତ ମାଦକଦ୍ରବ୍ୟ ବିରୋଧରେ ସଚେତନତା ଅଭିଯାନ ଉପଲକ୍ଷେ ଜିଲ୍ଲାସ୍ତରୀୟ କୁଇଜ, ବକ୍ତୃତା, ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାର ବିଭିନ୍ନ ଉଚ୍ଚ ବିଦ୍ୟାଳୟ, ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। କୁଇଜ ପ୍ରତିଯୋଗିତାରେ ମୃତ୍ୟୁଞ୍ଜୟ ଦାଶ, ଶୁଭମ ଶେଖର ଦାସ, ଇସ୍ତା ପ୍ରସାଦ ସାହୁ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଛନ୍ତି। ସେହିପରି ଚିତ୍ରାଙ୍କନ ପ୍ରତିଯୋଗିତାରେ ଶୁଭେନ୍ଦୁ ସେଠୀ, କ୍ଷୀରୋଦ କୁମାର ନାଏକ, ଶ୍ରୀୟାଂଶୁ ସାହୁ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଛନ୍ତି। ସେହିପରି ପ୍ରବନ୍ଧ ପ୍ରତିଯୋଗିତାରେ ତନୁକ୍ରୀଷ୍ଟା ମହଲା, ପ୍ରାଚୀ ତନୟା ଦାସ, ଚନ୍ଦ୍ରଲେଖା ମାରୀନଗଣ୍ଡି ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଛନ୍ତି। ସେହିପରି ବକ୍ତୃତା ପ୍ରତିଯୋଗିତାରେ ପ୍ରଭୁପଦ ନାୟକ, ପୁଷ୍ପାଞ୍ଜଳି ବାରିକ, ଅଙ୍କନପ୍ରଭା ବେହେରା ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଛନ୍ତି। ପ୍ରତିଯୋଗିତାକୁ ବାରିପଦା ଉପଖଣ୍ଡ ଅବକାରୀ ବିଭାଗର ଉପଅଧୀକ୍ଷକ ତପସ୍ୱିନୀ ନାଏକ ଓ ରାଇରଙ୍ଗପୁର ଉପଖଣ୍ଡ ଅବକାରୀ ବିଭାଗର ଉପଅଧୀକ୍ଷକ ସୌମ୍ୟରଞ୍ଜନ ବେହେରା ଏବଂ ଜିଲ୍ଲା ବିଜ୍ଞାନ ପରିଦର୍ଶକ ଜ୍ଞାନରଞ୍ଜନ ଆଚାର୍ଯ୍ୟ ଉଦ୍‌ଘାଟନ କରିଥିଲେ। ଶେଷରେ କୃତୀ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ ଓ ଟ୍ରଫି ଦେଇ ପୁରସ୍କୃତ କରାଯାଇଥିଲା। ସମସ୍ତ ଅଂଶଗ୍ରହଣ କରିଥିବା ପ୍ରତିଯୋଗୀଙ୍କୁ ସାର୍ଟିଫିକେଟ ପ୍ରଦାନ କରାଯାଇଥିଲା। ନିରୀକ୍ଷକ ସ୍ୱପ୍ନାରାଣୀ ସାହୁ, ଶ୍ରୀଧର ମହାନ୍ତି, ବିନୟ ପ୍ରକାଶ ତୀର୍କୀ, ସଞ୍ଜୟ କୁମାର କାଣ୍ଡି, ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ବ୍ରଜ ମଲ୍ଲିକ, ରଶ୍ମିରଞ୍ଜନ ନାଏକ, ପ୍ରକାଶ ସାହୁ, ପ୍ରହଲ୍ଲାଦ ସାମଲ, ଭାରତୀ ନାୟକ, ଶୁଭଦର୍ଶନୀ ସାହୁ ଓ ରଣଜିତ ସବର ଯୋଗଦେଇଥିଲେ। ବିଚାରକ ଭାବେ ଶିକ୍ଷକ ମହେନ୍ଦ୍ର ନାଥ ଦଣ୍ଡପାଟ, ବସନ୍ତ ଦତ୍ତ, ନୟନ ଗିରି, ଦୀପକ ରାମ, ଶିକ୍ଷୟିତ୍ରୀ ଅତସୀ କୁଣ୍ଡୁ, ମୌସୁମୀ ଦୀକ୍ଷିତ, ଜ୍ୟୋତି କର୍ମକାର ପ୍ରମୁଖ ଯୋଗଦେଇଥିଲେ।

# ସମାଜ ସୁଧାର ପାଇଁ ସେଙ୍ଗେଲ କ୍ରାନ୍ତି ପ୍ରସ୍ତୁତି ବୈଠକ

**ସାରସକଣା, ୨୨।୬(ସମିସ):** ସାରସକଣା ବ୍ଲକ ଆଦିବାସୀ ସେଙ୍ଗେଲ ଆଭିଯାନ ବାରିପଦା ଜୋନାଲ କମିଟିର ସଭାପତି ସହ ଅଲ୍ ଇଣ୍ଡିଆ ମାଝୀ ପାର୍ଗାନା ମାଡୱା ଓଡ଼ିଶା ପ୍ରଦେଶ କମିଟିର ପାର୍ଗାନା ନାରାନ ମୁର୍ମୁଙ୍କ ନେତୃତ୍ୱରେ ଜୁମରେ ଏକ ଅନଲାଇନ ପ୍ରସ୍ତୁତି ବୈଠକ ଆୟୋଜିତ ହୋଇଯାଇଛି। ଆଗାମୀ ଐତିହାସିକ ୩୦ ଜୁନ୍ ସାନ୍ତାଳ ହୁଲ ଦିବସରେ ମୟୂରଭଞ୍ଜ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ସମାଜ ସୁଧାର କ୍ରାନ୍ତି କାର୍ଯ୍ୟକ୍ରମ କରାଯାଇ ମହାମହିମ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରାଯିବାର ନିଷ୍ପତ୍ତି ନିଆଯାଇଛି। କାରଣ ସମାଜରେ ଶାନ୍ତିଭଙ୍ଗ ହେଉଥିବା କୁପ୍ରଥାକୁ ସମାପ୍ତ କରାଯିବା ପାଇଁ ସମ୍ବିଧାନ, ଆଇନ, ଜନତନ୍ତ୍ର, ମାନବାଧିକାରକୁ ଲାଗୁ କରାଯିବା ପାଇଁ ରାଜ୍ୟ ଏବଂ କେନ୍ଦ୍ର ସରକାରଙ୍କୁ ଅନେକ ଥର ଦାବିପତ୍ର ପ୍ରଦାନ କରାଯାଇଥିବା ସତ୍ତ୍ୱେ କୌଣସି ସକାରାତ୍ମକ ପଦକ୍ଷେପ ଗ୍ରହଣ କରାଯାଇ ନାହିଁ। ସରକାରଙ୍କ ପକ୍ଷରୁ କୌଣସି ପଦକ୍ଷେପ ନିଆନଯିବାରୁ ଉକ୍ତ କ୍ରାନ୍ତି କାର୍ଯ୍ୟକ୍ରମ କରାଯିବା ପାଇଁ ନିଷ୍ପତ୍ତି ନିଆଯାଇଛି। ଉକ୍ତ ସେଙ୍ଗେଲ କ୍ରାନ୍ତି କାର୍ଯ୍ୟକ୍ରମଟି ପୂର୍ବତନ ସାଂସଦ ସାଲଖାନ ମୁର୍ମୁଙ୍କ ମାର୍ଗଦର୍ଶନରେ ସାତଗୋଟି ପ୍ରଦେଶରେ ଆୟୋଜନ ହେଉଛି ବୋଲି ପ୍ରେସ ବିଜ୍ଞପ୍ତିରେ ଅବଗତ କରାଯାଉଛି। ବୈଠକରେ ପନତ୍ ପାର୍ଗାନା କାଳୁରାମ ମୁର୍ମୁ, ବାରିପଦା ଜୋନାଲ ସେଙ୍ଗେଲ ପାର୍ଗାନା ମାଧବ ଚନ୍ଦ୍ର ମୁର୍ମୁ, ବିକାଶ ଚନ୍ଦ୍ର ହେମ୍ବ୍ରମ, ଉଦୟନାଥ ହେମ୍ବ୍ରମ, ପିଥ ମାଝୀ, ଚନ୍ଦନ କୁମାର ସୋରେନ ସହିତ ପ୍ରମୁଖ ୨୩ ସଦସ୍ୟସଦସ୍ୟା ଉପସ୍ଥିତ ଥିଲେ।

# ମୟୂରଭଞ୍ଜ ଛଉ ନୃତ୍ୟ ଆଧାରିତ ଚିତ୍ରକଳା ପ୍ରଦର୍ଶନୀ



**ବାରିପଦା, ୨୨।୬(ସମିସ):** ସ୍ଥାନୀୟ ଦେଉଳସାହିସ୍ଥିତ ଶ୍ରୀରାମଚନ୍ଦ୍ର ଉପ୍ରା ବିଦ୍ୟାଳୟରେ ରବିବାର ପ୍ରଥମ ମୟୂରଭଞ୍ଜ ଛଉନୃତ୍ୟ ଆଧାରିତ ଚିତ୍ରକଳା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବରିଷ୍ଠ ଚିତ୍ରୀଶିଳ୍ପୀ ସମ୍ପଦ କୁମାର ଦାସ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ପାଲବଣୀର ଶ୍ରୀଜଗନ୍ନାଥ କଳା ଆକାଡେମୀ, ଭଞ୍ଜପୁରର ମୟୂରଭଞ୍ଜ କଳା ଆକାଡେମୀ ଭଞ୍ଜପୁର, ଦେଉଳସାହିର କ୍ରିଏଟିଭ୍ ସ୍କୁଲ ଅଫ୍ ଆର୍ଟ ଆଣ୍ଡ କ୍ରାଫଟସର ମିଳିତ ଆନୁକୂଲ୍ୟରେ ଆୟୋଜିତ ପ୍ରତିଯୋଗିତାରେ ୭୦ଟି ଚିତ୍ରକଳା ସ୍ଥାନ ପାଇଥିଲା। ଉଦ୍‌ଯାପନୀ ଉତ୍ସବରେ ଅତିଥିଭାବେ ଚିତ୍ରୀ ଶିଳ୍ପୀ ଶୁଭସ୍ମିତା ଭାରତୀ ହୋତା, ସରୂପ କୁମାର ନାୟକ ଓ ରବିନ କୁମାର ମହାପାତ୍ର ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ଓ ପ୍ରମାଣପତ୍ର ବଣ୍ଟନ କରିଥିଲେ। କ୍ରିଏଟିଭ୍ ସ୍କୁଲ ଅଫ ଆର୍ଟ ଆଣ୍ଡ କ୍ରାଫଟସର ମୁଖ୍ୟ ଉପଦେଷ୍ଟା ଏବଂ ଆର୍ଟ ଆଣ୍ଡ କଲଚରର ଜିଲ୍ଲା ଆଡଭାଇଜାରି ମେମ୍ବର ଚାରୁଚନ୍ଦ୍ର ଦାସଙ୍କ ତତ୍ତ୍ୱାବଧାନରେ ପରିଚାଳିତ କାର୍ଯ୍ୟକ୍ରମରେ ସମୟ କୁମାର ଦାସ, ସଦାଶିବ ଦାସ, ଶପଥ ଦାସ, ସମୀର ମହାନ୍ତ, କଳ୍ପନା ମହାନ୍ତ ଓ ଆଶା ରାମ ପ୍ରମୁଖ ସହଯୋଗ କରିଥିଲେ।

# କମୁଛି ଔଷଧୀୟ ବୃକ୍ଷ; ସଙ୍କଟରେ ଆୟୁର୍ବେଦ ଚିକିତ୍ସା

**ବାରିପଦା, ୨୨।୬(ସମିସ)**



ସାଧାରଣ ତଥା ଦୁରାରୋଗ୍ୟ ରୋଗରୁ ମୁକ୍ତି ପାଇବା ଓ ଶରୀରରେ ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି କରିବା ନିମନ୍ତେ ସମସ୍ତେ ଆୟୁର୍ବେଦ ଚିକିତ୍ସାକୁ ଆପଣାଉଛନ୍ତି। ଏହା ବ୍ୟୟବହୁଳ ନୁହେଁ ଏବଂ ପାର୍ଶ୍ୱପ୍ରତିକ୍ରିୟାହୀନ ହେତୁ ପୁରାତନ ଯୁଗରୁ ଚାଲିଆସୁଥିବା ଏହି ଚିକିତ୍ସା ଅଦ୍ୟାବଧି ପ୍ରଚଳନ ରହିଛି। ବିଜ୍ଞାନର ଅଗ୍ରଗତି ପରେ ମଧ୍ୟ ଆଧୁନିକ ଯୁଗରେ ଏହାର ପ୍ରଭାବ ଦେଖିବାକୁ ମିଳିଛି। ଔଷଧୀୟ ବୃକ୍ଷ, ଗୁଳ୍ମ ଓ ତରୁଲତାର ପତ୍ର, ଚେର, ମୂଳ, ଫଳ ଏବଂ ଫୁଲ ଆଦି ଦ୍ରବ୍ୟରୁ ନିର୍ମିତ ଔଷଧ ସେବନ କରି ମାନବ ସମାଜ ବିଭିନ୍ନ ରୋଗରୁ ମୁକ୍ତିଲାଭ କରୁଛି। ଗାଁଗହଳିରେ ରହୁଥିବା ବୈଦ୍ୟମାନେ ଏହାର ଉପଚାର କରୁଥିବାରୁ ରୋଗୀ ଡାକ୍ତରଖାନା ଯିବା ପରିବର୍ତ୍ତେ ଘରେ ଥାଇ ରୋଗରୁ ଉପଶମ ପାଉଛନ୍ତି। ଅନୁସନ୍ଧାନରୁ ଜଣାଯାଏ ଯେ, ଜିଲ୍ଲାର କୋଣ ଅନୁକୋଣରେ ୧୮୦୦ ପଞ୍ଜିକୃତ କବିରାଜଙ୍କୁ ମିଶାଇ ୨୨ହଜାରରୁ ଊର୍ଦ୍ଧ୍ୱ କବିରାଜ ଔଷଧୀୟ ଗଛରୁ ଔଷଧ ପ୍ରସ୍ତୁତ କରି ରୋଗୀମାନଙ୍କ ସେବା କରୁଛନ୍ତି। ଅପରପକ୍ଷରେ ମୟୂରଭଞ୍ଜ ଜିଲ୍ଲାର ବିଭିନ୍ନ ଡାକ୍ତରଖାନାରେ ୯୪ଜଣ ଆୟୁର୍ବେଦ (ଆୟୁଷ) ଡାକ୍ତର ନିଯୁକ୍ତି ପାଇ ଏହି ଚିକିତ୍ସା ଚଳାଇ ଆସୁଛନ୍ତି। ଗାଁ ଗଣ୍ଡାରେ ଚାଲିଥିବା ଆୟୁର୍ବେଦ ଚିକିତ୍ସାରେ ଅର୍ଶ, ଭଗନ୍ଦର, କାମଳ, ପକ୍ଷାଘାତ, ସନ୍ଧିବାତ, ମଧୁମେହ, ଅମ୍ଳପିତ୍ତ, ଗ୍ରହଣୀ, ଅତିସାର, ଉଚ୍ଚ ରକ୍ତଚାପ ଓ ହାଡ଼ଭଙ୍ଗା ଆଦି ରୋଗର ସଫଳ ଚିକିତ୍ସା କରାଯାଇପାରୁଛି ବୋଲି ବୈଦ୍ୟ ସଂଘର ଡା. କେଶବ ଚନ୍ଦ୍ର ବାରିକ ମତପ୍ରକାଶ କରିଛନ୍ତି। ସେହିପରି କରୋନା ମହାମାରୀରୁ ମୁକ୍ତି ପାଇବା ଏବଂ ଶରୀରର ରୋଗ ପ୍ରତିରୋଧକ ଶକ୍ତି ବଢ଼ାଇବା ପାଇଁ ଲୋକେ ଆୟୁର୍ବେଦ ଘରୋଇ ଚିକିତ୍ସା ପ୍ରତି ଅଧିକ ଆଗ୍ରହ ଦେଖାଉଛନ୍ତି। ତେବେ ଔଷଧୀୟ ବୃକ୍ଷଗୁଡ଼ିକର ଲୋପ ପାଉଥିବାରୁ ସମ୍ପ୍ରତି ଆୟୁର୍ବେଦ ଗାଁ ବୈଦମାନେ ନିଜର ବୃତ୍ତିଠାରୁ ଦୂରେଇବାକୁ ଉଚିତ ମଣୁଛନ୍ତି। ମୟୂରଭଞ୍ଜ ଜିଲ୍ଲାରେ ଥିବା ଜାତୀୟ ଉଦ୍ୟାନ ଶିମିଳିପାଳ ମଧ୍ୟରେ ରହିଛି ଅନେକ ଔଷଧୀୟ ବୃକ୍ଷ। ପରନ୍ତୁ ବନବିଭାଗର କଟକଣା ପାଇଁ ସ୍ଥାନୀୟ ବୈଦ୍ୟମାନେ ଶିମିଳିପାଳରୁ ଔଷଧୀୟ ବନଜାତ ଦ୍ରବ୍ୟ ସଂଗ୍ରହ କରି ପାରୁନାହାନ୍ତି। ରାଜ୍ୟ ସରକାରଙ୍କ ଦ୍ୱାରା ୪୦ଏକର ଜାଗାରେ ଏକ ଔଷଧୀୟ ବଗିଚା ସାରସକଣା ବ୍ଲକ ଅଧୀନ ଶୀର୍ଷା ମେରୁ ମଠରେ ଥିଲେ ହେଁ ଏହାର ରକ୍ଷଣାବେକ୍ଷଣ ଅଭାବରୁ ଗଛଗୁଡ଼ିକ ସମ୍ପୂର୍ଣ୍ଣ ରୂପେ ନଷ୍ଟ ହୋଇଯାଇଛି। ସେହିପରି ଖିଚିଂର ମା' କିଚେକେଶ୍ୱରୀ ମନ୍ଦିର, ବାରିପଦା ହୋମିଓପ୍ୟାଥି ଓ ଆୟୁର୍ବେଦିକ କଲେଜ ପରିସରରେ ଥିବା ଔଷଧୀୟ ବଗିଚା ପ୍ରଦର୍ଶିତ ଫଳକରେ ସୀମିତ ରହିଛି। ଚିକିତ୍ସା ପାଇଁ ଆବଶ୍ୟକତା ରହୁଥିବା ଅଁଳା, ହରିଡ଼ା, ବାହାଡ଼ା, ଅଶୋକ, ଘି-କୁଆଁରୀ, ତୁଳସୀ, କରଞ୍ଜ, ନିମ୍ବ, ଗୁଡ଼ମାରୀ, ଅନନ୍ତମୂଳ, ଶତାବରୀ ଓ ପାତାଳଗରୁଡ଼ ଆଦି ବହୁ ଔଷଧୀୟ ଗଛ ଧିରେ ଧିରେ କମିବାକୁ ବସିଛି। ଶିମିଳିପାଳ ସଂଲଗ୍ନ ଅଞ୍ଚଳରୁ ଅନନ୍ତମୂଳ, ଭୂଇଁ ନିମ୍ବ ଓ ଶତାବରୀ ଆଦି ବହୁ ଔଷଧୀୟ ଦ୍ରବ୍ୟ ବାହାର ରାଜ୍ୟ ତଥା ପଡ଼ୋଶୀ ଜିଲ୍ଲାକୁ ଚୋରାରେ ଚାଲାଣ କରାଯାଉଛି ବୋଲି ଅଭିଯୋଗ ହେଉଛି। ଏହାକୁ ରୋକାଯାଇ ଜିଲ୍ଲାର ସ୍ଥାନୀୟ ବୈଦ୍ୟମାନଙ୍କୁ ସୁଲଭ ମୂଲ୍ୟରେ ଯୋଗାଇଲେ ଜିଲ୍ଲାବାସୀ ଉପକୃତ ହୁଅନ୍ତେ। ସେହିପରି ଜିଲ୍ଲାରେ ଥିବା ଔଷଧୀୟ ବଗିଚାଗୁଡ଼ିକର ପୁନରୁଦ୍ଧାର ଓ ଚାରାରୋପଣ କାର୍ଯ୍ୟକ୍ରମରେ ଜିଲ୍ଲାର ପ୍ରତିବ୍ଲକରେ ଗୋଟିଏ ଗୋଟିଏ

## ଚାରାରୋପଣ କାର୍ଯ୍ୟକ୍ରମରେ ଔଷଧୀୟ ଉଦ୍ୟାନ ଜରୁରି

ଔଷଧୀୟ ଉଦ୍ୟାନ ସୃଷ୍ଟି କରାଯାଇ ଔଷଧୀୟ ବୃକ୍ଷଲତାର ସୁରକ୍ଷା ସହିତ ବଂଶ ବୃଦ୍ଧି ନିମନ୍ତେ ସରକାରୀ ପ୍ରୋତ୍ସାହନ ଯୋଗାଇବା ଜରୁରୀ। ସରକାରଙ୍କ ପକ୍ଷରୁ ଔଷଧୀୟ ଜଙ୍ଗଲ ସୃଷ୍ଟି କରାଗଲେ ପରିବେଶ ସୁରକ୍ଷିତ ରହିବା ସହିତ ଆୟୁର୍ବେଦୀୟ ଔଷଧୀୟ ପ୍ରସ୍ତୁତିର ଅଭାବ ପୂରଣ ହୋଇପାରନ୍ତା ବୋଲି ଆର୍‌ୟୁବେଦାଚାର୍ଯ୍ୟ ଡା. ସନତ କୁମାର ଦାସ କହିଛନ୍ତି। ସେହପରି ଗ୍ରାମାଞ୍ଚଳର ବୈଦ୍ୟମାନଙ୍କୁ ସରକାରୀସ୍ତରରେ ତାଲିମ ପ୍ରଦାନ କରାଗଲେ ଏହି ଚିକିତ୍ସାରୁ ଅନେକ ଉପକୃତ ହୋଇପାରନ୍ତେ ବୋଲି ଓରା ଚନ୍ଦାବିଲା ଗ୍ରାମର ହାଡ଼ଭଙ୍ଗା ଚିକିତ୍ସକ ବୈଦ୍ୟ ମନୋରଞ୍ଜନ ବାରିକ ପ୍ରକାଶ କରିଛନ୍ତି।

# ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ସମୂହ ଦୀପଦାନ



**ବାରିପଦା, ୨୨।୬(ସମିସ):** ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବିଜେଡି ପକ୍ଷରୁ ସମୂହ ଦୀପଦାନ କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି। ମୁମ୍ବାଇସ୍ଥିତ ଘରୋଇ ହସ୍ପିଟାଲରେ ରବିବାର ତାଙ୍କର ଅସ୍ତ୍ରୋପଚାର ହୋଇଥିବା ବେଳେ ସେ ବର୍ତ୍ତମାନ ସୁସ୍ଥ ଅଛନ୍ତି। ସେ ଯଥାଶୀଘ୍ର ସୁସ୍ଥ ହୋଇ ଓଡ଼ିଶାକୁ ପ୍ରତ୍ୟାବର୍ତ୍ତନ କରନ୍ତୁ କାମନା କରି ବାରିପଦାର ଅଧିଷ୍ଠାତ୍ରୀ ଦେବୀ ମା' ଅମ୍ବିକା ମନ୍ଦିରରେ ସମୂହ ଦୀପଦାନ କରିଛନ୍ତି। ନବୀନ ପଟ୍ଟନାୟକ ସାଢ଼େ ଚାରିକୋଟି ଓଡ଼ିଆଙ୍କ ପ୍ରିୟ ନେତା ଅଟନ୍ତି। ଦୀର୍ଘ ବର୍ଷର ଶାସନ ସମୟରେ ହେଉ କିମ୍ବା ବିରୋଧୀ ଦଳ ନେତା ଭାବେ ସବୁଠି ଶ୍ରୀ ପଟ୍ଟନାୟକ ଓଡ଼ିଶାବାସୀଙ୍କ ପାଇଁ ସମର୍ପିତ ହୋଇ କାର୍ଯ୍ୟ କରି ଆସୁଛନ୍ତି। ଆଧୁନିକ ଓଡ଼ିଶାର ବିକାଶ ପୁରୁଷର ମାନ୍ୟତା ପାଇଛନ୍ତି। ସାରା ରାଜ୍ୟରେ ତାଙ୍କ ଆରୋଗ୍ୟ କାମନା କରି ଦୀପଦାନ କରାଯାଉଛି। ଏହିକ୍ରମରେ ବାରିପଦାରେ ଶତାଧିକ ଲୋକେ ପୂଜାର୍ଚ୍ଚନା କରି ଆଶୁ ଆରୋଗ୍ୟ କାମନା କରିଛନ୍ତି। କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁଦାମ ମାର୍ଣ୍ଡି, ପୂର୍ବତନ ଉପ ବାଚସ୍ପତି ସାନନ୍ଦ ମାର୍ଣ୍ଡି, ନଗରପାଳ କୃଷ୍ଣାନନ୍ଦ ମହାନ୍ତି, ଜିଲ୍ଲା ପରିଷଦ ସଭାପତି ଭାରତୀ ହାଁସଦା, ଦେବାଶିଷ ମହାନ୍ତି, ଜିତେନ୍ଦ୍ର ମହାନ୍ତି, କୃଷ୍ଣଚନ୍ଦ୍ର ଦାସ, ଡା. କିଶୋର ପାତ୍ର, ପ୍ରଭାତ ନାୟକ, ନିରୋଜ ସାହୁ, ପ୍ରୀତିନନ୍ଦା କାନୁନଗୋ, ସବିତା ବେହେରା, ଶ୍ରାବଣୀ ଦାସ, ଦୀପ୍ତିଲତା ମିଶ୍ର, ସୁରଭି ଦାସ, ସୀମା ଦାସ, ସୁକେଶିନୀ ସେଠି, ଅନୁରାଧା ମହାନ୍ତି, ରାଜ ଗୁପ୍ତା, ପୂଜା ତରେଇ, ଅମ୍ବିକା ସାହୁ, ପ୍ରଶାନ୍ତ ବେହେରା, ମୂର୍ଚ୍ଛନା ମହାନ୍ତି, ରୀନା ଶର୍ମା, ପ୍ରଭାତୀ ପୃଷ୍ଟି, ବିବେକାନନ୍ଦ ନାୟକ, ନିରୁପମା ମହାନ୍ତି, ଦିପ୍ତୀରେଖା ପଟ୍ଟନାୟକ, ସବିତା ପାଲ, ଦିଗବିଜୟ ହାଁସଦା, ସୁଧୀର ବାରିକ, ଅନନ୍ତ ଦାସ, ଶିବ ଶଙ୍କର ପାତ୍ର, ଜିତା ସିଂ, ସୁନୀଲ ନାୟକ, ଅରୁଣ ବରାଡ଼, ରାଜୀବ ଜେନା, ଆଶୀର୍ବାଦ ଦାସ, ଅମର ସେଠି, ଦର୍ପ ନାରାୟଣ ପାଲ, ସୁଜିତ ମହାନ୍ତି ସମେତ ବହୁ ବିଜେଡି ନେତା ଓ କର୍ମୀ ସାମିଲ ହୋଇଥିଲେ।



**ବଡ଼ସାହି:** ସାରା ରାଜ୍ୟରେ ପୂର୍ବତନ ମୁଖ୍ୟମନ୍ତ୍ରୀ, ବିରୋଧୀ ଦଳର ନେତା ତଥା ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ପୂଜାପାଠ ଓ ଦୀପଦାନ ଆଦି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଚାଲିଛି। ରବିବାର ବଡ଼ସାହି ବ୍ଲକ ବିଜୁ ଜନତା ଦଳ ପକ୍ଷରୁ ପୂର୍ବତନ ବିଜୁ ଜନତା ଦଳର ସଭାପତି ନିହାର ରଞ୍ଜନ ମହାପାତ୍ର ଓ ପୂର୍ବତନ ବ୍ଲକ ସଭାପତି ତପନ କୁମାର ପତିଙ୍କ ନେତୃତ୍ୱରେ ମାଣତ୍ରୀସ୍ଥିତ ବାବା କଖାରୁଆ ବୈଦ୍ୟନାଥ ମନ୍ଦିର ପରିସରରେ ଥିବା ହନୁମାନଙ୍କ ନିକଟରେ ପୂଜାର୍ଚ୍ଚନା ଓ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଯାମିନୀକାନ୍ତ ନାଏକ, ଲଲାଟେନ୍ଦୁ ବେହେରା, ରାଜୀବ ସେନାପତି, ବରିଷ୍ଠ ନେତା ପ୍ରଫୁଲ୍ଲ ମହାଲିକ, ମନ୍ମଥ ସାମନ୍ତରାୟ, ସ୍ମୃତିରଞ୍ଜନ ମଲ୍ଲିକ୍, ତାରିଣୀ କୁଅଁରବାବୁ, ଜଗବନ୍ଧୁ ଟିପିରିଆ, ଲକ୍ଷ୍ମୀଧର ପାତ୍ର, ସରୋଜ ସାହୁ, ଅତୁଲ୍ୟ ମାହାର୍ଣ୍ଣା, ଜୟଗୋବିନ୍ଦ ବିଶ୍ୱାଳ, ନିରୋଜ ପଟ୍ଟନାୟକ, ଦିଲ୍ଲୀପ ବେହେରା ଓ ବ୍ରହ୍ମାନନ୍ଦ ମହାନ୍ତିଙ୍କ ସମେତ ବହୁ ଦଳୀୟ ନେତୃବୃନ୍ଦ ଉପସ୍ଥିତ ରହି ତାଙ୍କର ଆଶୁ ଆରୋଗ୍ୟ କାମନା କରିଥିଲେ। ସେହିପରି ତାଳପଦା ମା' ଦୁର୍ଗାଙ୍କ ମଣ୍ଡପରେ ସଞ୍ଜୟ ବେହେରା, ସଞ୍ଜୀବ ମହାନ୍ତ, ଗିରିଧାରୀ ବେହେରା ଓ ଉପେନ୍ଦ୍ର ନାଏକଙ୍କ ନେତୃତ୍ୱରେ ୧୦୮ ଦୀପ ପ୍ରଜ୍ୱଳନ କରାଯାଇଛି।



**ସାରସକଣା:** ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବିଭିନ୍ନ ମନ୍ଦିରରେ ପୂଜାର୍ଚ୍ଚନା ଓ ସମୂହ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଶ୍ରୀ ପଟ୍ଟନାୟକ ଭୁବନେଶ୍ୱର ଛାଡ଼ିବା ସମୟରେ ବହୁ ସଂଖ୍ୟାରେ ମହିଳା ଓ ବିଜେଡି ନେତା, କର୍ମୀ ତାଙ୍କୁ ଶୁଭେଚ୍ଛା ଜଣାଇଥିଲେ। ସାରା ରାଜ୍ୟରେ ତାଙ୍କ ଆରୋଗ୍ୟ କାମନା କରି ଦୀପଦାନ କରାଯାଉଥିବା ବେଳେ ସାରସକଣା ବ୍ଲକ ସାରସକ୍ଷେତ୍ର ଶ୍ରୀ ଜଗନ୍ନାଥ ମନ୍ଦିରରେ ମୟୂରଭଞ୍ଜ ଜିଲ୍ଲା ସମ୍ପାଦକ ଅମରେନ୍ଦ୍ର କର, ଡ. ଦେବାଶିଷ ମାର୍ଣ୍ଡିଙ୍କ ନେତୃତ୍ୱରେ ଶତାଧିକ ମହିଳା ଓ ପୁରୁଷ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ୧୦୮ ଦୀପଦାନ କରିଛନ୍ତି। ଏହାସହ ଶ୍ରୀ ଜଗନ୍ନାଥଙ୍କ ପାଖରେ ପୂଜାର୍ଚ୍ଚନା ମଧ୍ୟ କରିଛନ୍ତି। ଏଥିରେ ସାରସକଣା ନିର୍ବାଚନମଣ୍ଡଳୀ ସମୀର କୁମାର ବେହେରା, ସୂର୍ଯ୍ୟ ମୁର୍ମୁ, ଅକ୍ଷୟ ସାହୁ, ସ୍ନେହାଶିଷ ହୋତା, ସୁଦର୍ଶନ ନାଏକ, ଚନ୍ଦ୍ରଶେଖର ସାହୁ, ହରେକୃଷ୍ଣ ଦାସ, ମଣିଶଙ୍କର ବାରିକ, ସୁବ୍ରତ ମଣ୍ଡଳ, ଅଜୟ ବେହେରା, ମୀନକେତନ କଲିଆ, ପ୍ରସାଦ ପଲେଇ, ରାଧାକୃଷ୍ଣ ହଂସଦା ବହୁ ନେତା ଓ କର୍ମୀ ସାମିଲ ହୋଇଥିଲେ। ମହିଳାମାନେ ହୁଳହୁଳି ପକାଇ ଉପାସ ରହି ନବୀନଙ୍କ ପାଇଁ ପୂଜାର୍ଚ୍ଚନା କରିଥିଲେ। ଶୀଘ୍ର ସୁସ୍ଥ ହୋଇ ପୁଣି ଓଡ଼ିଶାକୁ ଆସି ଲୋକଙ୍କ ନିରନ୍ତର ସେବା ଜାରି ରଖନ୍ତୁ ବୋଲି ସେମାନେ କାମନା କରିଛନ୍ତି।



**ମୋରଡ଼ା:** ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ମୋରଡ଼ା ବ୍ଲକର ପ୍ରସିଦ୍ଧ ଚିତ୍ରଡ଼ାର ଜଗନ୍ନାଥ ମନ୍ଦିରରେ ପ୍ରାକ୍ତନ ମୋରଡ଼ା ବିଧାୟକ ରାଜକିଶୋର ଦାସଙ୍କ ସମେତ ଶତାଧିକ ମହିଳା, ଯୁବକ ଓ ଜନସାଧାରଣ ଏକତ୍ରିତ ହୋଇ ଦୀପଦାନ ଓ ପୂଜାର୍ଚ୍ଚନା କରିଛନ୍ତି। ଶ୍ରୀ ପଟ୍ଟନାୟକ ଖୁବଶୀଘ୍ର ସୁସ୍ଥ ହୋଇ ଓଡ଼ିଶା ଫେରନ୍ତୁ ଏବଂ ରାଜ୍ୟବାସୀଙ୍କ ସେବା ଜାରି ରଖନ୍ତୁ ବୋଲି ସମସ୍ତେ ପ୍ରାର୍ଥନା କରିଥିଲେ। ଦୀପଦାନ କରିବା ସହ ଧର୍ମକ୍ଷେତ୍ରରେ ସାଧାରଣ ଜନତା ଓ ମାଆ ମାନେ ହୁଳହୁଳି ପକାଇ ପୂଜାର୍ଚ୍ଚନା କରିଛନ୍ତି। କାର୍ଯ୍ୟକ୍ରମରେ ବିଜେଡିର ସମସ୍ତ ସରପଞ୍ଚ, ସମିତିସଭ୍ୟ, ଜିଲ୍ଲା ପରିଷଦ ସଭ୍ୟ, ବ୍ଲକ ଚେୟାରମ୍ୟାନ ପୀଥନାଥ ସରେନ, ବ୍ଲକ ବିଜେଡିର ଆଗଧାଡ଼ିର କର୍ମୀ ସଞ୍ଜୀବ ଦେଓ, ସେକ ଇଦ୍ରୀସ, ରାମାଇ ମାରାଣ୍ଡି, ଅମ୍ବୁଜ ମହାନ୍ତ, ଘାସିରାମ ବେହେରା, ଶ୍ରୀକାନ୍ତ ପାତ୍ର, ମହିଳା ନେତ୍ରୀ ବିଦ୍ୟୁତ୍ ପ୍ରଭା ବେହେରା ଏବଂ ଅନ୍ୟମାନେ ଉପସ୍ଥିତ ଥିଲେ।

# ହସ୍ପିଟାଲ ଓ ହାଟରୁ ୨ଟି ବାଇକ୍ ଚୋରି

**ବାରିପଦା, ୨୨।୬(ସମିସ):** ସ୍ଥାନୀୟ ପିଆରଏମ ହସ୍ପିଟାଲ ପରିସରରୁ କର୍ମଚାରୀଙ୍କ ବାଇକ୍ ଚୋରି ହୋଇଛି। ବଡ଼ସାହି ଥାନା ଅନ୍ତର୍ଗତ ପାଉଁଶିଆ ଅଞ୍ଚଳର ଜୟଗୋପାଳ ଗିରି ଏନେଇ ବାରିପଦା ଟାଉନ ଥାନାରେ ଅଭିଯୋଗ କରିଛନ୍ତି। ସେ ହସ୍ପିଟାଲରେ ଚାକିରୀ କରନ୍ତି। ସେ ନିଜ ବାଇକ ପାର୍କିଂରେ ରଖି ଡିୟୁଟିକୁ ଯାଇଥିଲେ। ତେବେ ଫେରି ଦେଖିବା ବେଳକୁ ବାଇକ ନଥିଲା। ସେହିପରି ପୋଡାଡିହା ହାଟରୁ ବାଇକ ଚୋରି ନେଇ ବିଜୟରାମଚନ୍ଦ୍ରପୁର ଅଞ୍ଚଳର ନରେନ୍ଦ୍ର ପ୍ରଧାନ ବାରିପଦା ସଦର ଥାନାରେ ଅଭିଯୋଗ କରିଛନ୍ତି। ହାଟକୁ ସଉଦା ଆଣିବାକୁ ଯାଇଥିବା ବେଳେ ହାଟ ସମ୍ମୁଖ ରାସ୍ତା କଡ଼ରେ ବାଇକ ପାର୍କିଂ କରିଥିଲେ। ଫେରି ଆସିଲା ବେଳକୁ ଉକ୍ତ ସ୍ଥାନରେ ବାଇକ ନଥିଲା। ବହୁ ଖୋଜାଖୋଜି ପରେ ବାଇକ ପାଇନଥିଲେ। ଦୁର୍ବୃତ୍ତମାନେ ବାଇକ ଚୋରି କରିଥିବାର ଜାଣି ବାରିପଦା ସଦର ଥାନାରେ ଅଭିଯୋଗ କରିଛନ୍ତି। ଉଭୟଙ୍କ ଅଭିଯୋଗ କ୍ରମେ ପୃଥକ ମାମଲା ରୁଜୁ ସହିତ ତଦନ୍ତ ଜାରି ରଖିଛନ୍ତି ଉଭୟ ଥାନାର ପୁଲିସ।

# ପିଏଚ୍‌ଡି ଲାଭ



ଶ୍ରୀ ଶ୍ରୀଧର ରଞ୍ଜନ ଦାସ Biju Patnaik University of Technology (BPUT), Rourkela ରୁ ଫାର୍ମାସି ବିଭାଗରେ କୃତିତ୍ୱ ସହ (Ph.D) ଉପାଧି ଲାଭ କରିଛନ୍ତି। Einstein College of Pharmacy, Khurda ର Prof. (Dr.) Bibhuti Bhusana Panigrahi ଏବଂ I.G.I.P.S, Bhubaneswar ର Prof. (Dr.) Manoj Kumar Paniଙ୍କ ତତ୍ତ୍ୱାବଧାନରେ "Formulation and Evaluation of Novel Bilayer Floating Tablet By Using Selective Drugs as GRDDS" ଉପରେ ଗବେଷଣା କରିଥିବା ସନ୍ଦର୍ଭଟି Examiner, Prof. (Dr.) Satyabrata Bhanja, RITEE college of Pharmacy, Raipur ଏବଂ Dr. Rakesh Gupta, Vaish institute of pharmaceutical education, Rohtak, Haryana ଙ୍କ ଦ୍ୱାରା ମୂଲ୍ୟାୟନ ଏବଂ ଉଚ୍ଚ ପ୍ରଶଂସିତ ହୋଇଛି। ଡ. ଶ୍ରୀଧର ରଞ୍ଜନ ଦାସ ବର୍ତ୍ତମାନ S.I.P.E.R, Cuttack ଠାରେ Associate Professor ଭାବେ କାର୍ଯ୍ୟରତ ଥିବା ସହ ତାଙ୍କର ଗବେଷଣାତ୍ମକ କାର୍ଯ୍ୟ ପାଇଁ ବିଦେଶର ଅନେକେ ଗବେଷଣା ସଂସ୍ଥା ଦ୍ୱାରା ପ୍ରଶଂସିତ ହେବାରେ ସୌଭାଗ୍ୟ ଲାଭ କରିଛନ୍ତି। ସେ ଅନେକ ବହୁ ପ୍ରତିଷ୍ଠିତ ଗବେଷଣାତ୍ମକ ପତ୍ରିକା ପ୍ରକାଶକ ସଂସ୍ଥା ରେ ସମୀକ୍ଷକ ଭାବେ କାର୍ଯ୍ୟ କରି ଦେଶ ଏବଂ ବିଦେଶ ରେ ପ୍ରତିଷ୍ଠା ଲାଭ କରିଛନ୍ତି। ଡ. ଶ୍ରୀଧର ରଞ୍ଜନ ଦାସ କଟକ ଜିଲ୍ଲାର ଯଶପଦା ନିବାସୀ, ଭାରତୀୟ ଖାଦ୍ୟ ନିଗମର ଅବସରପ୍ରାପ୍ତ କର୍ମଚାରୀ ଶ୍ରୀଯୁକ୍ତ ସୁଦାମ ଚରଣ ଦାସ ଏବଂ ଶ୍ରୀମତୀ ବାସନ୍ତୀ ଦାସଙ୍କ ମଧ୍ୟମ ପୁତ୍ର ଅଟନ୍ତି। ସେ କୁନି ବେହେରାଙ୍କ ଏକମାତ୍ର ଜାମାତା ଅଟନ୍ତି। ସେ ଏହି କାର୍ଯ୍ୟର ସଫଳତାର ଶ୍ରେୟ ପ୍ରଭୁ ଶ୍ରୀ ଜଗନ୍ନାଥ, ଝଙ୍କଡ ବାସିନୀ ମା ଶାରଳା, ପିତାମାତା, ପରିବାର, ବନ୍ଧୁ, ପରିଜନ ତଥା ଗବେଷଣା ପାଇଁ ଉତ୍ସାହିତ କରିଥିବା ବ୍ୟକ୍ତି ବିଶେଷଙ୍କୁ ପ୍ରଦାନ କରିଛନ୍ତି।

# ଶିଆଳିଗୋଠାଣି ମୁଖ୍ୟ ରାସ୍ତା ବିପର୍ଯ୍ୟସ୍ତ

**ଖିଚିଂ, ୨୨।୬(ସମିସ):** ମୟୂରଭଞ୍ଜ ଜିଲ୍ଲା ଶୁକୁଳି ବ୍ଲକ ଅଧୀନ ଖିଚିଂ-ମହାଦେବଦେଉଳି ରାସ୍ତାରୁ ଶିଆଳିଗୋଠାଣି ଗ୍ରାମକୁ ଲମ୍ବିଥିବା ମୋରମ ରାସ୍ତାଟି ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ଏହିରାସ୍ତା ଉପରେ ୪୦୦ରୁ ଊର୍ଦ୍ଧ୍ୱ ଗ୍ରାମବାସୀ ନିର୍ଭରଶୀଳ। ଦୀର୍ଘଦିନରୁ ଏହି ରାସ୍ତା ମରାମତି ହୋଇନଥିବା ବେଳେ କିଛିମାସ ହେବ ପ୍ରତିଦିନ ଏହି ରାସ୍ତାଦେଇ ଅନେକ ଭାରୀଯାନ ଓ ଟ୍ରାକ୍ଟର ବେପରୁଆ ଭାବେ ଗମନାଗମନ କରୁଛି। ଯାହାଫଳରେ ବଡ଼ବଡ଼ ଖାଲଖମା ସୃଷ୍ଟି ହୋଇଥିବାରୁ ସାମାନ୍ୟ ବର୍ଷାରେ ସ୍ୱାଭାବିକ ଯାତାୟାତ ବିପଦସଂକୁଳ ହୋଇପଡ଼ିଛି। ବର୍ତ୍ତମାନ ଏହି ରାସ୍ତାଦେଇ ବାଇକ୍ ଆରୋହୀଙ୍କ ସହ ୪ ଚକିଆ ଯାନବାହନ ଯିବାଆସିବା କରିପାରୁନାହାନ୍ତି। ବିଶେଷତଃ ସ୍କୁଲ କଲେଜରେ ଅଧ୍ୟୟନରତ ଛାତ୍ରଛାତ୍ରୀ ତଥା ସ୍ୱାସ୍ଥ୍ୟକେନ୍ଦ୍ରକୁ ଯାଉଥିବା ରୋଗୀ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ପରିଲକ୍ଷିତ ହୋଇଛି। ଜନସାଧାରଣଙ୍କ ସାମୂହିକ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଏହି ରାସ୍ତା ତୁରନ୍ତ ଯାତାୟାତ ଉପଯୋଗୀ କରିବା ପାଇଁ ଗ୍ରାମବାସୀ ପ୍ରଶାସନ ନିକଟରେ ଦାବି କରିଛନ୍ତି।

**ଯାତାୟାତରେ ସମସ୍ୟା ଭୋଗୁଛନ୍ତି ଲୋକ**



# କେଶୁରା ଗ୍ରାମ୍ୟ ରାସ୍ତା ପାଲଟିଛି ମରଣଯନ୍ତା

**ପୁରୁଣିଆ, ୨୨।୬(ସମିସ):** ବେତନଟୀ ବ୍ଲକ ଅନ୍ତର୍ଗତ ପୁରୁଣିଆ ଗ୍ରାମ ପଞ୍ଚାୟତର କେଶୁରା ଗ୍ରାମ୍ୟ ରାସ୍ତା ମରାମତି ଅଭାବରୁ ମରଣଯନ୍ତା ପାଲଟିଛି। ଦୀର୍ଘ ବର୍ଷ ହେବ ମରାମତି ଅଭାବରୁ ରାସ୍ତାଟି ଏବେ ଖାଲଖମାରେ ଭର୍ତ୍ତି ହୋଇଛି। ଅସରାଏ ବର୍ଷାରେ ରାସ୍ତାରେ ପାଣି ଭର୍ତ୍ତି ହୋଇ ରହିଥିବାରୁ ପୋଖରୀର ଭ୍ରମ ସୃଷ୍ଟି କରୁଛି। ଏପରିକି ରାସ୍ତାରେ ବର୍ଷାପାଣି ରହିଥିବାରୁ ବତକ ମଧ୍ୟ ପହଁରୁ ଥିବା ଦେଖାଯାଉଛି। ଉକ୍ତ ରାସ୍ତାରେ ଗ୍ରାମର ଶତାଧିକ ପରିବାର ଯିବା ଆସିବା ପାଇଁ ନିର୍ଭର କରୁଥିବାବେଳେ ନିୟମିତ ଛୋଟବଡ ଦୁର୍ଘଟଣା ଘଟୁଛି। ଉକ୍ତ ରାସ୍ତା ଦୁଇଟି ବିଦ୍ୟାଳୟକୁ ସଂଯୋଗ କରୁଥିବାରୁ ଛୋଟଛୋଟ ପିଲାମାନେ କାଦୁଅରେ ଯିବା ଆସିବା କରିବାବେଳେ ସମସ୍ୟାରେ ପଡୁଛନ୍ତି। ଆବଶ୍ୟକ ସ୍ଥଳେ ଆମ୍ବୁଲାନ୍ସ ଯିବା ମଧ୍ୟ କଷ୍ଟକର ହୋଇପଡୁଛି। ଏଦିଗରେ ତୁରନ୍ତ ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଦାବି ହେଉଛି।

**ମରାମତି ପାଇଁ ଦାବି**



## ଗାଡ଼ି ଧକ୍କାରେ ଅଜଣା ବ୍ୟକ୍ତିଙ୍କ ମୃତ୍ୟୁ

**କରଞ୍ଜିଆ, ୨୨।୬(ସମିସ):** କରଞ୍ଜିଆ ଥାନା ଅଧୀନ ଜାତୀୟ ରାଜପଥ ୪୯ର ମୁର୍ଗାପାଟ ଏକ ପେଟ୍ରୋଲ ପମ୍ପ ନିକଟରେ ଜଣେ ଅପରିଚିତ ବ୍ୟକ୍ତିଙ୍କ ମୃତଦେହ ପୁଲିସ ଉଦ୍ଧାର କରିଛି। ଗତକାଲି ରାତିରେ କରଞ୍ଜିଆ ଥାନା ପକ୍ଷରୁ ଏଏସଆଇ ସନାତନ ହେମ୍ବ୍ରମ ରାତ୍ରିକାଳୀନ ପାଟ୍ରୋଲିଂ ବେଳେ ମୃତ ବ୍ୟକ୍ତିଙ୍କୁ ଠାବ କରିଥିଲେ। କୌଣସି ଅଜଣା ଗାଡ଼ି ଧକ୍କା ଦେଇଥିବାରୁ ଦେହର ବିଭିନ୍ନ ଅଂଶରେ କ୍ଷତ ଚିହ୍ନ ରହିବା ସହିତ ମୁଣ୍ଡରେ କ୍ଷତଥିବା ଜଣାପଡ଼ିଛି। ମୃତ ବ୍ୟକ୍ତିଙ୍କ ବୟସ ୪୦ବର୍ଷ ହୋଇଥିବାର ଅନୁମାନ କରାଯାଉଛି। ବ୍ୟକ୍ତି ଜଣଙ୍କ ନାଲ ରଙ୍ଗର ହାଫପ୍ୟାଣ୍ଟ ପିନ୍ଧିଥିବା ଦେଖାଯାଉଛି। କରଞ୍ଜିଆ ଡାକ୍ତରଖାନାରେ ଆଜି ଶବ ବ୍ୟବଚ୍ଛେଦ କରାଯାଉଛି।

## ଝୁଲନ୍ତା ଅବସ୍ଥାରେ ନାବାଳିକାର ମୃତଦେହ ଉଦ୍ଧାର

**କୁଲିଅଣା, ୨୨।୬(ସମିସ):** କୁଲିଅଣା ଥାନା ଅଧୀନ ୧୮ ନଂ ଜାତୀୟ ରାଜପଥର ସୌରାଚ୍ଛକ ନିକଟରେ ଥିବା ଜଙ୍ଗଲ ମଧ୍ୟରୁ ଏକ ନାବାଳିକାର ମୃତଦେହ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରାଯାଇଛି। ସମାରୁଆ ଗଛରେ ଝୁଲନ୍ତା ଅବସ୍ଥାରେ ଜଣେ ଅଜଣା ନାବାଳିକାର ମୃତଦେହ ଦେଖି ଗାଁ ଲୋକେ କୁଲିଅଣା ଥାନାକୁ ଖବର ଦେଇଥିଲେ। ଥାନା ଆଇଆଇସି ମଧୁମିତା ମହାନ୍ତି ଓ ଏଏସଆଇ ତନ୍ମୟ କୁମାର ମହାନା ଘଟଣାସ୍ଥଳରେ ପହଞ୍ଚି ଶବ ଜବତ କରିଥିଲେ। ନାବାଳିକାର ବୟସ ୧୩/୧୪ ବର୍ଷ ହେବ ବୋଲି ଅନୁମାନ କରାଯାଉଛି। ଗଛ ମୂଳରୁ ତାର ମୋବାଇଲ ଓ ବ୍ୟାଗ୍ ଜବତ କରାଯାଇଛି। ନାବାଳିକାର କୌଣସି ପରିଚୟ ମିଳିପାରିନାହିଁ। କୁଲିଅଣା ପୁଲିସ ଏନେଇ ଥାନାରେ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପାଇଁ ବାରିପଦା ପିଆରଏମ ହସ୍ପିଟାଲକୁ ପଠାଇଥିବା ବେଳେ ତଦନ୍ତ ଚଳାଉଥିବା ଜଣାପଡ଼ିଛି।

### ମନରେଗା କାର୍ଯ୍ୟରେ ଅନିୟମିତତା ଅଭିଯୋଗ

# ୩ ମାସରେ ଟଙ୍କା ଫେରସ୍ତ ନିର୍ଦ୍ଦେଶ

**ବେତନଟୀ, ୨୨।୬(ସମିସ)**

ବେତନଟୀ ବ୍ଲକ ଅଧୀନ ଆଗ୍ରିଆ ପଞ୍ଚାୟତରେ ମନରେଗା ଯୋଜନାରେ ଏକ ପୋଖରୀ ଖୋଳା କାମରେ ଅନିୟମିତତା ହୋଇଥିବା ଅଭିଯୋଗ ସାମ୍ନାକୁ ଆସିଛି। ଓମ୍ବୁଡସ୍‌ପର୍ସନ (ଏମଜିଏନଆରଇଜିଏ), ମୟୂରଭଞ୍ଜ ଏହି ମାମଲାରେ କଡ଼ା ନିର୍ଦ୍ଦେଶ ଜାରି କରିଛନ୍ତି। ଶିଶିର କୁମାର ଦାଶ ଏବଂ ବିନୋଦ କୁମାର ଶର୍ମାଙ୍କ ଅଭିଯୋଗ ଆଧାରରେ ଓମ୍ବୁଡସପର୍ସନ ଏହି ମାମଲାର ତଦନ୍ତ କରିଥିଲେ। ଅଭିଯୋଗ ଅନୁଯାୟୀ, ବାରିପଦାସ୍ଥିତ ପ୍ରକଳ୍ପ ନିର୍ଦ୍ଦେଶକ, ୱାଟରସେଡ କାର୍ଯ୍ୟାଳୟ ଦ୍ୱାରା ଖୋଳା ହୋଇଥିବା ଏକ (ଫାର୍ମ ପଣ୍ଡ) ପୋଖରୀ ଖୋଳାରେ ଅନେକ ଅନିୟମିତତା ଘଟିଛି। ଅଭିଯୋଗ ହୋଇଛି ଯେ, ଜବ୍ କାର୍ଡଧାରୀ ଶ୍ରମିକଙ୍କ ବଦଳରେ ପୋଖରୀ ଖୋଳା କାମରେ ମେସିନ ବ୍ୟବହାର କରାଯାଇଛି। କାର୍ଯ୍ୟ ଆରମ୍ଭ ପୂର୍ବରୁ ସିଆଇବି ସ୍ଥାପନ କରାଯାଇ ନଥିଲା, ଯାହା ମନରେଗା ନିୟମର ଅନ୍ୟ ଏକ ଗୁରୁତର ଉଲ୍ଲଂଘନ। ଠିକ୍ ସେହପରି ଜିଓ-ଟ୍ୟାଗିଂ ହିତାଧିକାରୀଙ୍କ ଅଜାଣତରେ କରାଯାଇଥିଲା ଏବଂ ଦ୍ୱିତୀୟ ଜିଓ-ଟ୍ୟାଗିଂରେ ଚଞ୍ଚକତା କରି ଜଣେ ଅଜଣା ବ୍ୟକ୍ତିଙ୍କ ଫଟୋ ବ୍ୟବହାର କରାଯାଇଛି। ଶ୍ରମିକଙ୍କ ନାମରେ ମିଛ ଦସ୍ତଖତ କରାଯାଇ ପେମେଣ୍ଟ ଦେଖାଯାଇଛି। ତଦନ୍ତରୁ ଜଣାପଡ଼ିଛି ଯେ ମଷ୍ଟରରୋଲରେ ଥିବା ଶ୍ରମିକଙ୍କ ଦସ୍ତଖତ ନକଲି। ଯୋଜନା ଅନୁଯାୟୀ ପୋଖରୀର ଆକାର ଓ ଗଭୀରତା ବି ସଠିକ୍ ନାହିଁ। ଏକ ଅଧାପନ୍ତରିଆ ପୋଖରୀ ଖୋଳାଯାଇଛି, ଯାହା ହିତାଧିକାରୀଙ୍କ ଆବଶ୍ୟକତା ପୂରଣ କରିପାରିବ ନାହିଁ। ପ୍ରାୟ ୧, ୩୬, ୯୯୫ ଟଙ୍କାର ସରକାରୀ ଅର୍ଥର ଅପବ୍ୟବହାର ହୋଇଛି। ଓମ୍ବୁଡସ୍‌ପର୍ସନଙ୍କ ତଦନ୍ତ ପରେ ସେ ନିମ୍ନଲିଖିତ ନିର୍ଦ୍ଦେଶ ଜାରି କରିଛନ୍ତି।

- ପୋଖରୀ ଖୋଳା କାମରେ ମେସିନ ନିୟୋଜିତ ହୋଇଥିଲା
- ଖୋଳା ଯାଇଥିବା ଜମିକୁ ପୂର୍ବ ଅବସ୍ଥାକୁ ଫେରାଇ ନିଆଯିବ

ଯଥା ଅନିୟମିତ ଭାବେ ଖର୍ଚ୍ଚ ହୋଇଥିବା ୧, ୩୬, ୯୯୫ ଟଙ୍କା ସମ୍ପୃକ୍ତ କର୍ମଚାରୀଙ୍କଠାରୁ ଆଦାୟ କରି ଏସଇଜିଏଫ ଆକାଉଣ୍ଟରେ ଜମା କରାଯିବ। ଅସମ୍ପୂର୍ଣ୍ଣ ପୋଖରୀ ଖୋଳା ଯାଇଥିବା ଜମିକୁ ପୂର୍ବ ଅବସ୍ଥାକୁ ଫେରାଇ ନିଆଯିବ। ଏହି ଅନିୟମିତତାରେ ସମ୍ପୃକ୍ତ କର୍ମଚାରୀ ଓ ଅଧିକାରୀଙ୍କ ବିରୁଦ୍ଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରାଯିବ। ଉପରୋକ୍ତ ନିର୍ଦ୍ଦେଶଗୁଡ଼ିକୁ ଏହି ଆଦେଶ ପାଇବାର ୩ ମାସ ମଧ୍ୟରେ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦିଆଯାଇଛି; ଅନ୍ୟଥା ପ୍ରକଳ୍ପ ନିର୍ଦ୍ଦେଶକ, ୱାଟରସେଡଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏହି ଆଦେଶର ନକଲ ପ୍ରଧାନ ସଚିବ, ପଞ୍ଚାୟତରାଜ ଓ ପାନୀୟ ଜଳ ବିଭାଗ, ଓଡ଼ିଶା ସରକାର, ଜିଲ୍ଲାପାଳ ତଥା ଜିଲ୍ଲା କାର୍ଯ୍ୟକ୍ରମ ସଂଯୋଜକ, ମୟୂରଭଞ୍ଜ ଏବଂ ସିଡିଓ-କମ-ଇଓ, ଜିଲ୍ଲା ପରିଷଦଙ୍କୁ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ପାଇଁ ପଠାଯାଇଛି ବୋଲି ଓମ୍ବୁଡସପର୍ସନ କହିଛନ୍ତି। ଏହି ଘଟଣା ମନରେଗା ଯୋଜନାରେ ସ୍ୱଚ୍ଛତା ଓ ଉତ୍ତରଦାୟିତ୍ୱ ନିଶ୍ଚିତ କରିବାରେ ଓମ୍ବୁଡସପର୍ସନଙ୍କ ଭୂମିକାକୁ ସର୍ବସାଧାରଣରେ ପ୍ରଶଂସା କରିଛନ୍ତି। ଏହା ସରକାରୀ ଯୋଜନାର ସଠିକ୍ କାର୍ଯ୍ୟକାରୀତା ଓ ହିତାଧିକାରୀଙ୍କ ଅଧିକାର ସୁରକ୍ଷା ପାଇଁ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ବୋଲି ସ୍ଥାନୀୟ ବାସିନ୍ଦା ଚର୍ଚ୍ଚା କରିଛନ୍ତି।

## ପାଲାଗାୟକ ରମେଶ ଚନ୍ଦ୍ର ପରିଡ଼ାଙ୍କ ପରଲୋକ

**ବେତନଟୀ, ୨୨।୬(ସମିସ):** ବେତନଟୀ ବ୍ଲକ ଆଗ୍ରିଆ ପଞ୍ଚାୟତ ବିଷ୍ଣୁପୁର ଗ୍ରାମର ବିଶିଷ୍ଟ ପାଲା ଗାୟକ ତଥା ଲେଖକ ରମେଶ ଚନ୍ଦ୍ର ପରିଡ଼ା(୮୯)ଙ୍କ ପରଲୋକ ଘଟିଛି। ମୟୂରଭଞ୍ଜ ଜିଲ୍ଲାର ବିଷ୍ଣୁପୁର (ଆଗ୍ରିଆ)ରେ ୧୯୩୬ମସିହାରେ ଏକ କୃଷକ ପରିବାରରେ ସେ ଜନ୍ମ ଗ୍ରହଣ କରିଥିଲେ। ୧୯୫୪-ବେତନଟୀ ଉଚ୍ଚ ବିଦ୍ୟାଳୟରେ ଅଧ୍ୟୟନ କରୁଥିବା ବେଳେ ପାଲା ଗାଇବା, ଓଡ଼ିଆ ସାହିତ୍ୟ ଚର୍ଚ୍ଚା ତାଙ୍କୁ ଆକୃଷ୍ଟ କରିଥିଲା। ସେ କଟକ, ବାଲେଶ୍ୱର, କେଉଁଝର, ମୟୂରଭଞ୍ଜ, ମେଦିନୀପୁର, ସିଂହଭୂମି ଇତ୍ୟାଦିରେ ପାଲା ପରିବେଷଣ କରି ବେଶ ଲୋକପ୍ରିୟ ହୋଇଥିଲେ। ମୟୂରଭଞ୍ଜ ପାଲା ସମ୍ମିଳନୀ, ବେତନଟୀ ବ୍ଲକସ୍ତରରେ ଓ ୧୯୯୪ରେ ଭୁବନେଶ୍ୱରରେ ଓଡ଼ିଶା ଗାୟକ ସମ୍ମିଳନୀରୁ ମାନପତ୍ର ପାଇଛନ୍ତି। ସମ୍ପ୍ରତି ପ୍ରକାଶିତ ହେବାକୁ ଯାଉଥିବା 'ଅରଣ୍ୟ କୁସୁମ' ପୁସ୍ତକଟି ସମସ୍ତଙ୍କ ପାଖରେ ଆଦୃତ ହୋଇପାରିଛି। ବେତନଟୀ 'ମୟୂର ସାହିତ୍ୟ ସଂସଦର' ପୃଷ୍ଠପୋଷକ ଥିଲେ। ସେ ଓଡ଼ିଆ ଭାଷା, ସାହିତ୍ୟ, କାବ୍ୟ ଓ କବିତାର ପୁନରୁଦ୍ଧାର ଓ ପ୍ରଚାର ପାଇଁ ସଦା ଚେଷ୍ଟିତ ରହିଥିଲେ। ସ୍ୱର୍ଗତ ପରିଡ଼ାଙ୍କ ମୃତ୍ୟୁ ସମୟରେ ତାଙ୍କର ତିନି ପୁଅ, ବହୂ ଓ ନାତି ନାତୁଣୀଙ୍କ ସହ ସମସ୍ତ ପରିବାର ଉପସ୍ଥିତ ଥିଲେ। ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ ସମ୍ପନ୍ନ କରାଯାଇଛି।



## ପ୍ରଥମ ନଦୀ ବଢ଼ିରେ ଭୀମକୁଣ୍ଡର ମନୋରମ ଦୃଶ୍ୟ



**ମହୁଲଡିହା, ୨୨।୬(ସମିସ):** ଠାକୁରମୁଣ୍ଡା ବ୍ଲକର ଏକମାତ୍ର ପର୍ଯ୍ୟଟନସ୍ଥଳୀ ଭୀମକୁଣ୍ଡ ପ୍ରଥମ ଲଘୁଚାପ ବର୍ଷାରେ 'ଭୀମରୂପ' ପ୍ରଦର୍ଶନ କରିଛି। ୧୭ରୁ ୧୯ ତାରିଖ ପର୍ଯ୍ୟନ୍ତ ଲଗାଣ ବର୍ଷା ଫଳରେ ବୈତରଣୀରେ ବନ୍ୟା ଜଳ ଆସିଛି। ବନ୍ୟା ସେତେ ପ୍ରଖର ନଥିଲେ ମଧ୍ୟ ୨ କୂଳ ଛୁଇଁଥିଲା। ନଦୀ ସେପଟେ କେନ୍ଦୁଝର ଜିଲ୍ଲା ୱାଚ୍‌ଟାୱାର ଏବଂ ମୟୂରଭଞ୍ଜ ପଟ ଗ୍ୟାଲେରୀକୁ ସ୍ପର୍ଶ କରିଥିଲା। ଏହି ଦୃଶ୍ୟ ଦେଖିବା ପାଇଁ ପରିଦର୍ଶକ ଆଗ୍ରହ ପ୍ରକାଶ କରୁଥିବା ଦେଖିବାକୁ ମିଳିଛି। ବୈତରଣୀ ନଦୀର ଭୀମକୁଣ୍ଡ ଏକ ଗୁରୁତ୍ୱପୂର୍ଣ୍ଣ ସ୍ଥାନ। ମହାଭାରତ ସମୟର କିମ୍ବଦନ୍ତୀ ଏଥି ସହିତ ଜଡ଼ିତ ହୋଇରହିଛି। ବିରାଟ ରାଜ୍ୟ ଓ କୀଚକ ଗଡ଼ ମଧ୍ୟବର୍ତ୍ତୀ ଅଞ୍ଚଳ ହେଉଛି ଭୀମକୁଣ୍ଡ। ଅଜ୍ଞାତବାସ ସମୟରେ ପାଣ୍ଡବମାନଙ୍କ ତୃଷ୍ଣା ମେଣ୍ଟାଇବା ପାଇଁ ଭୀମ ବୈତରଣୀକୁ ଆଣି କୁଣ୍ଡରେ ଛାଡ଼ିଥିଲେ। ସେବେଠାରୁ କୁଣ୍ଡର ନାମ ଭୀମଙ୍କ ନାମ ଅନୁସାରେ ଭୀମକୁଣ୍ଡ ହୋଇଥିବା କୁହାଯାଏ। ଏହି କୁଣ୍ଡରେ ବୈତରଣୀ ନଦୀ ୯୦ ଡିଗ୍ରୀରେ ବଙ୍କିଛି। ଯାହା ଅନ୍ୟ କେଉଁଠି ଦେଖିବାକୁ ମିଳେନାହିଁ। ଭୀମକୁଣ୍ଡର ଉଭୟ ପାର୍ଶ୍ୱରେ କ୍ରମଶଃ ବିକାଶ ଘଟୁଛି ଏବଂ ସବୁଦିନିଆ ପର୍ଯ୍ୟଟନସ୍ଥଳୀ ଭାବେ ଏହା ବିକଶିତ ହେବାକୁ ଆହୁରି ଅନେକ ବର୍ଷ ଲାଗିଯିବ। ଏବେକାର ସରକାର ଭୀମକୁଣ୍ଡର ଉନ୍ନତି ପାଇଁ ଘୋଷଣା କରିଥିଲେ ମଧ୍ୟ ତାହା କେବଳ ଧୂଆଁ ବାଣରେ ହଜିଯାଇଛି। ପର୍ଯ୍ୟଟନ ବିଭାଗ ଏହା ହାତକୁ ନେବା କଥା ଆଲୋଚନା ହେଉଥିଲେ ମଧ୍ୟ ତାର କୌଣସି ବାସ୍ତବ ଉପସ୍ଥିତି ଦେଖିବାକୁ ମିଳିନି। ଭୀମକୁଣ୍ଡରେ ଝୁଲା ପୋଲ ହେବା ଥବର ସେମିତି କିଛି ସମ୍ଭାବନା ଏଯାବତ ଜଣାପଡ଼ିନାହିଁ। ଅବଶ୍ୟ ନଦୀ ଉପରେ ଭୀମକୁଣ୍ଡ ନିକଟରେ ପୋଲ ନିର୍ମାଣ ହୋଇଥିବାରୁ ଉଭୟ ପଟକୁ ଯୋଡ଼ିବା ସମ୍ଭବ ହୋଇଛି। ପାଟଣା, ଘଟଗାଁ ଆଦିକୁ ସଡ଼କ ପଥର ଦୂରତା ହ୍ରାସ ଘଟିଛି। ତେବେ ଲଗାଣ ବର୍ଷାରେ ପ୍ରଥମ ନଦୀ ବଢ଼ି ଦର୍ଶକଙ୍କୁ ଆକୃଷ୍ଟ କରିଛି। ପିକନିକ ପାଇଁ ଭୀମକୁଣ୍ଡ ଅଧିକ ଜଣାଶୁଣା ଥିଲେ ମଧ୍ୟ ସବୁଦିନିଆ ପର୍ଯ୍ୟଟନସ୍ଥଳୀ ଭାବେ ବିକାଶ କରିବାକୁ ସରକାରୀ ଉଦ୍ୟମର ଘୋର ଅଭାବ ଦେଖାଯାଉଛି।

### ବିଭିନ୍ନ ସ୍ଥାନରେ ଅନ୍ତର୍ଜାତୀୟ ଯୋଗ ଦିବସ

# ଶରୀର ଓ ମନକୁ ସୁସ୍ଥ ରଖିଥାଏ ନିୟମିତ ଯୋଗାଭ୍ୟାସ

### ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର



**ମହୁଲଡିହା:** ଠାକୁରମୁଣ୍ଡା ବ୍ଲକ ଅଧୀନ ଏକମାତ୍ର ଆବାସିକ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର କେନ୍ଦୁଜିଆଣୀର ବୌଦ୍ଧିକ ମଣ୍ଡପରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇଯାଇଛି। ପ୍ରଧାନଆଚାର୍ଯ୍ୟ ପର୍ଶୁରାମ ମହାନ୍ତ ବିଶ୍ୱ ଯୋଗ ଦିବସର ମହତ୍ତ୍ୱ ସମ୍ପର୍କରେ ଆଲୋଚନା କରିଥିଲେ। ମୟୂରଭଞ୍ଜ ବିଭାଗ ଯୋଗ ପ୍ରମୁଖ ଆଚାର୍ଯ୍ୟ ଭଗୀରଥି ପତି ଓ ବିଦ୍ୟାଳୟର ଯୋଗ ପ୍ରମୁଖ ଆଚାର୍ଯ୍ୟ ଫାଗୁ ସର୍ଦ୍ଦାର ମୁର୍ମୁ ବ୍ୟାୟାମ କରାଇଥିଲେ। ବିଦ୍ୟାଳୟର ଆଚାର୍ଯ୍ୟ କରୁଣା କର ମହାନ୍ତଙ୍କ ସଂଯୋଜନାରେ ଆଚାର୍ଯ୍ୟ, ଶତାଧିକ ଶିଶୁ ଓ ସେବକ ଯୋଗ ଦିବସରେ ଭାଗ ନେଇଥିଲେ।

**ବାରିପଦା, ୨୨।୬(ସମିସ)**



ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ଜାତୀୟ ସେବା ଯୋଜନା ଏବଂ ଯୋଗ ଓ ପ୍ରାକୃତିକ ଚିକିତ୍ସା ବିଭାଗର ମିଳିତ ସହଯୋଗରେ ଅନ୍ତର୍ଜାତୀୟ ଯୋଗଦିବସ ପାଳିତ ହୋଇଛି। ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ ଯୋଗଦିବସର ଶୁଭାରମ୍ଭ କରିଥିଲେ। ସେ କହିଥିଲେ ଯେ ଯୋଗ ସୁସ୍ଥ ଜୀବନର ମୂଳମନ୍ତ୍ର। ନିୟମିତ ଯୋଗାଭ୍ୟାସ ମନୁଷ୍ୟର ଶରୀର ଓ ମନକୁ ସୁସ୍ଥ ରଖିଥାଏ। ଯୋଗ ଓ ପ୍ରାକୃତିକ ଚିକିତ୍ସା ବିଭାଗର ସଂଯୋଜକ ପ୍ରଫେସର ପ୍ରମୋଦ କୁମାର ଶତପଥୀ ପ୍ରାରମ୍ଭିକ ସୂଚନା ଦେଇଥିଲେ। ପ୍ରଥମେ ବିଶ୍ୱବିଦ୍ୟାଳୟର ସମ୍ମିଳନୀ କକ୍ଷରେ ଯୋଗାଭ୍ୟାସ କରାଯାଇଥିଲା। ପରବର୍ତ୍ତୀ ସମୟରେ ସ୍ୱାମୀ ବିବେକାନନ୍ଦ ଯୋଗ ଓ ରିସର୍ଚ୍ଚ ସେଣ୍ଟର, ବାରିପଦା ଓ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ଯୋଗ ବିଭାଗର ମିଳିତ ଉଦ୍ୟମରେ ଛାତ୍ରଛାତ୍ରୀ ଯୋଗ ପ୍ରଦର୍ଶନ କରିଥିଲେ। ଆୟୋଜିତ ହୋଇଥିବା ପ୍ରବନ୍ଧ ଲିଖନ ପ୍ରତିଯୋଗିତାରେ ଅଂଶିକା ବରାଳ, ମୋହିନୀ ଲକ୍ଷ୍ମୀମୁଦ୍ରା ଶତପଥୀ, ସୀମାଲତା ସାହୁ ଏବଂ ପୋଷ୍ଟର ପ୍ରସ୍ତୁତିରେ ଅର୍ଜୁନ କୁମାର ବାରିକ, ପ୍ରଜ୍ଞା ପାରମିତା ନାୟକ, ଅଂଶିକା ବରାଳ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିଲେ। ସେହିପରି ପ୍ରାକୃତିକ ଯୋଗାସନ ପ୍ରତିଯୋଗିତାରେ ମହିଳା ବର୍ଗରେ ଅଂଶିକା ବରାଳ, ରଞ୍ଜନା ସିଂ, ସୁରଭି ମହାନ୍ତ ଏବଂ ପୁରୁଷ ବର୍ଗରେ ଯଥାକ୍ରମେ ଅଭିଷେକ ଦାସ, କିଶୋର ମହାନ୍ତ, ଅନନ୍ତ ବେହେରା ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଏହି ଅବସରରେ କୁଳପତିଙ୍କଦ୍ୱାରା କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମରେ ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରଫେସର କମଳଲୋଚନ ବାରିକ, କୁଳସଚିବ ସୁମିତା ସିଂ, ବିତ୍ତ ନିୟନ୍ତ୍ରକ ଶୁକଦେବ ତରାଇ, ବିଶ୍ୱବିଦ୍ୟାଳୟ ସେବା ଯୋଜନାର କାର୍ଯ୍ୟକ୍ରମ ସଂଯୋଜକ ଡ. ବସନ୍ତ କୁମାର ମହାନ୍ତ, ଜିଲ୍ଲା କାର୍ଯ୍ୟକ୍ରମ ସଂଯୋଜକ ଡ. ଅନାମ ଚରଣ ରାଉଳ, ସେବା ଯୋଜନାର କାର୍ଯ୍ୟକ୍ରମ ଅଧିକାରୀ ଡ. ବିଷ୍ଣୁପ୍ରିୟା ହାଁସଦା ଏବଂ ଡ. ଶିଶିର ବେହେରା ପ୍ରମୁଖ ଯୋଗଦାନ କରିଥିଲେ। ଯୋଗ ଓ ପ୍ରାକୃତିକ ଚିକିତ୍ସା ବିଭାଗର ସହକାରୀ ପ୍ରଫେସର ସୁଜାତା ଜେନା, ସାଗର ମନ୍ତ୍ରୀ ଏବଂ କରମଚାନ୍ଦ ବଇଠା କାର୍ଯ୍ୟକ୍ରମରେ ସହଯୋଗ କରିଥିବାବେଳେ ଡ. ବିଷ୍ଣୁପ୍ରିୟା ହାଁସଦା ପରିଚାଳନା କରିଥିଲେ।

### ଶୁକ୍ଳି ସ୍ନାତକ ମହାବିଦ୍ୟାଳୟ



**ଶୁକ୍ଳି:** ଶୁକ୍ଳି ସ୍ନାତକ ମହାବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରାଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ସଂଗ୍ରାମ କେଶରୀ ମଲ୍ଲିକଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରାରମ୍ଭରେ ଅଧ୍ୟକ୍ଷ ଶ୍ରୀ ମଲ୍ଲିକ ଯୋଗ ଓ ଆର୍ଯ୍ୟ ସନାତନ ଧର୍ମ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ପରେ ମହାବିଦ୍ୟାଳୟ ପ୍ରାଙ୍ଗଣରେ ଛାତ୍ରଛାତ୍ରୀ ତଥା ସମସ୍ତ କର୍ମଚାରୀଙ୍କୁ ନେଇ ଯୋଗ ଅଭ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅଧ୍ୟାପକ ସରୋଜ ପଲେଇ ଓ ଅଧ୍ୟାପିକା ସୁପ୍ରଭା ପୃଷ୍ଟି ଯୋଗ ପ୍ରଶିକ୍ଷଣ ପରିଚାଳନା କରିଥିଲେ। ଅଧ୍ୟାପକ ମହେଶ୍ୱର ମିଶ୍ର ଅଧ୍ୟାପକ ନିର୍ମଳ ମଲ୍ଲ, ଅଧ୍ୟାପକ ବିଶ୍ୱରଞ୍ଜନ ମାଝୀ, ଅଧ୍ୟାପକ ଯଶୋବନ୍ତ ସି, ଶାନ୍ତନୁ ପୃଷ୍ଟି, ପ୍ରଶାନ୍ତ ଘଣା, ଦାଶରଥି ଘଣା ପ୍ରମୁଖ ଅଂଶଗ୍ରହଣ କରିଥିଲେ। ଖେଳ ଶିକ୍ଷକ ପ୍ରଶାନ୍ତ ମାଝୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

### ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ



**ବିଶୋଇ:** ବିଶୋଇ ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଶିବଜ୍ୟୋତି ଭବନ ପ୍ରାଙ୍ଗଣରେ ଶନିବାର ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଯାଇଛି। ଭବନର ସଞ୍ଚାଳିକା ବ୍ର:କୁ: ମାନସୀ ଭଉଣୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଯୋଗ, ପ୍ରାଣାୟମ, ଆସନ ସହିତ ସହଜ ରାଜଯୋଗର ମହତ୍ତ୍ୱ ଉପରେ ଆଲୋକପାତ କରାଯାଇଥିଲା। ସୁଦୂର ମାଉଣ୍ଟଆବୁ ରାଜସ୍ଥାନରୁ ଆସିଥିବା ଗୋଡ଼ଲିଉଡ୍ ଷ୍ଟୁଡିଓ ଟିଭି ଚ୍ୟାନେଲର ବେଙ୍ଗଲି ଓ ନେପାଳି ଭାଷାର ପ୍ରୋଗ୍ରାମ ଡାଇରେକ୍ଟର ବ୍ର:କୁ: ଚିତ୍ତରଞ୍ଜନ ଭାଇ ମୁଖ୍ୟବ୍ୟକ୍ତା ଭାବରେ ଯୋଗଦେଇ ଶାରୀରିକ ଓ ମାନସିକ ଯୋଗ ସ୍ୱମନ୍ୱୟରେ ସହଜ ରାଜଯୋଗର ଅଭ୍ୟାସ କରାଇଥିଲେ ଏବଂ ଶରୀର, ମନ କିପରି ସୁସ୍ଥ ଓ ନିରୋଗ ରହିଥାଏ ବୋଲି ବଖାଣି ଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିବା ସମସ୍ତ ବ୍ର:କୁ: ଭାଇ, ଭଉଣୀ ଓ ମାତା ମାନେ ଯୋଗାଭ୍ୟାସ କରିଥିଲେ। ବ୍ର:କୁ: ବାସୁଦେବ, ବ୍ର:କୁ: ନିହାର, ବ୍ର:କୁ:ଦେବେନ୍ଦ୍ର ଭାଇ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

### ରାଇରଙ୍ଗପୁର ମହିଳା ମହାବିଦ୍ୟାଳୟ



**ରାଇରଙ୍ଗପୁର:** ରାଇରଙ୍ଗପୁର ମହିଳା ମହାବିଦ୍ୟାଳୟରେ ଆନ୍ତର୍ଜାତିକ ଯୋଗ ଦିବସ ପାଳିତ ହୋଇଯାଇଛି। ଅଧ୍ୟକ୍ଷ ରବିଶଙ୍କର ଶତପଥୀଙ୍କ ମାର୍ଗଦର୍ଶନ ଓ ଆବାହକ ବିଜୟ କୁମାର ରାମଙ୍କ ସହଯୋଗରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅଧ୍ୟାପିକା ପ୍ରିୟତମା ହେମ୍ବ୍ରମଙ୍କ ସଭାପତିତ୍ୱରେ ସ୍ୱାସ୍ଥ୍ୟ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା। ଅଧ୍ୟାପକ ବିଜୟ କୁମାର ରାମ 'ଯୋଗ କରେ ନିରୋଗ' ବିଷୟ ଉପରେ ବକ୍ତବ୍ୟ ରଖିଥିଲେ। ଅଧ୍ୟାପିକା ଅନୀତା ସାମାଡ ଯୋଗର ଉପକାରିତା ବିଷୟରେ କହିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ପ୍ରୀତି ରାଜଙ୍କ ସହିତ ଶତାଧିକ ଛାତ୍ରୀମାନେ ଏକା ସହିତ ଯୋଗାଭ୍ୟାସ କରିଥିଲେ। ଏନ.ଏସ.ଏସ କାର୍ଯ୍ୟକ୍ରମ ଅଧିକାରୀ ଅଧ୍ୟାପକ ଡକ୍ଟର ରାଜେନ୍ଦ୍ର ମଣ୍ଡଳ ଧନ୍ୟବାଦ ଅର୍ପଣ କରିଥିଲେ।

### ମେଘାସନ ମହାବିଦ୍ୟାଳୟ



**ପିଙ୍ଗୁ:** କପ୍ତିପଦା ବ୍ଲକ ଅଧୀନ ନୁଦଡ଼ିହା ଗ୍ରାମସ୍ଥିତ ମେଘାସନ ମହାବିଦ୍ୟାଳୟ ପରିସରରେ ଅନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଯାଇଛି। କୁଶଳଦା ସେକେଣ୍ଡାରି ଟ୍ରେନିଂ ସ୍କୁଲର ଅଧ୍ୟକ୍ଷ ସୁକାନ୍ତୀ ସୋରେନ ଯୋଗଶିକ୍ଷକ ଭାବରେ ଯୋଗଦେଇ, 'ଯୋଗ' ସମ୍ପର୍କରେ ତାଲିମ ପ୍ରଦାନ କରିଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରମୋଦ କୁମାର ରାଉତ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ପ୍ରଶାସନିକ ଅଧିକାରୀ ଡ଼. ନିରଞ୍ଜନ ପାଠୀ ଆଜକୁ ୧୧ ବର୍ଷ ପୂର୍ବେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଉଦ୍ୟମରେ ଜାତିସଂଘରେ ଯୋଗକୁ କିପରି ଅନ୍ତର୍ଜାତୀୟ ଦିବସ ରୂପେ ଘୋଷଣା କରାଯାଇଥିଲା ଏହାର ବିସ୍ତୃତ ଇତିହାସ ବର୍ଣ୍ଣନା କରିଥିଲେ। ଲେଫ୍ଟନାଣ୍ଟ ଅରୁଣ କୁମାର ଜେନା ନିଜକୁ ସୁସ୍ଥ ଓ ନିରୋଗ ରଖିବା ପାଇଁ ଏହାକୁ ନିୟମିତ ଅଭ୍ୟାସ କରିବାକୁ ପରାମର୍ଶ ଦେଇଥିଲେ।

### ବହଳଦା ବ୍ଲକ୍ ଅଞ୍ଚଳ



**ବହଳଦା:** ବହଳଦା ବ୍ଲକ ଅଞ୍ଚଳର ବିଭିନ୍ନ ସ୍ଥାନରେ ଯୋଗଦିବସ ପାଳିତ ହୋଇଛି। ବହଳଦା ଧୀରଜଲାଲ ମହାବିଦ୍ୟାଳୟର ସମ୍ମିଳନୀ କକ୍ଷରେ ବହଳଦା ବିଡିଓ ଶରତ କୁମାର ମଲ୍ଲିକଙ୍କ ଅଧ୍ୟକ୍ଷତାରେ ଯୋଗ ଦିବସ ପାଳିତ ହୋଇଯାଇଛି। ସେହିପରି ବ୍ଲକ ପକ୍ଷରୁ ଶିବିରରେ ପତଞ୍ଜଳୀ ଯୋଗ ସମିତି ଭାରତ ସ୍ୱାଭିମାନ ଟ୍ରଷ୍ଟର ଜିଲ୍ଲା ସଂଗଠନ ମନ୍ତ୍ରୀ ଓ ଯୋଗ ପ୍ରଶିକ୍ଷକ ମଧୁସୂଦନ ଦାସଙ୍କ ମାର୍ଗଦର୍ଶନରେ ଯୋଗ ପ୍ରଶିକ୍ଷକ ବିପ୍ଳବ କେଶରୀ ଦାସ, ରବୀନ୍ଦ୍ର ନାଏକ ଏବଂ ଯୋଗ ପ୍ରଶିକ୍ଷିକା କଲ୍ୟାଣୀ ମହାନ୍ତ ଯୋଗ ପ୍ରଟୋକଲ ସବୁ ପ୍ରଦର୍ଶନ କରିଥିଲେ। ବିଡିଓ ଶ୍ରୀ ମଲ୍ଲିକ ଏବଂ ଯୋଗ ପ୍ରସାରକ ମଧୁସୂଦନ ଦାସ ନିୟମିତ ଯୋଗ ଅଭ୍ୟାସ ଦ୍ୱାରା ଆମେ କିପରି ସୁସ୍ଥ ଓ ନିରୋଗ ରହି ପାରିବା ସେନେଇ ପରାମର୍ଶ ଦେଇଥିଲେ। ବ୍ଲକ କର୍ମଚାରୀ ଦୀପକ କୁମାର ମହାନ୍ତ, ସୁବାଶିଷ ପାତ୍ର, ସୁଶାନ୍ତ କୁମାର ସାହୁ ଏବଂ ପ୍ରଫୁଲ୍ଲ କୁମାର ବେଦ ପ୍ରମୁଖ ପରିଚାଳନା କରିଥିଲେ। ସେହିପରି ବହଳଦା ଉଚ୍ଚବିଦ୍ୟାଳୟ, କୀଚକେଶ୍ୱରୀ ବାଳିକା ଉଚ୍ଚବିଦ୍ୟାଳୟ ଏବଂ ବିଭିନ୍ନ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ ଓ ଶିକ୍ଷା ଅନୁଷ୍ଠାନରେ ମଧ୍ୟ ଯୋଗଦିବସ ପାଳନ ହୋଇଛି।

### ଉପେନ୍ଦ୍ରନାଥ ଉଚ୍ଚ ବିଦ୍ୟାଳୟ



**କପ୍ତିପଦା:** ପଦ୍ମପୋଖରୀ ପଞ୍ଚାୟତ ଉପେନ୍ଦ୍ରନାଥ ଉଚ୍ଚ ବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୋଗ ଦିବସ ଜୁନିୟର ରେଡକ୍ରସର ବ୍ଲକ ସଂଯୋଜକ ଦିଲ୍ଲୀପ କୁମାର ଚକ୍ରବର୍ତ୍ତୀଙ୍କ ଆବାହକରେ ପାଳନ ହୋଇଛି। ଶିକ୍ଷକ ଶ୍ରୀ ଚକ୍ରବର୍ତ୍ତୀ 'ଏକ ପୃଥିବୀ, ଏକ ସ୍ୱାସ୍ଥ୍ୟ ପାଇଁ ଯୋଗ' ଓ ଯୋଗର ଉପଯୋଗିତା ବିଷୟରେ ବକ୍ତବ୍ୟ ରଖିଥିଲେ। ଯୋଗ ପ୍ରାଣାୟମକୁ ନିୟମିତ କରୁଥିବା ବ୍ୟକ୍ତିଙ୍କୁ ଜୀବନରେ କୌଣସି ରୋଗ ଛୁଇଁ ପାରେନାହିଁ ବୋଲି ସେ କହିଥିଲେ।


### କୁଆମରା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର

**କୁଆମରା:** ଗୋପବନ୍ଧୁ ନଗର ବ୍ଲକ କୁଆମରା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଯୋଗ ଦିବସ ପାଳନ ହୋଇଯାଇଛି। ମଣ୍ଡଳ ସଭାପତି ଦୀନକୃଷ୍ଣ ଦାସବାବୁ ଓ ପ୍ରଧାନ ଗୁରୁଜୀ ରମେଶ ଚନ୍ଦ୍ର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଉଜ୍ଜ୍ୱଳ କୁମାର ସେନ ଯୋଗଶିକ୍ଷା ଦେଇଥିଲେ। ସେହିପରି ସାଇଁକୁଳା ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ଦୋଳପଡ଼ିଆରେ ଯୋଗ କରାଯାଇଥିଲା। ବିଭିନ୍ନ ସଂଗଠନ ଏଥିରେ ସାମିଲ ହୋଇଥିଲେ। କୁଆମରା ସାରସ୍ୱତ ଡିଗ୍ରୀ କଲେଜରେ ମଧ୍ୟ ଅବସରପ୍ରାପ୍ତ ପ୍ରାଧ୍ୟାପକ କରୁଣାକର ମହାପାତ୍ର ଯୋଗ ଶିକ୍ଷା ଦେଇଥିଲେ। ଅଧ୍ୟକ୍ଷ ସୁବଳ ଦାସ ଶିବିରକୁ ଉଦ୍‌ଘାଟନ କରି ଶାରିରୀକ, ମାନସିକ ଏବଂ ଆଧାତ୍ମିକ ସୁସ୍ଥତା ନିମନ୍ତେ ଯୋଗ ଏକାନ୍ତ ଅପରିହାର୍ଯ୍ୟ ବୋଲି ମତବ୍ୟକ୍ତ କରିଥିଲେ। ପୁରୁଣା ବାରିପଦା ବିବେକାନନ୍ଦ ଶିକ୍ଷାକେନ୍ଦ୍ରରେ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଗୁରୁଜୀ ଜ୍ଞାନରଞ୍ଜନ ପଣ୍ଡା ଛାତ୍ରଛାତ୍ରୀ ତଥା ଗୁରୁଜୀ ଗୁରୁମା'ଙ୍କୁ ଯୋଗର ଉପକାରିତା ସମ୍ପର୍କରେ ବୁଝାଇଥିଲେ। ପ୍ରଧାନ ଆଚାର୍ଯ୍ୟ ବ୍ରହ୍ମାନନ୍ଦ ବେହେରା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସେହିପରି ଖୁଣ୍ଟା ଡିଗ୍ରୀ ମହାବିଦ୍ୟାଳୟରେ ପ୍ରଶାସନିକ ଅଧିକାରୀ ପ୍ରମୋଦ କୁମାର ମିଶ୍ରଙ୍କ ତତ୍ତ୍ୱାବଧାନରେ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରଛାତ୍ରୀ ଯୋଗ କରିଥିଲେ। କ୍ରୀଡା ଶିକ୍ଷକ କିଶୋର ଚନ୍ଦ୍ର ଦାଶ, ରେଡକ୍ରସ କାଉନସିଲର ଅଧ୍ୟାପିକା ଗୋପା ସିଂହ, ଜାତୀୟ ସେବା ଯୋଜନା ଅଧିକାରୀ ଅଧ୍ୟାପକ ଶୁଭମ ସାସମଲ ଯୋଗ ଶିକ୍ଷା ସମ୍ପର୍କରେ ବଖାଇଥିଲେ।



ସକାଳ
THE SAKALA

# ସମ୍ପାଦକୀୟ



ଉପଯୁକ୍ତ ବୌଦ୍ଧିକ ଓ ଆର୍ଥିକ ସହାୟତା ମିଳିଲେ କୃଷି କ୍ଷେତ୍ର ନିଯୁକ୍ତିଭିତ୍ତିକ ଅର୍ଥନୈତିକ ପ୍ରଗତିରେ ଉଲ୍ଲେଖନୀୟ ଯୋଗଦାନ ଦେଇପାରିବ।
-ଏମ୍ ଏସ୍ ସ୍ୱାମୀନାଥନ୍

## ଶ୍ରମିକ ମାରଣ ନୀତି

ଦେଶରେ ବେରୋଜଗାରୀ ହାର ଗତ ମେ' ମାସରେ ପୂର୍ବ ମାସ ତୁଳନାରେ ୦.୫ ପ୍ରତିଶତ ବୃଦ୍ଧି ପାଇଛି। ୧୪୫ କୋଟି ଜନସଂଖ୍ୟା ବିଶିଷ୍ଟ ଏକ ଦେଶ ପାଇଁ ଏହି ପରିସଂଖ୍ୟାନ କେତେ ଉଦ୍‌ବେଗଜନକ ତାହା ବୁଝାଇ କହିବା ଆବଶ୍ୟକ ନାହିଁ। ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳକୁ ମିଶାଇ ଏହି ପରିସଂଖ୍ୟାନ ପ୍ରକାଶ ପାଇଥିବା ବେଳେ ଅମଳ ପରେ କୃଷି ଶ୍ରମିକମାନଙ୍କ ହାତରେ ଆଉ କାମ ନଥିବାରୁ ତାହାର ପ୍ରଭାବ ସାମଗ୍ରିକ ଭାବେ ଦେଶର ବେରୋଜଗାରୀ ସୂଚକାଙ୍କ ଉପରେ ପଡ଼ିଛି ବୋଲି ସରକାରୀ ଭାବେ କୁହାଯାଇଛି। ଅଥଚ କେନ୍ଦ୍ର ସରକାର ରୋଜଗାରର ନିଶ୍ଚିତ ଓ ନିର୍ଭରଯୋଗ୍ୟ ପନ୍ଥା 'ଏମ୍‌ନରେଗା'ର ପାଣ୍ଠି ପ୍ରଦାନକୁ ସାମୟିକ ସ୍ଥଗିତ କରିଦେଇଛନ୍ତି। ଏହି ଦୁଇ ବିପରୀତଧର୍ମୀ ତଥ୍ୟକୁ ମିଶାଇ ଦେଖିଲେ ଯୋଜନା ପ୍ରଣୟନ ଓ ରୂପାୟନ ମଧ୍ୟରେ ଯେ ତ୍ରୁଟି ରହିଛି ତାହା ଅସ୍ୱୀକାର କରାଯାଇପାରିବ ନାହିଁ।

ଗ୍ରାମୀଣ ଭାରତରେ ଶ୍ରମଜୀବୀଙ୍କ ହାତକୁ ଅଧିକରୁ ଅଧିକ କାମ ଦେଇ ବେରୋଜଗାରୀ ସମସ୍ୟାର ସମାଧାନ ଲକ୍ଷ୍ୟରେ ଯୁଗାନ୍ତକାରୀ 'ମହାତ୍ମାଗାନ୍ଧୀ ଜାତୀୟ ଗ୍ରାମୀଣ କର୍ମନିଯୁକ୍ତି ନିଶ୍ଚିତ ଯୋଜନା(ଏମ୍‌ନରେଗା)' ଆରମ୍ଭ କରାଯାଇଥିଲା। ବିଶେଷକରି ବେଉଷଣ ଓ ଅମଳ ପରବର୍ତ୍ତୀ ସମୟରେ ଶ୍ରମଜୀବୀଙ୍କ ପାଖରେ ଆଉ ବିଶେଷ କାମ ରହୁ ନଥିବାରୁ ସେମାନଙ୍କ ରୋଜଗାରର ପନ୍ଥା ସଂକୁଚିତ ହୋଇଯାଏ। ତେଣୁ ସେହି ସମୟରେ ଭିତ୍ତିଭୂମି ବିକାଶ ଓ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଶ୍ରମଜୀବୀଙ୍କୁ ଅନ୍ତତଃ ପରବର୍ତ୍ତୀ ଚାଷବାସ ପର୍ଯ୍ୟନ୍ତ ଶହେ ଦିନର କାମ ଯୋଗାଇ ଦେବାର ପ୍ରତିଶ୍ରୁତି ଏହି ଯୋଜନାରେ ରହିଛି। ଉପା ସରକାର ଅମଳରେ ଆରମ୍ଭ ହୋଇଥିବା ଏହି ଯୋଜନା ପ୍ରତି ଏନ୍‌ଡିଏ ସରକାର ସମୟୋପଯୋଗୀ ଗୁରୁତ୍ୱ ଦେଉ ନଥିବା ଅଭିଯୋଗ ହୋଇଆସୁଛି। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟାକୁ ଦୃଷ୍ଟିରେ ରଖି କାର୍ଯ୍ୟଦିବସ ଓ ବଜେଟ୍ ବ୍ୟୟବରାଦ ବୃଦ୍ଧି ପାଇବା ବଦଳରେ ଦୀର୍ଘବର୍ଷ ଧରି ଏହା ଅପରିବର୍ତ୍ତିତ ରହିବା ଦ୍ୱାରା ସ୍ୱାଭାବିକ ଭାବେ କେନ୍ଦ୍ର ସରକାରଙ୍କ ଶ୍ରମିକ ରୋଜଗାର ପ୍ରସଙ୍ଗରେ ଥିବା ଆନ୍ତରିକତା ଓ ଅଙ୍ଗୀକାରବଦ୍ଧତା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ଆହୁରି ମଧ୍ୟ ଯନ୍ତ୍ରଚାଳିତ କାମ ଉପରେ ଅଧୁନା ଅଧିକ ଗୁରୁତ୍ୱ ଦିଆଯାଉଥିବାରୁ ଶ୍ରମଜୀବୀମାନଙ୍କ ହାତକୁ ଆଉ ସେପରି ଆଖିଦୃଶିଆ କାମ ଆସୁନି। ଏହି ପୃଷ୍ଠଭୂମିରେ କେନ୍ଦ୍ର ସରକାର ଚଳିତ ଆର୍ଥିକ ବର୍ଷର ପ୍ରଥମ ଛଅ ମାସ ପାଇଁ ଏମ୍‌ନରେଗା ବାବଦ ମୋଟ ବ୍ୟୟବରାଦର କେବଳ ୬୦% ଅର୍ଥ ମଞ୍ଜୁର କରିବାକୁ କଟକଣା ଜାରି କରିଛନ୍ତି। ଏମ୍‌ନରେଗାରେ ପ୍ରଥମ ଥର ପାଇଁ ଏଭଳି କଟକଣା ଜାରି ହେବା ପଛରେ ନିର୍ଦ୍ଦିଷ୍ଟ ଯୁକ୍ତିଯୁକ୍ତତା ମଧ୍ୟ ନାହିଁ।

ସମସ୍ତ ଯୋଜନା, ପ୍ରକଳ୍ପର ବ୍ୟୟମଞ୍ଜୁରୀକୁ ମାସିକ ଓ ତ୍ରୈମାସିକ ଭିତ୍ତିକ କରିବା ଲାଗି ୨୦୧୭ ମସିହାରେ କେନ୍ଦ୍ର ସରକାର ଏମ୍‌ଇପି ଓ କ୍ୟୁଏପି ନାମକ ସରକାରୀ ବ୍ୟବସ୍ଥା ଆରମ୍ଭ କରିଥିଲେ। ଏମ୍‌ନରେଗାକୁ ଏହି ବ୍ୟବସ୍ଥାରୁ ବାଦ୍ ଦିଆଯାଇଥିବା ବେଳେ ଚଳିତ ଆର୍ଥିକ ବର୍ଷରେ ସାମିଲ୍ କରାଯାଇଛି। ନିର୍ଦ୍ଦିଷ୍ଟ ସମୟ ସୀମା ଭିତରେ ବିଭିନ୍ନ ଯୋଜନା ଓ ପ୍ରକଳ୍ପର ବ୍ୟୟବରାଦ ଅର୍ଥ ଖର୍ଚ୍ଚ ନ ହୋଇପାରି ପଡ଼ି ରହୁଥିବାରୁ ତାହା ଅତିରିକ୍ତ ବଜେଟ୍ ଓ ପରବର୍ତ୍ତୀ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତ କରିବା ବେଳେ ସମସ୍ୟା ସୃଷ୍ଟି କରୁଛି। ଏଥିରେ ସମାନୁପାତିତା ଆଣିବା ପାଇଁ ଉପରୋକ୍ତ ଏମ୍‌ଇପି ଓ କ୍ୟୁଏପି ବଜେଟ୍ ପରିଚାଳନାର ଏକ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ହୋଇପାରେ। କିନ୍ତୁ ଏହା ଅଧୀନକୁ ଗ୍ରାମୀଣ ଗରିବ ଲୋକଙ୍କ ପେଟପାଟଣା ସହିତ ଜଡ଼ିତ ଜନକଲ୍ୟାଣ ଯୋଜନାଗୁଡ଼ିକୁ ଆଣିବା ଠିକ୍ ନୁହେଁ ବୋଲି ମତ ପ୍ରକାଶ ପାଇଛି। ଏମ୍‌ନରେଗାରେ କାର୍ଯ୍ୟ ଚାହିଦା ଏପ୍ରିଲରୁ ଜୁନ୍ ମାସରେ ସର୍ବାଧିକ ହୋଇଥିବା ବେଳେ ସେହି ସମୟରେ ହିଁ ବଜେଟ୍ କଟକଣା ଲାଗୁ ହେବାରୁ ବିଭିନ୍ନ ମହଲରୁ ସମାଲୋଚନା ଆରମ୍ଭ ହୋଇଛି।

ଏମ୍‌ନରେଗାରେ କାର୍ଯ୍ୟଦିବସ ବଣ୍ଟନ ସରକାରଙ୍କ ଏକ ବୈଧାନିକ ଦାୟିତ୍ୱ। ଏଥିରୁ ହିତାଧିକାରୀଙ୍କୁ ବଞ୍ଚିତ କରିବା ସମ୍ବିଧାନର ଧାରା ୨୧ର ଉଲ୍ଲଙ୍ଘନ ବୋଲି ଧରାଯିବ। ଅତୀତରେ ଦେଶର ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ସ୍ପଷ୍ଟ କରିଛନ୍ତି ଯେ ସରକାର ପାଣ୍ଠି ଅଭାବ କିମ୍ବା ଅନ୍ୟ କୌଣସି ଆର୍ଥିକ ଦୁରବସ୍ଥା ଆଳରେ ଲୋକମାନଙ୍କ ରୋଜଗାର ଉତ୍ସକୁ ବନ୍ଦ କରିପାରିବେ ନାହିଁ। ଏମ୍‌ନରେଗାର ଧାରା ୩ ଅନୁଯାୟୀ ହିତାଧିକାରୀମାନେ କାମ ମାଗିବାର ୧୫ ଦିନ ଭିତରେ ସରକାର ସେମାନଙ୍କୁ କାମ ଦେବାକୁ ବାଧ୍ୟ ଏବଂ କାମ ସରିବାର ୧୫ ଦିନ ମଧ୍ୟରେ ସେମାନେ ନିଜର ପାଉଣା ବା ପାରିଶ୍ରମିକ ପାଇବାକୁ ହକ୍‌ଦାର। ଏବେ କେନ୍ଦ୍ର ସରକାର ଏହା ଉପରେ କଟକଣା ଜାରି କରିଥିବାରୁ ରାଜ୍ୟମାନେ ଅସୁବିଧା ଓ ଆଇନଗତ ଆହ୍ୱାନର ସମ୍ମୁଖୀନ ହୋଇପାରନ୍ତି। ଏମ୍‌ନରେଗାରେ ଦାବି କରିବା ସତ୍ତ୍ୱେ ଧାର୍ଯ୍ୟ ସମୟରେ କାମ ନ ମିଳିଲେ ହିତାଧିକାରୀମାନଙ୍କୁ ରାଜ୍ୟ ସରକାରମାନେ ବେକାରୀ ଭତ୍ତା ଦେବାକୁ ବାଧ୍ୟ ହେବେ ଏବଂ ପାରିଶ୍ରମିକ ବାବଦ ପାଉଣା ଦେବାରେ ବିଳମ୍ବ ହେଲେ ସୁଧ ବୋଝ ମଧ୍ୟ ରାଜ୍ୟ ରାଜକୋଷମାନଙ୍କ ଉପରେ ବଢ଼ି ଚାଲିବ।

କେନ୍ଦ୍ର ସରକାରଙ୍କ ନୀତି ନିର୍ଦ୍ଧାରକ ଓ ନିଷ୍ପତ୍ତି ନେଉଥିବା ଅଧିକାରୀମାନେ ଯେ ଏ ବିଷୟରେ ଅଜ୍ଞ ଥିବେ ତାହା ନୁହେଁ। ତଥାପି ଏମ୍‌ଇପି ଓ କ୍ୟୁଏପି ପ୍ରକ୍ରିୟାରେ ଏମ୍‌ନରେଗାକୁ ଅନ୍ତର୍ଭୁକ୍ତ କରିବା ପଛର କାରଣ ସେମାନେ ହିଁ କହିପାରିବେ। କିନ୍ତୁ ଯାହା ଆଖିକୁ ଦେଖାଯାଉଛି ତାହା ସାଧାରଣ ଭାଷାରେ ଶ୍ରମିକ ମାରଣ ନୀତି ଭାବରେ ଅଭିହିତ କରାଗଲେ ଭୁଲ୍ ହେବ ନାହିଁ। କେନ୍ଦ୍ର ସରକାର କେବଳ ମାଗଣା ରାସନ୍ ଯୋଗାଣର ଦୋହାଇ ଦେଇ ଏ କ୍ଷେତ୍ରରେ ନିଜ ଦାୟିତ୍ୱରୁ ଓହରି ଯାଇପାରିବେ ନାହିଁ। କାରଣ ମାଗଣା ରାସନ୍ ଯୋଜନାରେ ଯେତିକି ଚାଉଳ ଓ ଗହମ ମିଳୁଛି ସେଥିରେ ଖାଦ୍ୟ ସୁରକ୍ଷା ସମ୍ପୂର୍ଣ୍ଣ ନିଶ୍ଚିତ କରିହେବ ନାହିଁ, ତାହାକୁ କେବଳ ଏକ ସହାୟକ ରୂପେ ଗ୍ରହଣ କରାଯାଇପାରିବ। ଅଧିକନ୍ତୁ ବର୍ତ୍ତମାନ ବଜାରରେ ଖାଦ୍ୟ ଶସ୍ୟର ଦରଦାମ ଯେଭଳି ବଢ଼ି ଚାଲିଛି ସେଥିରେ କେବଳ ମାଗଣା ରାସନ୍ ଲୋକଙ୍କ ଜୀବନକୁ ଧାରଣଯୋଗ୍ୟ କରିବାରେ ସକ୍ଷମ ହେବ ନାହିଁ।

ଶୀତତାପ ନିୟନ୍ତ୍ରିତ କୋଠରିରେ ବସି ନିଆଯାଉଥିବା ନିଷ୍ପତ୍ତି ଏବଂ ତୃଣମୂଳସ୍ତରର ବାସ୍ତବତା ଭିତରେ ଆକାଶପାତାଳ ଫରକ ଅଛି। ତେଣୁ ସରକାର ବାସ୍ତବତାକୁ ହୃଦୟଙ୍ଗମ କରନ୍ତୁ। ନୀତି ନିର୍ଦ୍ଧାରକମାନେ କ୍ଷେତ୍ର ପରିଦର୍ଶନ କରନ୍ତୁ। ଖୋଦ୍ ସରକାରଙ୍କ ବେରୋଜଗାରୀ ପରିସଂଖ୍ୟାନକୁ ଆଧାର ଭାବେ ଗ୍ରହଣ କରି ନୀତି ନିର୍ଦ୍ଧାରକମାନେ ଏଭଳି ଶ୍ରମିକ ମାରଣ ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ।

# ଜିଜ୍ଞାସା ପ୍ରେରିତ ବନାମ ବଜାର ପରିଚାଳିତ ବିଜ୍ଞାନ

ଡକ୍ଟର ଚିତ୍ତରଞ୍ଜନ ମିଶ୍ର

୧୮୭୬ରେ କୋଲକାତାରେ ପ୍ରତିଷ୍ଠିତ 'ଦି ଇଣ୍ଡିଆନ ଆସୋସିଏସନ୍ ଫର ଦି କଲ୍‌ଟିଭେସନ ଅଫ ସାଇନ୍ସ'ରେ ଗବେଷଣା କରି ସାର୍ ଚନ୍ଦ୍ରଶେଖର ଭେଙ୍କଟ ରମଣ ଭାରତବର୍ଷ ଏବଂ ଏସିଆ ମହାଦେଶର ପ୍ରଥମ ନୋବେଲ ପୁରସ୍କାର ବିଜେତା ଭାବେ ଅଦ୍ୱିତୀୟ ଗୌରବର ଅଧିକାରୀ ହୋଇଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ରମଣଙ୍କ ମୂଳ ଲକ୍ଷ୍ୟ କ'ଣ ଥିଲା? ସେ କ'ଣ ତାତ୍କାଳିକ ସାମାଜିକ ସମସ୍ୟା ସମାଧାନର ସମ୍ଭାବନା ଦ୍ୱାରା ଅଭିପ୍ରେରିତ ହୋଇଥିଲେ ନା ବିଜ୍ଞାନ ପଛରେ ଅଣନିଃଶ୍ୱାସୀ ହୋଇ ଅନୁଧାବନ କରିବାର ଅଦମ୍ୟ ନିଶା ତାଙ୍କୁ ଘାରିଥିଲା ? ନା ପଦାର୍ଥ ବିଜ୍ଞାନ କ୍ଷେତ୍ରରେ ଗଭୀର ଅନୁଧ୍ୟାନ ଓ ଅନୁସନ୍ଧାନ ପାଇଁ ସେ ଅମଡ଼ାବାଟର ପଥିକଟିଏ ହେବା ପାଇଁ ଅଧିକ ପସନ୍ଦ ମଣିଥିଲେ?

ରମଣଙ୍କ ଉଦ୍‌ଭାବନ କୌଣସି ବାଣିଜ୍ୟିକ ଲାଭ କିମ୍ବା ତୁରନ୍ତ ବ୍ୟବହାର ଲକ୍ଷ୍ୟରେ ପରିଚାଳିତ ହୋଇନଥିଲା। ଏହା ଜନ୍ମ ନେଇଥିଲା ମାନବୀୟ ଜିଜ୍ଞାସା ଓ କଳ୍ପନାର ଗର୍ଭାଶୟରୁ। କିନ୍ତୁ ଆଜି ବୈଜ୍ଞାନିକ ଅନ୍ୱେଷଣର ଧର୍ମ ଅର୍ଥନୈତିକ ଓ ବଜାର ସମ୍ବନ୍ଧୀୟ ଚିନ୍ତାଧାରା ଦ୍ୱାରା ବହୁଳ ପ୍ରଭାବିତ ହେଉଥିବା ଲକ୍ଷ୍ୟ କରାଯାଉଛି। ଭାରତ ସମେତ ସମଗ୍ର ବିଶ୍ୱରେ ଗବେଷଣା ପ୍ରକଳ୍ପ ପାଇଁ ପାଣ୍ଠି ସହାୟତା ପ୍ରଦାନ କରୁଥିବା ସଂସ୍ଥାମାନେ ବ୍ୟାବସାୟିକ ରୂପରେ ସଂଚାଳିତ ଅନୁସନ୍ଧାନକୁ ପ୍ରାଥମିକତା ଦେଉଛନ୍ତି। ଫଳତଃ ଗବେଷଣାର ଫଳାଫଳ ପେଟେଣ୍ଟ, ଉଦ୍ୟମଶୀଳତା, ବାଣିଜ୍ୟିକ ଉପକ୍ରମ, ଷ୍ଟାର୍ଟଅପ୍ ଏବଂ କନ୍‌ସଲ୍‌ଟ୍ୟାନ୍ସି, ଇଣ୍ଡଷ୍ଟ୍ରି ପାର୍ଟନରସିପ୍ ଆଧାରରେ ଦ୍ରୁତଗତିରେ ମୂଲ୍ୟାଙ୍କନ କରାଯାଉଛି। 'ଆପ୍ଲାଏଡ ରିସର୍ଚ୍ଚ' ବା ବ୍ୟାବହାରିକ ଗବେଷଣା ସଂପ୍ରତି ପ୍ରମୁଖ ପ୍ରତିମାନ ପାଲଟିଯାଇଛି।

ଥରେ ବିଶ୍ୱ ପ୍ରସିଦ୍ଧ ପ୍ରାୟୋଗିକ ବୈଜ୍ଞାନିକ ମାଇକେଲ ଫାରାଡେ ଜଣେ ଉଚ୍ଚ ପଦସ୍ଥ ବ୍ରିଟିଶ ଅଧିକାରୀଙ୍କୁ ଇଲେକ୍‌ଟ୍ରୋ- ମ୍ୟାଗ୍ନେଟିଜିମ୍ ଉପରେ ତାଙ୍କ ଆବିଷ୍କାରକୁ ପ୍ରଦର୍ଶିତ କରାଉଥିଲେ। ଏକ କୁଣ୍ଡଳିତ ସ୍ପ୍ରିଙ୍ଗ୍ ମଧ୍ୟରେ ଏକ ଚୁମ୍ବକକୁ ଘୂରାଇଲେ କିଭଳି ଭାବେ ତାହା ବିଦ୍ୟୁତ ତରଙ୍ଗ ସୃଷ୍ଟି କରୁଛି ତାହା ସେ ପରୀକ୍ଷା କରି ବୁଝାଉଥିଲେ। ବରିଷ୍ଠ ବ୍ରିଟିଶ ଅଧିକାରୀଜଣକ ଏହି ପରୀକ୍ଷା ନିରୀକ୍ଷା ଦ୍ୱାରା ପ୍ରଭାବିତ ନହୋଇ ମାଇକେଲ୍ ଫାରେଡଙ୍କୁ ପଚାରିଲେ- ଇଲେକ୍‌ଟ୍ରିସିଟି ଉତ୍ପାଦନରେ ତୁମର ଏ ପରୀକ୍ଷା ନିରୀକ୍ଷା ରାଷ୍ଟ୍ରକୁ କ'ଣ ବ୍ୟାବହାରିକ ଲାଭ ପହଞ୍ଚାଇବ? ଉତ୍ତରରେ ଫାରାଡ଼େ କହିଥିଲେ - ସାର୍, ମୁଁ ଜାଣିନାହିଁ। ହେଲେ ମୁଁ ଏତିକି ଜାଣିଛି ଯେ ଦିନେ ଆପଣଙ୍କ ସରକାର ଏହା ଉପରେ ଟିକସ ଲଗାଇପାରନ୍ତି।

ଯଦିଓ ବିଜ୍ଞାନର ବ୍ୟାବହାରିକ ଉପଯୋଗ ନିଃସନ୍ଦେହରେ ମହତ୍ତ୍ୱପୂର୍ଣ୍ଣ, କିନ୍ତୁ ଏହି ଉପଯୋଗିତାବାଦୀ ଦୃଷ୍ଟିକୋଣ ବୈଜ୍ଞାନିକ ଅନୁସନ୍ଧାନର ପ୍ରକୃତ ଧର୍ମର ଅବକ୍ଷୟ ହେବାର ଆଶଙ୍କା ସୃଷ୍ଟି କରିଥାଏ। ଅନ୍ୟ ଅର୍ଥରେ କହିଲେ ବୈଜ୍ଞାନିକ ଗବେଷଣା ବଜାର ଶକ୍ତି ଦ୍ୱାରା ନିର୍ଦ୍ଧାରିତ, ପ୍ରଭାବିତ ଓ ପରିଚାଳିତ ହେଲେ ମୁକ୍ତ ଅନ୍ୱେଷଣ ବହୁଳ ବାଧାପ୍ରାପ୍ତ ହେବା ସହ ଉଦ୍‌ଭାବନ ଅଧୋଗତିର ସମ୍ମୁଖୀନ ହେବ। ବୈଜ୍ଞାନିକ ପ୍ରଗତିକୁ କେବଳ ମାତ୍ର ପ୍ରୌଦ୍ୟୋଗିକୀ ନବାଚାର ସହ ସମୀକୃତ କରିବା ଦ୍ୱାରା ବିଜ୍ଞାନର ଗଭୀର ବୌଦ୍ଧିକ ଓ ଅନ୍ୱେଷଣାତ୍ମକ ଅନୁସନ୍ଧାନ ଉପେକ୍ଷିତ ହୋଇଯାଏ। ଗତ ଦୁଇ ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ମଧ୍ୟରେ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା ଅଭୂତପୂର୍ବ ସଫଳତା ହାସଲ କରିପାରିଛି ଏବଂ କୃତ୍ରିମ ବୁଦ୍ଧିମତ୍ତା ବିପ୍ଳବ ଅସାଧାରଣ ଗତିରେ ତା'ର ରୂପ ଲାବଣ୍ୟ ଆମ ସମ୍ମୁଖରେ ଉନ୍ମୋଚନ କରିଚାଲିଛି। ସ୍ୱାସ୍ଥ୍ୟ ସେବାଠୁଁ ଆରମ୍ଭ କରି ଅଣପାରମ୍ପରିକ ଶକ୍ତି ଉତ୍ସର ବିକାଶ ପର୍ଯ୍ୟନ୍ତ ଏକାଧିକ ଆହ୍ୱାନର ମୁକାବିଲା କରିବା କ୍ଷେତ୍ରରେ ବିଜ୍ଞାନ ପ୍ରମୁଖ ଭୂମିକା ସୁଚାରୁରୂପେ ସଂପାଦିତ ହୋଇଚାଲିଛି। ଯଦିଓ ଏହି ସବୁ ନବଉନ୍ମେଷର ବାସ୍ତବିକ ମୂଲ୍ୟ ରହିଛି ତଥାପି ଆମ ମନରେ ଏକ ମହତ୍ତ୍ୱପୂର୍ଣ୍ଣ ପ୍ରଶ୍ନ ଉତ୍ଥାପନ ହୋଇଥାଏ ଯେ ବିଜ୍ଞାନକୁ କ'ଣ ବାସ୍ତବିକ ସମସ୍ୟାର ସମାଧାନ ଓ ପୋଷଣୀୟ ବିକାଶ ପାଇଁ ପରିଚାଳିତ କରାଯାଇଥାଏ? ଜିଜ୍ଞାସା, ଗଭୀର ଅନୁଧ୍ୟାନ, ଅନୁସନ୍ଧାନ ଓ ଅନ୍ୱେଷଣ ମାଧ୍ୟମରେ ଜ୍ଞାନର ଦିଗ୍‌ବଳୟକୁ ସଂପ୍ରସାରଣ କରିବା ମଧ୍ୟ ଏକ ମହତ୍ତର କାର୍ଯ୍ୟ, ଯାହାକୁ ବିଜ୍ଞାନ ସମ୍ପାଦିତ କରିଥାଏ।

ସଂଗୀତ, ସାହିତ୍ୟ, କଳା ପରି ବିଜ୍ଞାନ ମଧ୍ୟ ଏକ ରଚନାତ୍ମକ ପ୍ରୟାସ। ଏହା ସଦାସର୍ବଦା ବାସ୍ତବତା ସମ୍ବନ୍ଧୀୟ ମୌଳିକ ପ୍ରଶ୍ନକୁ ନେଇ ଅନ୍ୱେଷଣ କରିବା ପାଇଁ ଇଚ୍ଛା ପ୍ରକଟ କରିଥାଏ। ଆଇନଷ୍ଟାଇନଙ୍କ ଆପେକ୍ଷିତ ତତ୍ତ୍ୱ ହେଉ କିମ୍ବା ରମଣଙ୍କ ଆଲୋକର ବିଚ୍ଛୁରଣକୁ ନେଇ ହେଉ, ବିଜ୍ଞାନ କ୍ଷେତ୍ରରେ ଏକାଧିକ ସର୍ବଶ୍ରେଷ୍ଠ ଆବିଷ୍କାର ତାହା ବ୍ୟାବହାରିକ ସମାଧାନର ଦାବି ଦ୍ୱାରା ନୁହେଁ, ବରଂ ଭୌତିକ ବ୍ରହ୍ମାଣ୍ଡ ବିଷୟରେ ଅନିର୍ବଚନୀୟ ଜିଜ୍ଞାସା ବା ଅତୃପ୍ତ ଜିଜ୍ଞାସା ଦ୍ୱାରା ସଂଚାଳିତ ହୋଇଥାଏ। ଏକାଧିକ କ୍ଷେତ୍ରରେ ଏ ସମସ୍ତ ଆବିଷ୍କାର ବର୍ଷ ବର୍ଷ ପରେ କିମ୍ବା ଦଶନ୍ଧି ଦଶନ୍ଧି ପରେ ତାହାର ବ୍ୟାବହାରିକ ଉପଯୋଗକୁ ଖୋଜି ପାଇଥିଲା। କ୍ୱାଣ୍ଟମ୍ ମେକାନିକ୍ସର କାହାଣୀ,ଯାହାକି ଏବେ ଆଧୁନିକ ଇଲେକ୍‌ଟ୍ରୋନିକ୍ସ ଓ କମ୍ପ୍ୟୁଟିଂ କ୍ଷେତ୍ରକୁ ସମୃଦ୍ଧ କରିଛି କିମ୍ବା ସାଧାରଣ ଆପେକ୍ଷିକ ତତ୍ତ୍ୱର ସିଦ୍ଧାନ୍ତ ଯାହାକି ସଠିକ ଜି.ପି.ଏସ୍ ନାଭିଗେସନ୍ ବା ମାର୍ଗଦର୍ଶନକୁ ସକ୍ଷମ କରିଛି, ତାହା ବିଳମ୍ବରେ ହେଲେ ମଧ୍ୟ ମୌଳିକ ବିଜ୍ଞାନର ଗଭୀର ପ୍ରଭାବ ସଂପର୍କରେ ଅନନ୍ୟ ଉଦାହରଣ ସୃଷ୍ଟି କରିଛି।

ଯେଉଁ ମନଟି ସଦାସର୍ବଦା ଲାଭ କ୍ଷତିର ହିସାବ ନିକାଶ କରୁଥାଏ ତାହା ଆବଶ୍ୟକତାର ସଂକୀର୍ଣ୍ଣ ଗଳିରେ ଛନ୍ଦି ହୋଇ ପଡ଼ିଯାଇଥାଏ। ରଚନାତ୍ମକ ବା ସୃଜନଶୀଳ ମନଟି ହିଁ ସଦାସର୍ବଦା ମାନବତାକୁ ଆଡ଼କୁ ବାଟ କଢ଼େଇ ନେଇଥାଏ। ଯେଉଁ ମୁହୂର୍ତ୍ତରେ ଆମେ ଆମର ଅସ୍ତିତ୍ୱକୁ କ୍ରିୟାଶୀଳ କରିବାର ପ୍ରକ୍ରିୟା ପ୍ରତି ଉଦାସୀନ ହୋଇପଡ଼ୁ, ସେତେବେଳେ ଆମେ ନିଜକୁ ଏକ ଯନ୍ତ୍ରରେ ପରିଣତ କରିଦେଇଥାଉ। ବିସ୍ତୀର୍ଣ୍ଣ ଆକାଶର ଛାତି ଉପରେ ଏକ ଇନ୍ଦ୍ରଧନୁ ତା'ର ରୂପ ଲାବଣ୍ୟର ଅମୂଲ୍ୟ ପସରା ମେଲେଇ ଦେଇଥିଲେ ବି ତାହା ବ୍ୟସ୍ତବହୁଳ ଜୀବନ ବିତାଉଥିବା ସହରୀ ମଣିଷ ପାଇଁ କୌଣସି ବ୍ୟାବାହାରିକ ମୂଲ୍ୟ ରଖିନଥାଏ, ପରନ୍ତୁ ଜଣେ କୋମଳମତି ପିଲା ଓ ଜଣେ କବି ସେହି ଇନ୍ଦ୍ରଧନୁର ଅପରୂପ ସୌନ୍ଦର୍ଯ୍ୟରେ ବିମୁଗ୍ଧ ହୋଇ ତା'ର ବିଦଗ୍ଧ ମନକୁ ଶୀତଳ କରିଥାଏ।

ଜ୍ୟୋତିର୍ବିଜ୍ଞାନ ବିନା ଏକ ବିଶ୍ୱର ଚିନ୍ତା କରନ୍ତୁ, ଯେଉଁଠାରେ କି ମଣିଷମାନେ କେବେ ବି ଥରେ ନିଜ ମୁଣ୍ଡ ଟେକି ଉପରକୁ ଚାହିଁ ନଥିବେ। କେବେ କୌଣସି ପ୍ରଶ୍ନ ପଚାରି ନଥିବେ ବା କେବେ କୌଣସି ସ୍ୱପ୍ନ ବି ଦେଖି ନ ଥିବେ। ନକ୍ଷତ୍ରମାନଙ୍କ ଅବସ୍ଥିତି ବାସ୍ତବତା ବା ଉପଯୋଗିତା ଦୃଷ୍ଟିକୋଣରୁ ଯାହା ଖଗୋଳ ବିଜ୍ଞାନୀଙ୍କ ପାଇଁ ତାହା ଜ୍ୟୋତିଷକାରଙ୍କ ପାଇଁ ନୁହେଁ। ଆମେ କିଏ? ଆମେ କେଉଁଠୁ ଆସିଲୁ? ଏହି ବିଶ୍ୱ ବ୍ରହ୍ମାଣ୍ଡରେ ଆମର ସ୍ଥାନ କେଉଁଠି? ଏହା ସେହି ପ୍ରଶ୍ନ ନୁହେଁ, ଯାହାର ଉତ୍ତର ଗୋଟେ ହିସାବ ଖାତା ଦେଇପାରିବ। ଏହା ହେଉଛି ସେହି ପ୍ରଶ୍ନ, ଯାହାକି ଆମେ ଜଣେ ଜଣେ ମଣିଷ ବୋଲି ଆମକୁ ପରିଭାଷିତ କରିଥାଏ, ନିର୍ଦ୍ଧାରିତ କରିଥାଏ, ନିରୂପଣ କରିଥାଏ। ଆମେ ସତ୍ୟ, ଶିବ ଓ ସୁନ୍ଦରର ପୂଜାରୀ, ଅନ୍ୱେଷକ ଓ ଜିଜ୍ଞାସୁ ବୋଲି ଆମକୁ ପରିଚିତ କରାଇଥାଏ। କବିଟିଏ, ଚିତ୍ରକରଟିଏ, ସଂଗୀତଜ୍ଞଟିଏ, ରହସ୍ୟବାଦୀଟିଏ ଯେ କି ଈଶ୍ୱରଙ୍କର ସାକ୍ଷାତ ଦର୍ଶନର ଅଭିଳାଷୀଟିଏ, ଆଧ୍ୟାତ୍ମିକବାଦୀଟିଏ କିମ୍ବା ଜଣେ ବୈଜ୍ଞାନିକଟିଏ ଏମାନେ ସମସ୍ତେ ଅନନ୍ତ, ଅସୀମିତ ଓ ଅପରିମିତର ଜଣେ ଜଣେ ସନ୍ଧାନୀ। ଏହା ସାଂସାରିକତାର ବହୁ ଊର୍ଦ୍ଧ୍ୱରେ ଅନନ୍ତ ଅସୀମର ଉପଲବ୍ଧି ପାଇଁ ସଦା ଉନ୍ମୁକ୍ତ ହୋଇଥିବା ଏକ ଦ୍ୱାରଦେଶ।

(ଯୁଗ୍ମ ମ୍ୟାନେଜିଂ ଟ୍ରଷ୍ଟି, କଳିଙ୍ଗ ଫାଉଣ୍ଡେସନ ଟ୍ରଷ୍ଟ)
ଭୁବନେଶ୍ୱର, ମୋ: ୯୩୩୮୨୦୪୯୯୩

# ଅବିଶ୍ରାନ୍ତ ସବୁଜ ଅଭିଯାନର ନାୟିକା

ମିନାକ୍ଷୀ ଦ୍ୱିବେଦୀ

ପୃଥିବୀର ମଙ୍ଗଳ ପାଇଁ ବୃକ୍ଷ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ବିଶ୍ୱ ତାପମାନ ବୃଦ୍ଧି ନିୟନ୍ତ୍ରଣରେ ଗଛଗୁଡ଼ିକ ପ୍ରକୃତିର ସୈନିକ। ସେମାନେ ପ୍ରାକୃତିକ ବାୟୁ ବିଶୋଧକ ଭାବରେ କାର୍ଯ୍ୟ କରନ୍ତି; ଅଙ୍ଗାରକାମ୍ଳ ଶୋଷଣ କରି ଅମ୍ଳଜାନ ତ୍ୟାଗ କରନ୍ତି। ଏହା ସହିତ ସେମାନେ ମୃତ୍ତିକା ସ୍ୱାସ୍ଥ୍ୟ ଓ ମୃତ୍ତିକା ସଂରକ୍ଷଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରନ୍ତି। ଏହାବ୍ୟତୀତ, ବୃକ୍ଷଗୁଡ଼ିକ ଅଗଣିତ ପ୍ରଜାତି ପାଇଁ ବାସସ୍ଥାନ ଓ ସମ୍ପଦ ପ୍ରଦାନ କରନ୍ତି, ଜୈବ ବିବିଧତା ଏବଂ ପରିବେଶ ସନ୍ତୁଳନରେ ଅବଦାନ ରଖନ୍ତି।

ପରିବେଶ ସୁରକ୍ଷାରେ ବୃକ୍ଷଲତାଙ୍କ ଏହି ଗୁରୁତ୍ୱପୂର୍ଣ୍ଣ ଭୂମିକା ଓ ମହତ୍ତ୍ୱକୁ ଉପଲବ୍ଧି କରିଥିବା 'ମଦର ଅଫ୍ ଟ୍ରି' ବା 'ଗଛର ମାଆ' ଭାବେ ପରିଚିତ ସାଲୁମାରାଦା ଥିମ୍ମାକା ସମଗ୍ର ବିଶ୍ୱ ପାଇଁ ଏକ ଆଦର୍ଶ। କର୍ଣ୍ଣାଟକର ଗ୍ରାମୀଣ ଜିଲ୍ଲାର ମାଗାଡ଼ି ତାଲୁକ ଅନ୍ତର୍ଗତ ହୁଲିକାଲ ନାମକ ଏକ ଗ୍ରାମରେ ସାଧାରଣ ପରିବାରରେ ଜନ୍ମଗ୍ରହଣ କରିଥିବା ଏହି ଅସାଧାରଣ ମହିଳା ପରିବେଶ ସୁରକ୍ଷା ନିମନ୍ତେ ଅତ୍ୟନ୍ତ ମୂଲ୍ୟବାନ ଅଂଶଦାନ କରିଛନ୍ତି। ସେ କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ। ବାଲ୍ୟକାଳରୁ ଘର ପାଖରେ ଏକ ପଥର ଖଣିରେ ଶ୍ରମିକ ଭାବରେ କାମ କରୁଥିଲେ। ତାଙ୍କର ବିବାହ ହୁଲିକାଲ ଗାଁର ଶ୍ରୀବିକ୍କାଲା ଚିକ୍କାୟାଙ୍କ ସହିତ ହୋଇଥିଲା। ବିବାହର ୨୫ ବର୍ଷ ପରେ ମଧ୍ୟ ସନ୍ତାନସନ୍ତତି ଜନ୍ମ ନ ହେବାରୁ ଦିନ କାଟିବା ପାଇଁ ଦମ୍ପତି ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ। ନିଃସନ୍ତାନ ଦମ୍ପତିଙ୍କ ଦୁଃଖ ଓ ନିଃସଙ୍ଗତା ଦୂର ଲକ୍ଷ୍ୟରୁ ଅରମ୍ଭ ହୋଇଥିବା ଏହି ପ୍ରୟାସ ପରବର୍ତ୍ତୀ ସମୟରେ ଏକ ଅସାଧାରଣ ଅଭିଯାନର ରୂପ ନେଇଥିଲା।

ଥିମ୍ମାକ୍କା ଓ ତାଙ୍କ ସ୍ୱାମୀ ରାସ୍ତା ପାର୍ଶ୍ୱରେ ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ ଏବଂ ପରବର୍ତ୍ତୀ ସମୟରେ ବୃକ୍ଷଶୂନ୍ୟ ଗ୍ରାମ କୁଦୁରକୁ ବାଛିଥିଲେ। ସେମାନେ ବର ଗଛରୁ ଚାରା କଲମୀ କରିବା ଆରମ୍ଭ କରିଥିଲେ। ପ୍ରଥମ ବର୍ଷ ୧୦ଟି ଚାରା କଲମୀ କରି ରାସ୍ତାରେ ୪ କିଲୋମିଟର ପର୍ଯ୍ୟନ୍ତ ରୋପଣ କରିଥିଲେ। ଦ୍ୱିତୀୟ ବର୍ଷରେ ୧୫ଟି ଏବଂ ତୃତୀୟ ବର୍ଷରେ ୨୦ଟି ଗଛ ଲଗାଇଥିଲେ। ଏହିକ୍ରମରେ ପ୍ରତି ବର୍ଷ ଚାରାରୋପଣ ସଂଖ୍ୟା ବୃଦ୍ଧି କରିଚାଲିଲେ। ସେମାନେ ଚାରା ଲଗାଇବା ସହିତ ସନ୍ତାନସନ୍ତତିଙ୍କ ପରି ସେଗୁଡ଼ିକର ଯତ୍ନ ମଧ୍ୟ ନେଲେ। ଚାରାଗୁଡ଼ିକ ବଡ଼ ଗଛରେ ପରିଣତ ହେବା ପରେ ସେମାନଙ୍କର ଅକ୍ଳାନ୍ତ ପରିଶ୍ରମ ଫଳ ଦେବା ଆରମ୍ଭ କରିଥିଲା। ଏହି ଦମ୍ପତି ପ୍ରାୟତଃ ବର୍ଷା ଋତୁରେ ଚାରା ରୋପଣ କରୁଥିଲେ। ଥିମ୍ମାକ୍କା ତାଙ୍କ ସ୍ୱାମୀଙ୍କ ସହିତ ମିଶି ୮, ୦୦୦ ରୁ ଅଧିକ ଗଛ ଲଗାଇ ଯତ୍ନ ନେବା ଫଳରେ ଏକ ବୃକ୍ଷଶୂନ୍ୟ ଜମି ସବୁଜ ପ୍ରାନ୍ତରେ ପରିଣତ ହୋଇଗଲା।



୧୯୯୧ ମସିହାରେ ସ୍ୱାମୀଙ୍କ ଦେହାନ୍ତ ପରେ ଥିମ୍ମାକ୍କା ଏକାକୀ ନିରନ୍ତର ଭାବରେ ତାଙ୍କର ଅଭିଯାନ ଜାରିଲେ। ସେ ଆଲା ମାରାଦା ଥିମ୍ମାକ୍କା ନାମରେ ମଧ୍ୟ ପରିଚିତ ଥିଲେ। ୩୮୫ ବର ଗଛ ସମେତ ୮୦୦୦ରୁ ଅଧିକ ଗଛ ଲଗାଇ ଯତ୍ନ ନେବାର ଉଲ୍ଲେଖନୀୟ ଅବଦାନ ପାଇଁ ତାଙ୍କୁ 'ସାଲୁମାର୍ଦା ଥିମ୍ମାକ୍କା' କୁହାଯାଉଥିଲା। କନ୍ନଡ ଭାଷାରେ 'ସାଲୁମାର୍ଦା' ଅର୍ଥ ଗଛର ଧାଡ଼ି। ରାସ୍ତାରେ ସେ ଓ ତାଙ୍କ ସ୍ୱାମୀଙ୍କୁ ସମ୍ମୁଖୀନ ହେବାକୁ ପଡ଼ିଥିବା ଅନେକ କଷ୍ଟ ସତ୍ତ୍ୱେ ଚାରା ରୋପଣ ଏବଂ ପରିବେଶ ସଂରକ୍ଷଣ ପ୍ରତି ତାଙ୍କର ଉତ୍ସର୍ଗକୁ ସମ୍ମାନ ଜଣାଇବା ପାଇଁ ତାଙ୍କୁ ଏହି ନାମ ଦିଆଯାଇଥିଲା।

ସାଲୁମାର୍ଦା ଥିମ୍ମାକ୍କା କେବଳ ଗଛ ଲଗାଇ ନଥିଲେ। ସେ ତାଙ୍କ ଗ୍ରାମର ବାର୍ଷିକ ମେଳା ପାଇଁ ବର୍ଷା ଜଳ ସଂରକ୍ଷଣ କରିବା ପାଇଁ ଏକ ଟାଙ୍କି ନିର୍ମାଣ ଭଳି ବିଭିନ୍ନ ସାମାଜିକ କାର୍ଯ୍ୟକଳାପରେ ସାମିଲ ହୋଇଥିଲେ। ତାଙ୍କର ଜୀବନର ସରଳ ଦର୍ଶନ ହେଉଛି ଯେ ଏହି ପୃଥିବୀର ପ୍ରତ୍ୟେକ ବ୍ୟକ୍ତି ମାନବତା ପାଇଁ କିଛି ସମ୍ପତ୍ତି ଛାଡ଼ିଯିବା ଉଚିତ। ତାଙ୍କର ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ନଥିଲା। ବିଭିନ୍ନ ପୁରସ୍କାର ଓ ଅତ୍ୟଳ୍ପ ମାସିକ ପେନସନରୁ କୌଣସି ପ୍ରକାରେ ଜୀବିକା ନିର୍ବାହ କରୁଥିଲେ। କିନ୍ତୁ ଆର୍ଥିକ ଦୁରବସ୍ଥା କେବେବି ମାନବଜାତି ପାଇଁ ଭଲ କାମ କରିବାରେ ତାଙ୍କ ଆଗ୍ରହକୁ ଭାଙ୍ଗି ପାରି ନାହିଁ। ସାଲୁମାର୍ଦା ଥିମ୍ମାକ୍କା ଆଜି ପ୍ରତ୍ୟେକ ପରିବେଶବିତଙ୍କ ଆଦର୍ଶ। ସେ ବିଶ୍ୱକୁ ଦେଖାଇଛନ୍ତି ଯେ ଜଣେ ନିରକ୍ଷର ମହିଳା ତାଙ୍କ କଠିନ ପରିଶ୍ରମ ଏବଂ ଧୈର୍ଯ୍ୟ ବଳରେ ସମାଜରେ ଏକ ବିରାଟ ପରିବର୍ତ୍ତନ ଆଣିପାରନ୍ତି।

ଯଦିଓ ଥିମ୍ମାକ୍କା କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ, ତାଙ୍କ କାର୍ଯ୍ୟକୁ ଭାରତର ଜାତୀୟ ନାଗରିକ ପୁରସ୍କାରରେ ସମ୍ମାନିତ କରାଯାଇଛି। ଭାରତ ସରକାରଙ୍କ ଦ୍ୱାରା ସ୍ୱୀକୃତି ଦିଆଯାଇଛି ଏବଂ ତାଙ୍କୁ ୨୦୧୯ରେ 'ପଦ୍ମଶ୍ରୀ'ରେ ସମ୍ମାନିତ କରାଯାଇଛି। ଆମେରିକାରେ ତାଙ୍କ ନାମରେ 'ଥିମ୍ମାକ୍କାର ରିସୋର୍ସ ଫର୍ ଏନଭାର୍ନାମେଣ୍ଟାଲ୍ ଏଜୁକେସନ୍' ନାମରେ ଏକ ପରିବେଶ ସଂଗଠନ ମଧ୍ୟ ଅଛି। ସେ ମଧ୍ୟ ବନମିତ୍ର, ନିସର୍ଗରତ୍ନ, ବୃକ୍ଷପ୍ରେମୀ ଓ ବୃକ୍ଷଶ୍ରୀ ଭଳି ଉପାଧିରେ ସମ୍ମାନିତ ହୋଇଛନ୍ତି। ପରିବେଶ ରକ୍ଷା ଦିଗରେ ତାଙ୍କର ଅବିଶ୍ରାନ୍ତ ପ୍ରୟାସ ପାଇଁ ତାଙ୍କୁ ଅନେକ ପୁରସ୍କାର ଏବଂ ପ୍ରଶଂସାପତ୍ରରେ ସମ୍ମାନିତ କରାଯାଇଛି।

୧୧୩ ବର୍ଷ ବୟସରେ ଆଜି ମଧ୍ୟ ସେ ଅଧିକ ଗଛ ଲଗାଇବାର ସ୍ୱପ୍ନକୁ ଦେଖି ତାହାକୁ ବାସ୍ତବତାରେ ରୂପାୟନ କରୁଛନ୍ତି। ଯୁଗରେ ଦ୍ରୁତଜଙ୍ଗଲ କ୍ଷୟ ଏବଂ ଜଳବାୟୁ ପରିବର୍ତ୍ତନ ପାଇଁ ଥିମ୍ମାକାଙ୍କ ବାର୍ତ୍ତା ଆଜି ବହୁ ଅଧିକ ପ୍ରାସଙ୍ଗିକ। ତାଙ୍କ କାହାଣୀ ଆମକୁ ଶିଖାଏ 'ଗୋଟିଏ ମଣିଷ ମଧ୍ୟ ପରିବର୍ତ୍ତନ ଆଣିପାରେ। ଆଜି ଗଛ ଲଗାଇଲେ, ଆସନ୍ତା କାଲି ଉଜ୍ଜ୍ୱଳ ହେବ। ସମୁଦାୟ ଉଦ୍‌ଯୋଗ ଭୂଦୃଶ୍ୟର ପରିବର୍ତ୍ତନ କରିପାରେ।'

ଆମେ ଯଦି ସମସ୍ତେ ତାଙ୍କ ଉଦାହରଣକୁ ଅନୁସରଣ କରିବା ଆମ ଜଗତ ସତରେ କେତେ ସବୁଜ, ସୁନ୍ଦର, ଶ୍ୟାମଳ ହୋଇ ଗଢ଼ି ଉଠିବ। ପ୍ରକୃତି ସଂରକ୍ଷଣ ହେଉଛି ଆମର କର୍ତ୍ତବ୍ୟ। ଗଛ ଲଗାନ୍ତୁ, ପରିବେଶ ସୁରକ୍ଷିତ ରଖନ୍ତୁ। ଏକ ସବୁଜ ଓ ସୁସ୍ଥ ଭବିଷ୍ୟତ ପାଇଁ ଆଜିଠାରୁ ପଦକ୍ଷେପ ନିଅନ୍ତୁ। ସବୁଜ ଥିଲେ ସ୍ୱାସ୍ଥ୍ୟ ମିଳିବ, ପରିବେଶ ସୁନ୍ଦର ରହିବ। ଏକ ଗଛ ଏକ ପ୍ରାଣ, ଗଛ ବଞ୍ଚାଏ ଜୀବନ। ପ୍ରତି ଘରେ ଗଛ ହେଉ, ପୃଥିବୀ ସବୁଜ ହେଉ।

ଗୁରୁଗ୍ରାମ, ମୋ: ୭୯୭୮୦୮୨୮୩୪

# ଆମ ବୃକ୍ଷଲତା ଆମ ଜୀବନ

**ଅଗ୍ନିଶିଖା**

**ପ୍ରକୃତି-ପରିବେଶ**

ସୌଭାଗ୍ୟସୁନ୍ଦର

ଅଗ୍ନିଶିଖାକୁ ଓଡ଼ିଶାରେ ସାଧାରଣତଃ ଲଙ୍ଗଲଙ୍ଗଳିଆ, ଟାଙ୍ଗି ଫୁଲ, ଦଶହରା ଫୁଲ, ଶିବଲିଙ୍ଗି, ପାଞ୍ଚ ଆଙ୍ଗୁଳିଆ, ଗର୍ଭ ଘଟନ, ଖଣ୍ଡାଫୁଲ, ଡାଙ୍ଗଗହଣା ଭାବରେ ଜଣାଯାଏ। ଭାରତୀୟ ଉପମହାଦେଶ ଓ ଦକ୍ଷିଣପୂର୍ବ ଏସିଆର ମୂଳଜାତ ଏହି ସୁନ୍ଦର ତୃଣଜାତୀୟ ଆରୋହୀ ଉଦ୍ଭିଦ ଦକ୍ଷିଣ-କେନ୍ଦ୍ରୀୟ ଚୀନ୍ ଓ ଆଫ୍ରିକାର ଅଧିକାଂଶ ସ୍ଥାନ, ପୂର୍ବ ଅଷ୍ଟ୍ରେଲିଆ, ଆମେରିକାର ଆଲାବାମା, ସୁରିନାମ, କାରିବିଆନର କିଛି ଅଂଶ ଏବଂ ବିଭିନ୍ନ ପ୍ରଶାନ୍ତ ମହାସାଗରୀୟ ଦ୍ୱୀପପୁଞ୍ଜରେ ଦେଖିବାକୁ ମିଳେ। ଏହା ତାମିଲନାଡୁର 'ରାଜ୍ୟ ଫୁଲ'। ଏହା ଜିମ୍ବାୱେର ମଧ୍ୟ ଜାତୀୟ ଫୁଲ। ୧୯୪୭ ମସିହାରେ ରାଣୀ ଏଲିଜାବେଥ(ଦ୍ୱିତୀୟ) ରୋଡେସିଆରେ (ବର୍ତ୍ତମାନ ଜିମ୍ବାୱେ) ଯାତ୍ରା କରିବା ସମୟରେ ତାଙ୍କର ଏକବିଂଶତମ ଜନ୍ମଦିନ ପାଳନ ପାଇଁ ଏହି ଫୁଲ ଆକୃତିର ଏକ ହୀରା ବ୍ରୁଚ୍ ତାଙ୍କୁ ଉପହାର ଦିଆଯାଇଥିଲା।

ପ୍ରାୟ ୬ ମିଟର ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବୃକ୍ଷର ପତ୍ରଗୁଡ଼ିକ ଡେମ୍ଫ ବିହୀନ, ପ୍ରତ୍ୟେକ ଗଣ୍ଠିରୁ ଗୋଟିଏ ଲେଖାଏଁ ପତ୍ର ବିପରୀତ ଭାବରେ ସଜାଯାଇଥାଏ, ପତ୍ର ଅଗ୍ରରୁ ସରୁ ତାର ଭଳି ଡଙ୍କ ସୃଷ୍ଟି ହୋଇଥାଏ, ଯାହା ସାହାଯ୍ୟରେ ଏହା ଅନ୍ୟାନ୍ୟ ଗଛଲତା ଉପରେ ଆରୋହଣ କରେ। ୫ ରୁ ୭ ସେମି ପର୍ଯ୍ୟନ୍ତ ଲମ୍ବା ଛଅଟି ପାଖୁଡ଼ା ବିଶିଷ୍ଟ ଫୁଲଗୁଡ଼ିକ ପ୍ରଥମେ ସବୁଜ, ପରେ ହଳଦିଆ ଏବଂ ଶେଷରେ ଲାଲ ରଙ୍ଗର ହୋଇଥାଏ। ୬ ରୁ ୧୨ ସେମି ପର୍ଯ୍ୟନ୍ତ ଲମ୍ବ ଫଳଟି ଏକ ମାଂସଳ କ୍ୟାପସୁଲ୍, ଯେଉଁଥିରେ ଅନେକ ଲାଲ ରଙ୍ଗର ବିହନ ଥାଏ। ଗଛରେ ସେପ୍ଟେମ୍ବର - ଅକ୍ଟୋବର ମାସରେ ଫୁଲ ଫୁଟେ।

ଆୟୁର୍ବେଦରେ ଅଗ୍ନିଶିଖା ବହୁଳ ବ୍ୟବହୃତ ଔଷଧି, ଯାହା ମାଂସପେଶୀ ଯନ୍ତ୍ରଣା, ଗଣ୍ଠିବାତ, ସନ୍ଧି ପ୍ରଦାହ, କାନ ଓ ଚର୍ମ ରୋଗ, କୋଲିକ୍, ଦୀର୍ଘକାଳୀନ ଅଲସର, ପାଇଲ୍ସ, ଗନୋରିଆ, ଶ୍ୱାସରୋଗ, ଉକୁଣୀ, କୁଷ୍ଠ, ଆଘାତ, ଅର୍ଶ, କୃମି, କର୍କଟ, ନପୁଂସକତା, ଯୌନ ସଂକ୍ରମିତ ରୋଗ ଉପଶମ ପାଇଁ ବ୍ୟବହାର କରାଯାଏ। ଏହାର ରାଇଜୋମଗୁଡ଼ିକୁ ଏକ ଟନିକ୍, ସାମୟିକ-ପ୍ରତିରୋଧୀ, କୃମି-ପ୍ରତିରୋଧୀ ଏବଂ ସାପ କାମୁଡ଼ା ଏବଂ ବିଛା ଦଂଶନ ଚିକିତ୍ସା, ପ୍ରସବ ଯନ୍ତ୍ରଣାକୁ ପ୍ରୋତ୍ସାହିତ କରିବା ସହିତ ଗର୍ଭପାତ ପାଇଁ ବ୍ୟବହାର କରାଯାଏ। ଉଦ୍ଭିଦର ଔଷଧୀୟ ଗୁଣ ମୁଖ୍ୟତଃ କୋଲଚିସିନ୍ ଓ ଗ୍ଲୋରିଓସିନ୍ ଆଲକାଲଏଡ୍ ଉପସ୍ଥିତି ଯୋଗୁଁ ହୋଇଥାଏ।

ବିହନରେ କୋଲଚିସିନ୍ ବ୍ୟତୀତ ଆଇସୋପରଲୋଲିରିନ୍ ଓ ସମ୍ପର୍କିତ ଟ୍ରୋପୋଲେନ୍ ଆଲକାଲଏଡ୍, ଶୃଙ୍ଖଳା ରାଇଜୋମ୍ରେ- ସିଟୋଷ୍ଟେରୋଲ୍, ଗ୍ଲୁକୋସାଇଡ୍, ୨-ହାଇଡ୍ରୋକ୍ସି, ୬-ମେଥୋକ୍ସି ବେଞ୍ଜୋଇକ୍ ଏସିଡ୍ ଥାଏ। ଉଦ୍ଭିଦର ପ୍ରତ୍ୟେକ ଅଂଶ ବିଷାକ୍ତ। କନ୍ଦକୁ ମିଠା ଆଳୁ କିମ୍ବା କନ୍ଦମୂଳ ଭାବି ଭୁଲ୍‌ବଶତଃ ଖାଇଲେ କିମ୍ବା ଏହା ପ୍ରତ୍ୟକ୍ଷ ପେଟକୁ ଗଲେ ମଣିଷ ଓ ପଶୁଙ୍କ ପ୍ରାଣହାନି ଘଟିପାରେ। ପାର୍ଶ୍ୱ ପ୍ରଭାବରେ ବାନ୍ତି, ପାଟି ଚାରିପାଖରେ ଝିମ୍ଝିମ୍, ଗଳାରେ ଜଳାପୋଡ଼ା, ପେଟ ଯନ୍ତ୍ରଣା ଏବଂ ରକ୍ତାକ୍ତ ଡାଇରିଆ, ଚର୍ମ ଛଡ଼ାଇ ଦେବା ଏବଂ ମହିଳାମାନଙ୍କ ଦୀର୍ଘକାଳୀନ ଯୋନି ରକ୍ତସ୍ରାବ ହୋଇପାରେ। ତେଣୁ ନାଇଜେରିଆରେ ତୀରରେ ବିଷ ଏବଂ ଭାରତରେ ସାପ ପାଇଁ ବିଷ ଦେବାରେ ଏହା ବ୍ୟବହାର କରାଯାଏ। ତେଣୁ ଆୟୁର୍ବେଦ ଶାସ୍ତ୍ର ଅନୁଯାୟୀ ଏହାର ଅନୁପାନ ବାଞ୍ଛନୀୟ।

ସାଧାରଣତଃ, ଏହି ଗଛ ଜଙ୍ଗଲରେ ପ୍ରାକୃତିକ ଭାବରେ ବଢ଼ିଥାଏ। ଔଷଧୀୟ ବ୍ୟବହାର ପାଇଁ ଏହାର ବହୁତ ଚାହିଦା ଅଛି। ତେଣୁ ଏହାକୁ ଭାରତରେ ଫାର୍ମଗୁଡ଼ିକରେ ଚାଷ କରାଯାଏ। କିନ୍ତୁ ଔଷଧ ବାଣିଜ୍ୟରେ ବିକ୍ରି ହେଉଥିବା ଅଧିକାଂଶ ଉଦ୍ଭିଦ ସାମଗ୍ରୀ ଜଙ୍ଗଲୀ ପରିସଂସ୍ଥାରୁ ଆସିଥାଏ। ଫୁଲଗୁଡ଼ିକ ଧାର୍ମିକ ରୀତିନୀତିର ଏକ ଅଂଶ। ଓଡ଼ିଶାରେ ଏହା ବିଲୁପ୍ତ ହେବାକୁ ଯାଉଛି ଏବଂ ଶ୍ରୀଲଙ୍କାରେ ଏହା ବିରଳ ହୋଇଯାଇଛି। ଅନ୍ୟପକ୍ଷରେ ଏହା ଅଷ୍ଟ୍ରେଲିଆ, ସିଙ୍ଗାପୁର ଏବଂ ଅନ୍ୟ କିଛି ଦେଶରେ ଏକ ଆକ୍ରମଣାତ୍ମକ ଜାତୀୟ ଲତା ବୋଲି କୁହାଯାଉଛି। ପ୍ରାକୃତିକ ସଂରକ୍ଷଣ ପାଇଁ ଆନ୍ତର୍ଜାତିକ ସଂଘ ଏହି ଲତାକୁ ଲାଲ୍ କିତାବରେ ସଙ୍କଟାପନ୍ନ ଉଦ୍ଭିଦ ବର୍ଗରେ ସ୍ଥାନିତ କରିଥିବା ଜଣାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

**+୩ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା**

## ନାମଲେଖା ପାଇଁ ୪୫,୫୦୨ ଚୟନ

- **ପ୍ରଥମ ରାଉଣ୍ଡରେ ଦୂରେଇ ରହିଲେ ୪୩,୮୪୪**
- **ଖାଲି ପଡ଼ିବ ୫୪ ହଜାର ସିଟ୍**

ଭୁବନେଶ୍ୱର,୨୨।୬(ସମିସ): ପ୍ରଥମ ପର୍ଯ୍ୟାୟ +୩ ନାମଲେଖା ପାଇଁ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା ରବିବାର ପ୍ରକାଶ ପାଇଛି। ସମୁଦାୟ ୪୫,୫୦୨ ପିଲା ନାମଲେଖା ପାଇଁ ଚୟନ ହୋଇଛନ୍ତି। ତନ୍ମଧ୍ୟରେ ୨୦,୦୩୧ ଛାତ୍ର ଥିବା ବେଳେ ୨୫,୪୬୮ ଛାତ୍ରୀ ଓ ୩ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି। ବଡ଼ କଥା ହେଲା, ୪୩,୮୪୪ଜଣ ଚୟନ ହୋଇଥିଲେ ମଧ୍ୟ ନାମଲେଖା ପ୍ରକ୍ରିୟାରେ ଆଦୌ ସାମିଲ ହୋଇନାହାନ୍ତି। ଫଳରେ ଅବଶିଷ୍ଟ ପ୍ରକ୍ରିୟାରୁ ସେମାନେ ବାଦ୍ ପଡ଼ିଛନ୍ତି। ପ୍ରଥମ ରାଉଣ୍ଡରେ ୭୯,୭୫୨ଜଣ ନାମ ଲେଖାଇଥିବା ବେଳେ ୫୨,୧୨୬ ଜଣ ସ୍ଲାଇଡ୍ ଅପସନ୍ ଦେଇଛନ୍ତି। ସମୁଦାୟ ୧,୭୫,୭୨୨ ଜଣଙ୍କୁ ନାମଲେଖା ପାଇଁ ଚୟନ କରାଯାଇଥିବାରୁ ପ୍ରାୟ ୪୪ ହଜାର ସିଟ୍ ଖାଲି ପଡ଼ିବା ସୁନିଶ୍ଚିତ ହୋଇଛି। ପ୍ରାୟ ୧୦ ହଜାର ପିଲା କମ୍ ଆବେଦନ କରିଥିବାରୁ ୫୪ ହଜାର ସିଟ୍ ଖାଲି ପଡ଼ିବ।

ଏହି ରାଉଣ୍ଡରେ ଚୟନ ହୋଇଥିବା ପିଲାମାନେ ୨୫ତାରିଖ ମଧ୍ୟରେ ନାମଲେଖାଇ ପାରିବେ। ଜୁଲାଇ ୧ରେ ତୃତୀୟ ରାଉଣ୍ଡ ମେଧା ତାଲିକା ପ୍ରକାଶ ପାଇବ ଓ ୪ ତାରିଖ ମଧ୍ୟରେ ନାମଲେଖା ହେବ। ଏହାପରେ ୱେଟିଂଲିଷ୍ଟ ରାଉଣ୍ଡ ପାଇଁ ଜୁଲାଇ ୭ରୁ ୧୦ତାରିଖ ମଧ୍ୟରେ ଆବେଦନ ହେବ। ୧୨ତାରିଖରେ ଇ-ସ୍ପେସ୍‌ରେ ଓ ୧୩ ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନର ନୋଟିସ୍ ବୋର୍ଡରେ ମେଧା ତାଲିକା ପ୍ରକାଶ ପାଇବ। ୧୫ ତାରିଖରେ ନାମଲେଖା ହେବ। +୨ ଇନ୍‌ଷ୍ଟାଣ୍ଟ ଓ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ବାହାରିବା ପରେ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ପାଇଁ ପ୍ରକ୍ରିୟା ଆରମ୍ଭ ହେବ।

ଅପରପକ୍ଷେ, ପୂର୍ବରୁ ଦିନ ୧୧ଟାରେ ମେଧା ତାଲିକା ପ୍ରକାଶ କରିବାକୁ ବିଜ୍ଞପ୍ତିରେ ଦର୍ଶାଯାଇଥିଲେ ମଧ୍ୟ ବିଭାଗ ବିଫଳ ହୋଇଛି। ସନ୍ଧ୍ୟା ୭ଟାରେ ମେଧା ତାଲିକା ପ୍ରକାଶ ପାଇଥିବାରୁ ନାମଲେଖା ପାଇଁ ପ୍ରକ୍ରିୟା ସାମାନ୍ୟ ବିଳମ୍ବ ହୋଇଛି। ବିଳମ୍ବର କାରଣ ସମ୍ପର୍କରେ ବୈଷୟିକ କାର୍ଯ୍ୟ କରୁଥିବା ଫାର୍ମର ଜଣେ କର୍ମଚାରୀ କହିଛନ୍ତି ଯେ ପୂର୍ବ ସୂଚୀରେ ପରିବର୍ତ୍ତନ କରି ନାମଲେଖା ପାଇଁ ଦୁଇଦିନ ଅତିରିକ୍ତ ସମୟ ଦିଆଯାଇଥିଲା। ଶନିବାର ଅପରାହ୍ଣ ୩ଟାରେ ନାମଲେଖା ଅବଧି ସରିବା ପରେ ରାତିଦିନ କାମ କରିଛନ୍ତି। ଆଗକୁ ପ୍ରକ୍ରିୟା ମଝିରେ ପରିବର୍ତ୍ତନ କରାଗଲେ ବିଳମ୍ବ ହୋଇପାରେ ଏବଂ ସମ୍ପୂର୍ଣ୍ଣ ପ୍ରକ୍ରିୟା ନିର୍ଭୁଲ୍ ହେବା ନେଇ ମଧ୍ୟ ସେ ଆଶଙ୍କା ପ୍ରକାଶ କରିଛନ୍ତି।

**ବାହାରୁନି ଉଚ୍ଚଶିକ୍ଷା ବିଭାଗ ଏଚ୍‌ପିସି ପ୍ରୋସିଡ଼ିଂ**

## ନୂତନ ଶିକ୍ଷାନୁଷ୍ଠାନ ଖୋଲିବାକୁ ଡିଲ୍!

ଭୁବନେଶ୍ୱର,୨୨।୬(ସମିସ): ଉଚ୍ଚଶିକ୍ଷା ବିଭାଗର ଉଚ୍ଚକ୍ଷମତା ସଂପନ୍ନ କମିଟି (ଏଚ୍‌ପିସି) ବୈଠକ ଗତ ୧୧ତାରିଖରେ ଅନୁଷ୍ଠିତ ହୋଇଛି। ନୂତନ ଉଚ୍ଚଶିକ୍ଷାନୁଷ୍ଠାନ ଖୋଲିବା ପାଇଁ ହୋଇଥିବା ସମସ୍ତ ଆବେଦନ ଉପରେ ଆଲୋଚନା ହୋଇଛି। ସାଧାରଣ ପାଠ୍ୟକ୍ରମ ସହ ଏମ୍‌ବିଏ, ଏମ୍‌ସିଏ ପାଠ୍ୟକ୍ରମ ପାଇଁ ଅନୁମତି ଦେବା ସମ୍ପର୍କରେ ବିଚାରବିମର୍ଷ ହୋଇଛି। ହେଲେ ବୈଠକକୁ ୧୨ଦିନ ଅତିକ୍ରମ କରିଥିଲେ ମଧ୍ୟ ଏହାର ଚୂଡ଼ାନ୍ତ ନିଷ୍ପତ୍ତି (ପ୍ରୋସିଡିଂସ୍) ବାହାରିନାହିଁ। ଚୂଡ଼ାନ୍ତ ନିଷ୍ପତ୍ତି ନ ବାହାରିବା ପଛରେ ଯେଉଁ କାରଣଟି କୁହାଯାଉଛି, ତାହା ଅତ୍ୟନ୍ତ ସାଂଘାତିକ। ଏବେ କିଛି ନିର୍ଦ୍ଦିଷ୍ଟ ଶିକ୍ଷାନୁଷ୍ଠାନ ନୂତନ ପାଠ୍ୟକ୍ରମ ଖୋଲିବା ପାଇଁ ଆଗ୍ରହୀ ଥିବାରୁ ଶିକ୍ଷା ବିଭାଗ ସହ ସେମାନଙ୍କର ଡ଼ିଲ୍ ଚୂଡ଼ାନ୍ତ ହୋଇ ପାରୁନାହିଁ। ଯାହା ଫଳରେ ସମସ୍ୟା ସୃଷ୍ଟି ହୋଇଛି ବୋଲି କୁହାଯାଉଛି।

ପୂର୍ବରୁ ଏଚ୍‌ପିସି ବୈଠକ ସରିବାର ଅଳ୍ପ ଦିନ ମଧ୍ୟରେ ନିଷ୍ପତ୍ତି ସମ୍ପର୍କରେ ପ୍ରୋସିଡିଂସ୍ ପ୍ରକାଶ ପାଇଥାଏ। ନୂତନ ଶିକ୍ଷାନୁଷ୍ଠାନ ପାଇଁ ହୋଇଥିବା ସମସ୍ତ ଆବେଦନକାରୀଙ୍କ ତଥ୍ୟ ସଦସ୍ୟମାନଙ୍କ ପାଖରେ ଥାଏ। ବିଭିନ୍ନ ଦିଗକୁ ଯାଞ୍ଚ କରିବା ପରେ ଅନୁମୋଦନ କିମ୍ବା ନାକଚ ସମ୍ପର୍କରେ ନିଷ୍ପତ୍ତି ହୋଇଥାଏ। ବୈଠକରେ ଅଧ୍ୟକ୍ଷତା କରୁଥିବା ଅଧିକାରୀଙ୍କ ଅନୁମୋଦନ ପରେ ବିଜ୍ଞପ୍ତି ପ୍ରକାଶ ପାଏ। କେବେ ପ୍ରୋସିଡିଂ ପ୍ରକାଶ କରାଯିବ ସେନେଇ ନିର୍ଦ୍ଦିଷ୍ଟ ନିୟମ ନ ଥିବାବେଳେ ଅତିବେଶୀରେ ସପ୍ତାହେ ମଧ୍ୟରେ ବାହାରିବା କଥା। ହେଲେ ଚଳିତଥର ୧୦ଦିନ ବିତିଥିଲେ ମଧ୍ୟ ପ୍ରୋସିଡିଂ ପ୍ରକାଶ ପାଇନଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଅପରପକ୍ଷରେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ଆବେଦନ କରିଥିବା ଜଣେ ଆବେଦନକାରୀ ନିଜ ନାମ ଗୋପନ ରଖିବା ସର୍ତ୍ତରେ କହିଛନ୍ତି ଯେ ସେମାନେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ସମସ୍ତ ପ୍ରକାର ମାନଦଣ୍ଡ ପୂରଣ କରୁଛନ୍ତି। ହେଲେ ଅନୁମତି ସୁନିଶ୍ଚିତ କରିବା ପାଇଁ ୟୁନିଟ୍-୬ ଅଞ୍ଚଳରେ ରହୁଥିବା ଜଣେ ନିର୍ଦ୍ଦିଷ୍ଟ ଅଧିକାରୀଙ୍କୁ ସାକ୍ଷାତ କରିବାକୁ କୁହାଯାଉଛି। ଉଚ୍ଚଶିକ୍ଷା ବିଭାଗର ବରିଷ୍ଠ ଅଧିକାରୀଜଣକ ଆବେଦନରେ ବିଭିନ୍ନ ତ୍ରୁଟି ରହିଥିବା ଦର୍ଶାଇବା ସହ ଅନୁମତି ପାଇଁ ପରୋକ୍ଷ ଭାବେ ଅର୍ଥ ଦାବି କରୁଛନ୍ତି। ଏପରିକି ସେ ଅଗ୍ରୀମ ମଧ୍ୟ ଦେଇସାରିଛନ୍ତି। ଏଚ୍‌ପିସି ନିଷ୍ପତ୍ତିକୁ ବିଳମ୍ବ କରି ଅର୍ଥ ଆଦାୟ କରିବାକୁ ଏହା ଏକ ନୂଆ ବ୍ୟବସ୍ଥା ବୋଲି ମଧ୍ୟ ସେ ଅଭିହିତ କରିଛନ୍ତି। ଅପରପକ୍ଷରେ ଆବେଦନକାରୀଙ୍କ ଡିପିଆର୍ ସମେତ ଭିତ୍ତିଭୂମି ଯାଞ୍ଚ କରିବାକୁ ଏକ ସବ୍-କମିଟି ଗଠନ କରାଯାଇଛି। ତାଙ୍କ ରିପୋର୍ଟ ଆଧାରରେ ନିଷ୍ପତ୍ତି ନିଆଯିବ। ଏଣୁ ପ୍ରେସିଡିଂ ପ୍ରକାଶରେ ବିଳମ୍ବ ହେଉଥିବା ଜଣେ ବିଭାଗୀୟ ଅଧିକାରୀ କହିଛନ୍ତି।

## ବ୍ୟବସାୟୀଙ୍କୁ ଗୁଳିମାଡ଼ ଘଟଣା: ଡିଆଇଜିଙ୍କ ତନାଘନା

ଭଦ୍ରକ, ୨୨।୬(ସମିସ): ଭଦ୍ରକ ସହରର ଚରମ୍ପାଠାରେ ହୋଇଥିବା ଗୁଳିକାଣ୍ଡ ଘଟଣା ପରେ ପୁଲିସର ତନାଘନା ଆରମ୍ଭ ହୋଇଛି। ପୂର୍ବାଞ୍ଚଳ ଡିଆଇଜି ଓ ଏସ୍‌ପି ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ପ୍ରକ୍ରିୟା ଯାଞ୍ଚ କରିଛନ୍ତି। ଶନିବାର ଚରମ୍ପା ଛକ ନିକଟରୁ କିଛି ଦୂରରେ ବ୍ୟବସାୟୀ ବିଦ୍ୟାଧର ପାତ୍ରଙ୍କୁ କେତେକ ଦୁର୍ବୃତ୍ତ ଦୁଇରାଉଣ୍ଡ ଗୁଳି ଚଳାଇଥିଲେ। ପରେ ସ୍ଥାନୀୟ ଲୋକେ ବିଦ୍ୟାଧରଙ୍କୁ ଗୁରୁତର ଭାବେ ପ୍ରଥମେ ଭଦ୍ରକ ମେଡିକାଲ ଓ ପରେ କଟକ ମେଡିକାଲକୁ ସ୍ଥାନାନ୍ତର କରିଥିଲେ। ବିଦ୍ୟାଧରଙ୍କ ଦେହରୁ ଅପରେସନ ପରେ ଗୁଳି ବାହାର କରାଯାଇଛି ବୋଲି ସୂଚନା ମିଳିଛି। ତେବେ ଘଟଣା ପରେ ପୂର୍ବାଞ୍ଚଳ ଡିଆଇଜି ଡ. ସତ୍ୟଜିତ ନାୟକ, ଭଦ୍ରକ ଏସ୍‌ପି ମନୋଜ କୁମାର ରାଉତଙ୍କ ସହ ଅନ୍ୟ ଅଧିକାରୀମାନେ ଗୁଳିକାଣ୍ଡ ହୋଇଥିବା



ସ୍ଥାନକୁ ଯାଇ ତଦନ୍ତ କରିଛନ୍ତି। ବିଦ୍ୟାଧରଙ୍କ ପରିବାର ଲୋକଙ୍କ ସହ ଆଲୋଚନା କରିଛନ୍ତି ଡିଆଇଜି। ଏପର୍ଯ୍ୟନ୍ତ ଗୁଳିକାଣ୍ଡର କାରଣ ଅସ୍ପଷ୍ଟ ହୋଇଥିବା ବେଳେ ସିସିଟିଭି ଯାଞ୍ଚ ସହ ବିଭିନ୍ନ ସ୍ଥାନରେ ବ୍ଲକିଂ ଓ ଚଢ଼ଉ ଚାଲିଥିବା କହିଛନ୍ତି ଡିଆଇଜି। ଘଟଣା ପରେ ପୁଲିସ ତଦନ୍ତ ଆରମ୍ଭ କରିଥିବା ବେଳେ ଖୁବ୍‌ଶୀଘ୍ର ଅପରାଧୀଙ୍କୁ ପୁଲିସ ଧରିବ ବୋଲି କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଭଦ୍ରକ ସହରର ଚରମ୍ପା ଛକ ନିକଟରେ ବ୍ୟବସାୟୀଙ୍କୁ ଗୁଳିମାଡ ହୋଇଥିଲା। ଗୁଳିମାଡର ଶିକାର ହୋଇଥିଲେ ଭଦ୍ରକ ଗ୍ରାମାଞ୍ଚଳ ଥାନା ବେଲାମଳା ଗ୍ରାମର ବିଦ୍ୟାଧର ପାତ୍ର। ଚରମ୍ପା ସ୍ଥିତ ନିଜ ଦୋକାନ ବନ୍ଦ କରି ଘରକୁ ଯାଉଥିବା ସମୟରେ କେତେକ ଦୁର୍ବୃତ ଆସି ଗୁଳି ଫୁଟାଇଥିଲେ। ଲୁଟ୍ ଉଦ୍ଦେଶ୍ୟରେ ବିଦ୍ୟାଧରଙ୍କୁ ଗୁଳି ମାଡ଼ କରାଯାଇଥିବା ସନ୍ଦେହ କରାଯାଉଥିଲା। ପରେ ଗୁଳି ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ି ଆସିଥିଲେ। ଦୁର୍ବୃତ୍ତ ମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପ୍ରତ୍ୟେକ୍ଷଦର୍ଶୀଙ୍କ ଅନୁଯାୟୀ ଦୁଇ ରାଉଣ୍ଡ ଗୁଳି ଫୁଟିଥିଲା। ବାଇକରେ ଯାଉଥିବା ବିଦ୍ୟାଧର ରାସ୍ତାରେ ଟଳି ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ପରେ ଗୁରୁତର ଭାବେ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା।

## ଅନ୍‌ଲାଇନ୍ ଟ୍ରେଡିଂ ଆଳରେ ୧୯ ଲକ୍ଷର ଚୂନ

ବାରିପଦା, ୨୨।୬ (ସମିସ): ବାରିପଦା ମଧୁବନ ଅଞ୍ଚଳର ଜଣେ ଯୁବକଙ୍କୁ ସାଇବର୍ ଠକ ୧୯ ଲକ୍ଷ ଟଙ୍କାର ଚୂନ ମାରିଛନ୍ତି। ଠକେଇର ଶିକାର ହୋଇଥିବା ଯୁବକଜଣଙ୍କ ହେଲେ, ଶିବେନ୍ଦୁ ସୁରଜିତ ଜେନା। ଏ ସଂପର୍କରେ ସେ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ତାଙ୍କୁ ଏକ ଅଜଣା ନମ୍ବରରୁ ଫୋନ୍ ଆସିଥିଲା। ଘରେ ବସି ଅନ୍‌ଲାଇନ ଜରିଆରେ କାମ କରିବାକୁ ତାଙ୍କୁ ଠକମାନେ ପ୍ରବର୍ତ୍ତାଇଥିଲେ। ଏଥିପାଇଁ ମୋଟା ଅଙ୍କର ଟଙ୍କା ମିଳିବ ବୋଲି ପ୍ରଲୋଭନ ମଧ୍ୟ ଦେଖାଇଥିଲେ। ଅଧିକ ଅର୍ଥ ଉପାର୍ଜନ ଆଶାରେ ସୁରଜିତ୍ ସେମାନଙ୍କ କଥାରେ ରାଜି ହୋଇ କାମ ଆରମ୍ଭ କରିଥିଲେ। ତାଙ୍କ ବିଶ୍ୱାସ ଜିତିବା ପାଇଁ ଠକ ପ୍ରଥମେ ପ୍ରଥମେ ତାଙ୍କୁ ଟଙ୍କା ପ୍ରଦାନ କରିଥିଲେ। ପରେ ତାଙ୍କ ରୋଜଗାର ଟଙ୍କାକୁ ଅନ୍‌ଲାଇନ୍ ଟ୍ରେଡିଂରେ ବିନିଯୋଗ କରିବାକୁ ଠକ ପ୍ରବର୍ତ୍ତାଇଥିଲେ। ଠକଙ୍କ କହିବା ମୁତାବକ ସେ ଅନ୍‌ଲାଇନ୍ ଟ୍ରେଡିଂରେ ଟଙ୍କା ବିନିଯୋଗ କରିବା ଆରମ୍ଭ କରିଥିଲେ। ବିଭିନ୍ନ ପର୍ଯ୍ୟାୟରେ ସୁରଜିତ୍ ସମୁଦାୟ ୧୯,୯୭,୦୭୩ ଟଙ୍କା ବିନିଯୋଗ କରିବା ପରେ ଠକମାନେ ଆଉ ଧରାଛୁଆଁ ଦେଇନଥିଲେ। ସୁରଜିତ୍ ବାରମ୍ବାର ଯୋଗାଯୋଗ କରିଥିଲେ ହେଁ ସଫଳ ହୋଇନଥିଲେ। ତେଣୁ ଠକେଇର ଶିକାର ହୋଇଥିବା ଜାଣିବା ପରେ ଏନେଇ ସେ ଥାନାର ଦ୍ୱାରସ୍ଥ ହୋଇଥିଲେ।

## ଯୁବତୀଙ୍କ ଭିଡିଓ ଭାଇରାଲ

ବାରିପଦା,୨୨।୬(ସମିସ): ଜଣେ ଯୁବତୀଙ୍କ ଆପତ୍ତିଜନକ ଭିଡିଓ ଭାଇରାଲ କରିବାକୁ ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ପରିବାରଲୋକଙ୍କ ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନହେବାରୁ ପୁନଃ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ଜଣେ ଯୁବକ ତାଙ୍କ ଝିଅର ଭିଡିଓ ମୋବାଇଲରେ ଉତ୍ତୋଳନ କରି ସୋସିଆଲ ମିଡିଆରେ ଭାଇରାଲ କରିଛି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ ସୁଦ୍ଧା ଅଭିଯୁକ୍ତ ଗିରଫ ହୋଇନାହିଁ। ଫଳରେ ଯୁବତୀ ଓ ତାଙ୍କ ପରିବାରକୁ ନାନାଦି ଅପବାଦ ଶୁଣିବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି।

**ଗୋ-ଦାନ ପାଇଁ ଝିଅ ଘରକୁ ଯିବାବେଳେ ଆକ୍ରମଣ**

## ଲଣ୍ଡା କରି ଘାସ ଖୁଆଇଲେ, ନର୍ଦ୍ଦମା ପାଣି ବି ପିଆଇଲେ

ଧରାକୋଟ, ୨୨।୬ (ସମିସ): ମୁଖ୍ୟମନ୍ତ୍ରୀଙ୍କ ଗଞ୍ଜାମ ଜିଲ୍ଲା ଗସ୍ତ ପୂର୍ବରୁ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ଗୋ-ଚାଲାଣ ସନ୍ଦେହରେ ୨ ଜଣଙ୍କୁ ଅଧାଲଣ୍ଡା କରି ଘାସ ଖୁଆଇବା ଏବଂ ଆଣ୍ଠେଇ ଆଣ୍ଠେଇ ଚଲେଇବା ସହ ନର୍ଦ୍ଦମା ପାଣି ପିଆଇବା ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଉପରକୁ ଅଙ୍ଗୁଳି ନିର୍ଦ୍ଦେଶ କରିଛି। ଝିଅକୁ ଦେବାପାଇଁ ଗାଇ ନେଇ ଯାଉଥିବା ଦୁଇ ଦଳିତ ବ୍ୟକ୍ତିଙ୍କୁ କଙ୍ଗାରୁ କୋର୍ଟ ବସାଇ ଅଧା ଲଣ୍ଡା କରି ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ପ୍ରାୟ ୨ କିଲୋମିଟର ନେବା ସହ ନର୍ଦ୍ଦମା ପାଣି ପିଆଇଛନ୍ତି ଲୋକେ। ଏମିତି ଏକ ଅମାନବୀୟ ଘଟଣା ଦେଖିବାକୁ ମିଳିଛି ଗଞ୍ଜାମ ଜିଲ୍ଲା ଧରାକୋଟ ଥାନା ଅନ୍ତର୍ଗତ ଖାରିଗୁମ୍ମା ଗ୍ରାମ ରାଜରାସ୍ତାରେ। ଏହି ଦୁଇ ବ୍ୟକ୍ତି ହେଲେ ଧରାକୋଟ ବ୍ଲକର ସିଙ୍ଗିପୁର ଗ୍ରାମର ବୁଲୁ ନାୟକ ଓ ବାବୁଲା ନାୟକ।



ସୂଚନା ଅନୁଯାୟୀ, ଝିଅକୁ ଯୌତୁକ ଦେବା ପାଇଁ ବୁଲୁ ଓ ବାବୁଲା ହରିପୁରରୁ ତିନୋଟି ଗାଇ ଧରି ସିଙ୍ଗିପୁର ଯିବାବେଳେ ଖାରିଗୁମ୍ମାଠାରେ ତାଙ୍କୁ କିଛି ଲୋକ ଅଟକାଇବା ସହ ଗୋ-ଚାଲାଣ କରୁଥିବା କହି ପଇସା ମାଗିଥିଲେ। ପଇସା ନ ଦେବାରୁ ସେମାନେ ଦୁହିଁଙ୍କୁ ମାଡ଼ ମାରିବା ସହ ସେଲୁନକୁ ଟେକିନେଇ ଅଧା ଲଣ୍ଡା କରି ଖାରିଗୁମ୍ମାଠାରୁ ଖାଲି ପାଦରେ ଚଲାଇ ଚଲାଇ ଜାହାଡା ଯାଏଁ ଆଣିଥିଲେ। ପାଖାପାଖି ଦୁଇ କିଲୋମିଟର ଚଲାଇବା ପରେ ତାଙ୍କୁ ଜାହାଡା ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ଚଲାଇଥିଲେ। କେବଳ ଏତିକିରେ ନିର୍ଯାତନା ସରି ନ ଥିଲା। ଦୁଇ ଜଣଙ୍କୁ ଘାସ ଖାଇବାକୁ ମଧ୍ୟ ଦେବା ସହ ନର୍ଦ୍ଦମା ପାଣି ପିଇବାକୁ ବାଧ୍ୟ କରାଇଥିଲେ। ତେବେ କୌଶଳକ୍ରମେ ଦୁଇଜଣ ସେଠାରୁ ଖସି ଆସି ଧରାକୋଟ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

ଅଭିଯୁକ୍ତଙ୍କ ମୁଣ୍ଡ ଆଉ ପିଠିରେ ଆଘାତ ଲାଗିଥିବା ବେଳେ ଧରାକୋଟ ପୁଲିସ ତାଙ୍କୁ ମେଡ଼ିକାଲରେ ଭର୍ତ୍ତି କରି ଘଟଣାରେ ତଦନ୍ତ କରୁଛି। ଏହି ଘଟଣାରେ ୭ରୁ ୮ ଜଣଙ୍କ ସଂପୃକ୍ତି ଥିବା ଧରାକୋଟ ଥାନା ଅଧିକାରୀ ଚନ୍ଦ୍ରିକା ସ୍ୱାଇଁ ସୂଚନା ଦେଇଛନ୍ତି। ଏ ସଂକ୍ରାନ୍ତରେ ଜଣକୁ ଧରାକୋଟ ପୁଲିସ ଅଟକ ରଖି ତଦନ୍ତ କରୁଛି।

ମୁଖ୍ୟମନ୍ତ୍ରୀ ସୋମବାର ଆସିକା ଗସ୍ତ କରିବାର କାର୍ଯ୍ୟକ୍ରମ ରହିଥିବା ବେଳେ ତା' ପୂର୍ବରୁ ଏଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। ପୁଲିସ ପ୍ରଶାସନକୁ ଲୋକଙ୍କ ଖାତିର ରହୁ ନ ଥିବା ବେଳେ ପ୍ରତିଦିନ ଏଭଳି ହୃଦୟବିଦାରକ ଘଟଣା ଘଟୁଛି। ଫଳରେ ସରକାର ଓ ପୁଲିସ ପ୍ରତି ଲୋକଙ୍କ ବିଶ୍ୱାସ ତୁଟିବାରେ ଲାଗିଛି ଓ ଜିଲ୍ଲାବାସୀ ନିଜକୁ ନିରାପଦ ମଣୁନାହାନ୍ତି ବୋଲି ମତ ପ୍ରକାଶ ପାଇଛି।

## ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର ନିର୍ବାଚନ

ଭୁବନେଶ୍ୱର,୨୨।୬(ସମିସ): ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର କର୍ମକର୍ତ୍ତା ନିର୍ବାଚନ ରେଭେନ୍ସା ବିଶ୍ୱବିଦ୍ୟାଳୟ ସେଭେନ୍ ପିଲାର୍ସ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ରେଭେନ୍ସା ବିଶ୍ୱବିଦ୍ୟାଳୟର ପ୍ରଫେସର୍ ଧର୍ମବ୍ରତ ମହାପାତ୍ର ସଭାପତି ଭାବେ ନିର୍ବାଚିତ ହୋଇଥିବା ବେଳେ ପ୍ରଫେସର୍ ମଧୁସ୍ମିତା ପତି, ବିଶ୍ୱଜିତ ପ୍ରସାଦ ଛାଟୋଇ, ଏକାମ୍ର କରେଇଲା, ପ୍ରସନ୍ନ କୁମାର ପାତ୍ର ଓ ଇଶ୍ୱର ଚନ୍ଦ୍ର ନାୟକ ଉପ-ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ସେହିପରି ସମ୍ପାଦକ ଭାବେ ମନୋରଞ୍ଜନ ମିଶ୍ର, ଯୁଗ୍ମ ସମ୍ପାଦକ ଭାବେ ସଂଯୁକ୍ତା ପାଢ଼ୀ ଓ ପ୍ରିୟଙ୍କା ଚକ୍ରବର୍ତ୍ତୀ ଏବଂ କୋଷାଧ୍ୟକ୍ଷ ଭାବେ ପରେଶ କୁମାର ଲେଙ୍କା ନିର୍ବାଚିତ ହୋଇଛନ୍ତି। ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ପ୍ରାୟ ଦୁଇଶହରୁ ଅଧିକ ଅଧ୍ୟାପକ/ଅଧ୍ୟାପିକା ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରିବା ସହ ଉଚ୍ଚଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଛନ୍ତି। ଏହାସହ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧିତ ଅଧିନିୟମ-୨୦୨୪ କାର୍ଯ୍ୟକାରୀ କରିବା, ବିଶ୍ୱବିଦ୍ୟାଳୟଗୁଡ଼ିକର ସ୍ୱାୟତ୍ତତା ଉପରେ ଆଲୋଚନା ହୋଇଥିଲା। ବିଶ୍ୱବିଦ୍ୟାଳୟରେ ଆରମ୍ଭ କରାଯାଇଥିବା ଶିକ୍ଷକ ପଦ ସଂଗଠୀକରଣ (ସ୍କୁଲ୍ ଗଠନ)କୁ ବିରୋଧ କରିବା ସହ ତୁରନ୍ତ ବନ୍ଦ କରିବାକୁ ସଦସ୍ୟମାନେ ଦାବି କରିଛନ୍ତି।

**ପୁଲିସ ଇନ୍‌ଫର୍ମର ସନ୍ଦେହ**

## ଦୁଇ ଗ୍ରାମବାସୀଙ୍କୁ ମାଓବାଦୀଙ୍କ ହତ୍ୟା

ମାଲକାନଗିରି, ୨୨।୬ (ସମିସ): ସୀମାନ୍ତରେ ପୁଣି ସକ୍ରିୟ ହୋଇଉଠିଛନ୍ତି ମାଓବାଦୀ। ସୂଚନାଦାତା ସନ୍ଦେହରେ ଦୁଇ ଗ୍ରାମବାସୀଙ୍କୁ ନିର୍ମମ ଭାବେ ହତ୍ୟା କରିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ରାଜ୍ୟ ବିଜାପୁର ଜିଲ୍ଲାରେ ମାଓବାଦୀମାନେ ଗତ କିଛି ଦିନ ହେଲା ନିରୀହ ଗ୍ରାମବାସୀଙ୍କୁ ଟାର୍ଗେଟ କରି ଚାଲିଛନ୍ତି। ଆଜି ସକାଳେ ମାଓବାଦୀମାନେ ଛତିଶଗଡ ରାଜ୍ୟ ବିଜାପୁର ଜିଲ୍ଲାର ପାମେଡ ଥାନା ଅନ୍ତର୍ଗତ ସେଣ୍ଡ୍ରାବୋର ଏବଂ ଏମ୍ପୁର ଗାଁରେ ଦୁଇଜଣ ଗ୍ରାମବାସୀଙ୍କୁ ନିର୍ମମ ଭାବରେ ହତ୍ୟା କରିଛନ୍ତି। ମୃତକଙ୍କ ମଧ୍ୟରେ ସେଣ୍ଡ୍ରାବୋର ଗାଁର ସମୟା ସୁନମ ରହିଛନ୍ତି। ସେ କିଛି ଦିନ ପୂର୍ବରୁ ମାଓ ସଂଗଠନ ଛାଡି ପୁଲିସ ନିକଟରେ ଆତ୍ମ ସମର୍ପଣ କରିଥିଲେ। ସେ ଆରପିସି ସଦସ୍ୟ ଭାବେ ମାଓବାଦୀ ସଂଗଠନରେ ସକ୍ରୀୟ ଥିଲେ। ସେହିପରି ଏମପୁର ଗାଁର ବେକୋ ଦେବାଙ୍କୁ ମାଓବାଦୀ ମାନେ ହତ୍ୟା କରିଛନ୍ତି। ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି। ଗ୍ରାମବାସୀଙ୍କୁ ବାରମ୍ବାର ହତ୍ୟା କରାଯିବା ଫଳରେ ଅଞ୍ଚଳରେ ଗ ଭୟର ବାତାବରଣ ଖେଳିଯାଇଛି। ପୁଲିସ ପକ୍ଷରୁ ତଲାସି ଅଭିଯାନକୁ ଜୋରଦାର କରାଯାଇଛି।


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
GADHWAL GROUP
Mob.: 9437015112

**AFFIDAVIT**

By virtue of an Affidavit No. 596 Dt: 12.06.2025 sworn before the Executive Magistrate, Lephripara, I Manash Ranjan Sahoo, S/o- Nityananda Sahoo R/o At/P.O./P.S.- Lephripara, Dist- Sundargarh - 770012 declare that my minor daughter SRUSTI KUMARI SAHOO changed her name to SONAKSHI SAHOO. Henceforth, she will be known as **SONAKSHI SAHOO** for all purposes.

**NOTICE**
(above 18 years of age)

By virtue of an affidavit sworn before Notary Public, Udala, Mayurbhanj, dated 21st June, 2025 I, Narayan Tudu, Address At- Badaolia, PO- Bholagadia, PS- Khunta, Dist- Mayurbhanj, PIN- 757104 declare that I have changed my name from Narayan Majhi to Narayan Tudu. Henceforth, I shall be known as Narayan Tudu for all purposes.

Narayan Tudu

**NOTICE**

ମୁଁ ଶ୍ରୀ ଡକତା ଟୁଡୁ ବୟସ ୪୮ ବର୍ଷ, ପିତା- ସ୍ୱର୍ଗତ ସବନ ଟୁଡୁ, ସା- ଉଦଳା ୱାର୍ଡ ନଂ.-୧୨, ଜ୍ୟୋତି ନଗର, ପୋ.ଅ./ଥା- ଉଦଳା, ଜି- ମୟୂରଭଞ୍ଜ। ଏତଦ୍ୱାରା ଘୋଷଣା କରୁଅଛି କି, ମୋର ଝିଅ କୁମାରୀ ଟି. କୌଶଲ୍ୟା କୁମାରୀଙ୍କ ପ୍ରକୃତ ଜନ୍ମ ତାରିଖ ୦୨.୦୮.୨୦୦୮ ଅଟେ। ଯାହାକି ତା'ର ବୋର୍ଡ ସାର୍ଟିଫିକେଟ୍ (BSE) ରେଜିଷ୍ଟ୍ରେସନ ନଂ. B123/17249/0031 ଲେଖାଅଛି। ମାତ୍ର ତା'ର ଆଧାର ନ.- 680347351865 ରେ ଭୁଲ କ୍ରମେ ତା. ୦୮.୦୨.୨୦୦୮ ଲେଖା ଅଛି। ଏଥିପାଇଁ ଆଜେ ଶ୍ରୀଯୁକ୍ତ ଏକଜିକ୍ୟୁଟିଭ ମାଜିଷ୍ଟ୍ରେଟ୍ କପ୍ତିପଦା, ଉଦଳାଙ୍କ ଠାରେ ନଂ. 3833/21.6.25ମୂଳ ମୂଳେ ସତ୍ୟପାଠ କରିଅଛି।

ଡକତା ଟୁଡୁ

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground -2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

CONTACT : 6371093914


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଯୁଦ୍ଧକୁ ଡେଇଁଲା...

ତିନିଟି ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଥିବା ଆମେରିକା ଦାବି କରିଛି। ୧୯୭୯ରେ ଇରାନ ବିପ୍ଳବ ପରେ ପ୍ରଥମ ଥର ଲାଗି ଇରାନ ଭିତରେ ଆକ୍ରମଣ କରିଛି ଆମେରିକା। ରାଷ୍ଟ୍ରପତି ଟ୍ରମ୍ପ ଏହି ଆକ୍ରମଣ ସଫଳ ହୋଇଛି ଏବଂ ଇରାନର ପରମାଣୁ କ୍ଷମତା ଶୂନ ହୋଇଯାଇଛି ବୋଲି କହିଛନ୍ତି। ଏବେ ମଧ୍ୟପ୍ରାଚ୍ୟ ଓ ଇସ୍ରାଏଲ ବିପଦମୁକ୍ତ ବୋଲି ସେ କହିଛନ୍ତି। ଇରାନ ତୁରନ୍ତ କଥାବାର୍ତ୍ତା କରୁ, ନହେଲେ ଆହୁରି ଭୟଙ୍କର ଆକ୍ରମଣ କରାଯିବ ବୋଲି ସେ ଧମକ ଦେଇଛନ୍ତି। ଆମେରିକାର ପ୍ରତିରକ୍ଷା ସଚିବ କହିଛନ୍ତି ଯେ 'ମିଡନାଇଟ୍ ହାମର' ନାମରେ ହୋଇଥିବା ଆକ୍ରମଣରେ ୧୨୫ଟି ଲଢୁଆ ବିମାନ ମଧ୍ୟ ସାମିଲ ହୋଇଥିଲେ। ଏହାସହିତ ଆମେରିକା ନୌସେନାର ସବମେରିନରୁ ୨୪ଟି ଟୋମହକ୍ କ୍ଷେପଣାସ୍ତ୍ର ମଧ୍ୟ ମାଡ଼ କରାଯାଇଛି।

ଏହି ଆକ୍ରମଣ ନେଇ ଇରାନ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି। ଇରାନର ବୈଦେଶିକ ମନ୍ତ୍ରୀ ଅଦ୍ଧାସ କହିଛନ୍ତି ଯେ ଇରାନ ଉପରେ ଆକ୍ରମଣ କରି ଆମେରିକା ସବୁ ସୀମା ଅତିକ୍ରମ କରିଛି। ଇରାନ ଏହାର ଦୃଢ଼ ଜବାବ ଦେବ। ଇରାନ ମଧ୍ୟ ମଧ୍ୟପ୍ରାଚ୍ୟରେ ଥିବା ଆମେରିକାର ସାମରିକ ପ୍ରତିଷ୍ଠାନକୁ ଟାର୍ଗେଟ କରିବ ବୋଲି ସେ କହିଛନ୍ତି। ଏସଂପର୍କରେ ଅଧିକ ବିଚାରବିମର୍ଶ ଲାଗି ଆଜି ସେ ମସ୍କୋ ଯାଉଛନ୍ତି। ସେଠାରେ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ସହିତ ଆଲୋଚନା କରିବେ। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ନିନ୍ଦା କରିବା ସହିତ ତୁରନ୍ତ ଯୁଦ୍ଧ ବନ୍ଦ କରିବାକୁ ପରାମର୍ଶ ଦେଇଛନ୍ତି। ରୁଷ ଏବଂ ଚୀନ ମଧ୍ୟ ଏହାର ନିନ୍ଦା କରି କହିଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟ ସ୍ଥିତି ଆହୁରି ବିଗିଡ଼ିଯିବ। ରୁଷ ରାଷ୍ଟ୍ରପତି ପୁତିନଙ୍କ ବରିଷ୍ଠ ପରାମର୍ଶଦାତା ତଥା ପୂର୍ବତନ ରାଷ୍ଟ୍ରପତି ଡୁମିଟ୍ରି ମେଦଭେଦେଭ କହିଛନ୍ତି ଯେ ଆମେରିକାର ଆକ୍ରମଣ ସଫଳ ହୋଇନାହିଁ। ଏହା ଆମେରିକା ପାଇଁ ମହଙ୍ଗା ପଡ଼ିବ। ରୁଷ ସମେତ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି ବୋଲି ସେ କହିଛନ୍ତି। ଅନକ୍ଷପକ୍ଷରେ ବ୍ରିଟେନ ଓ ଇସ୍ରାଏଲ ଏହି ଆକ୍ରମଣକୁ ସମର୍ଥନ କରିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଏସଂପର୍କରେ ଇରାନ ରାଷ୍ଟ୍ରପତିଙ୍କ ସହିତ ଫୋନରେ କଥା ହୋଇଛନ୍ତି। ମଧ୍ୟପ୍ରାଚ୍ୟ ସ୍ଥିତି ନେଇ ଉଦବେଗ ପ୍ରକାଶ କରିବା ସହିତ ତୁରନ୍ତ ଉତ୍ତେଜନା ଦୂର କରିବା ସପକ୍ଷରେ ମତ ରଖିଛନ୍ତି। ଦୁଇ ନେତାଙ୍କ ମଧ୍ୟରେ ୪୫ ମିନିଟ୍ ଧରି କଥାବାର୍ତ୍ତା ହୋଇଥିଲା।

ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାପାଇଁ ଅଭିଯାନ ଚଳାଇଥିବା ପାକିସ୍ତାନର ଆଜିର ଆମେରିକୀୟ କାର୍ଯ୍ୟାନୁଷ୍ଠାନକୁ ନିନ୍ଦା କରିଛି। ପାକିସ୍ତାନ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ ଇରାନ ଉପରେ ଆମେରିକା ଆକ୍ରମଣକୁ ନିନ୍ଦା କରି କହିଛନ୍ତି ଯେ ଏହା ମଧ୍ୟପ୍ରାଚ୍ୟରେ ଉଦବେଗଜନକ ପରିସ୍ଥିତି ସୃଷ୍ଟି କରିଛି।

ଆମେରିକା ଆକ୍ରମଣ ପରେ ଇରାନ ଓ ଇସ୍ରାଏଲ ମଧ୍ୟରେ ଯୁଦ୍ଧ ଆହୁରି ଭୟଙ୍କର ରୂପ ଧାରଣ କରିଛି। ଆମେରିକା ଆକ୍ରମଣର କିଛି ସମୟ ମଧ୍ୟରେ ଇସ୍ରାଏଲ ଉପରେ ପ୍ରଚଣ୍ଡ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲର ୪ଟି ସହରକୁ ଟାର୍ଗେଟ କରି ଇରାନ ଏହାର ସବୁଠାରୁ ଶକ୍ତିଶାଳୀ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲ ମଧ୍ୟ ଏହା ଯୁଦ୍ଧବିମାନ ଜରିଆରେ ଇରାନର ଅନେକ ସାମରିକ ପ୍ରତିଷ୍ଠାନ ଉପରେ ଆକ୍ରମଣ କରିଥିବା କହିଛି।

### ବଢ଼ିବ ତୈଳ...

ହୋଇଯାଏ ତେବେ ତାହାର ପ୍ରଭାବ ବିଶ୍ୱ ଅର୍ଥ ବ୍ୟବସ୍ଥା ଉପରେ ପଡ଼ିବ। ମଧ୍ୟ ପ୍ରାଚ୍ୟକୁ ସାମଗ୍ରୀ ଯୋଗାଣ ପାଇଁ ଏହି ମାର୍ଗ ଗୁରୁତ୍ୱପୂର୍ଣ୍ଣ। ଏହାର ପ୍ରଭାବରେ ଭାରତରେ ମଧ୍ୟ ତୈଳ ଦର ବୃଦ୍ଧି ପାଇପାରେ। ଭାରତର ପ୍ରାୟ ୫୦ ପ୍ରତିଶତ ତୈଳ ଏବଂ ଗ୍ୟାସ ହର୍ମୁଜ ଦେଇ ଆସୁଛି।

### କମୁଛି ବନ୍ୟା...

ପ୍ରଶାସନ ପକ୍ଷରୁ ଭୋଗରାଇ ବ୍ଲକ୍‌ର ମାତ୍ର ୮ଟି ଗ୍ରାମରେ ଚୁଡା ଗୁଡ଼, ପାଣି ବୋତଲ ବଣ୍ଟନ କରାଯାଇଛି। ଅପରପକ୍ଷେ, ବନ୍ୟା ପାଣି ସ୍ରୋତରେ ଗତକାଲି ଭାସି ଯାଇଥିବା କୁମ୍ଭୀରଗଡ଼ି ପଞ୍ଚାୟତର କୁହ୍ଲା ଗ୍ରାମର ନବକୃଷ୍ଣ ପିଳାଙ୍କ ପୁଅ ମହେଶ୍ୱର ପିଳାଙ୍କ ମୃତଦେହ ଆଜି ଉଦ୍ଧାର ହୋଇଛି। ସକାଳେ ସ୍ଥାନୀୟ ଲୋକେ ନଦୀରେ ଏକ ଶବ ଭାସୁଥିବା ଦେଖି ପ୍ରଶାସନକୁ ଖବର ଦେବା ପରେ ଓଡ୍ରାଫ ଟିମ ପହଁଚି ଶବକୁ ଉଦ୍ଧାର କରିଥିଲା। ଉକ୍ତ ଶବକୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

ଶନିବାର ଅପରାହ୍ଣରେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀ ବୋଟ୍ ଯୋଗେ ବନ୍ୟା ପ୍ରପୀଡ଼ିତ ଗାଁକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ସହ ଲୋକଙ୍କ ସହ ଆଲୋଚନା କରିଥିଲେ। ଏଥି ସହିତ କୁମ୍ଭୀରଗଡ଼ି ପଞ୍ଚାୟତ କୁହ୍ଲା ଗ୍ରାମର ବନ୍ୟା ପାଣିରେ ବୁଡ଼ି ପ୍ରାଣ ହରାଇଥିବା ଯୁବକଙ୍କ

- **ପାଣି ଘେରରେ ଭୋଗରାଇର ୪୦ ଓ ବାଲିଆପାଳର ୫୦ ଗାଁ**
- **ପାନୀୟ ଜଳର ଅଭାବ ମେଣ୍ଟାଇବାରେ ପ୍ରଶାସନ ବିଫଳ**
- **ଗତକାଲି ଭାସିଯାଇଥିବା ଯୁବକଙ୍କ ମୃତଦେହ ମିଳିଲା**

ଘରକୁ ଯାଇ କିଛି ଆର୍ଥିକ ସାହାଯ୍ୟ କରିଥିଲେ। ତା ଛଡ଼ା ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ କିଛି ଆର୍ଥିକ ଆଣିଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ତୁରନ୍ତ ଭୋଗରାଇ ପ୍ରଶାସନକୁ ବନ୍ୟା ଅଞ୍ଚଳର ଲୋକମାନଙ୍କୁ ଶୁଖିଲା ଖାଦ୍ୟ ବାଣ୍ଟିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ। ସାଂସଦ ଶ୍ରୀ ଷଡ଼ଙ୍ଗୀଙ୍କ ସହିତ ବିଜେପି ନେତା ଆଶିଷ ପାତ୍ର, ମଣ୍ଡଳ ସଭାପତି ପରମାନନ୍ଦ ପରିଡ଼ା ତଥା ଦଳୀୟ କର୍ମୀମାନେ ଉପସ୍ଥିତ ଥିଲେ।

ସେହିପରି ବନ୍ୟାରେ ବାଲିଆପାଳ ବ୍ଲକର ୧୦ ପଞ୍ଚାୟତର ୫୦ରୁ ଅଧିକ ଗ୍ରାମ ବିଶେଷ ମାତ୍ରାରେ ପ୍ରଭାବିତ ହୋଇଛନ୍ତି। ଏବେବି ଏହି ସବୁ ଗ୍ରାମରେ ବନ୍ୟାପାଣି ପ୍ରବାହିତ ହେଉଥିବାରୁ ଲୋକଙ୍କ ଯାତାୟାତରେ ବାଧା ସୃଷ୍ଟି ହେଉଛି। କୁଦମାନସିଂ, ଆଠବାଟିଆ, ରାଉତୁରାପୁର, ତଳ ବାଲିଆପାଳ, ଶୁଙ୍ଘମୁହଁ, ପାଳଚମ୍ପେ, ବିଷ୍ଣୁପୁର, ଇକଡପାଳ, ଚୌଧୁରିକୁଦ, କୁହ୍ଲାଚଡ, ବଡତାଳପଦା, ନଖପାଳ ପ୍ରଭୃତି ଗ୍ରାମ ସଂପୂର୍ଣ୍ଣ ରୂପେ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଛି। ବନ୍ୟା ଯୋଗୁଁ ୨ଦିନ ହେଲା ଗ୍ରାମର ଅନେକ ଲୋକଙ୍କ ଘରେ ଚୁଲି ଜଳି ନଥିବା ବେଳେ ସେମାନେ ଭୋକ ଉପବାସରେ ଦିନ ବିତାଉଛନ୍ତି। ପିଇବା ପାଣି ପାଇଁ ଲୋକେ ସବୁଠାରୁ ଅଧିକ ସଙ୍କଟର ସମ୍ମୁଖୀନ ହେଉଛନ୍ତି। ନଳକୂପଗୁଡ଼ିକ ପାଣିରେ ବୁଡ଼ି ରହିଥିବାରୁ ଲୋକେ ଦୂଷିତ ପାଣି ପିଇବାକୁ ବାଧ୍ୟ ହେଉଛନ୍ତି। ପ୍ରଶାସନ ପକ୍ଷରୁ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଇ ଦେବାର ବ୍ୟବସ୍ଥା କରାଯାଇଥିଲେ ମଧ୍ୟ ଲୋକମାନେ ଟ୍ୟାଙ୍କର ପାଖକୁ ପାଣି ନେବା ପାଇଁ ଅଣ୍ଟେ ପେଟେ ପାଣିରେ ପଶି ରାସ୍ତା ଉପରକୁ ଆସିବାକୁ ପଡୁଛି। ଏହା ପର୍ଯ୍ୟାପ୍ତ ନୁହଁ ବୋଲି ବହୁ ବିପନ୍ନ ଅଭିଯୋଗ କରିଛନ୍ତି। ସେହିପରି ବନ୍ୟା ଯୋଗୁଁ ଗୃହପାଳିତ ପଶୁ ଘରୁ ପଦାକୁ ବାହାରି ନପାରି ଭୋକିଲା ଅଛନ୍ତି। ବନ୍ୟା ପାଣି ସମ୍ପୂର୍ଣ୍ଣ ଛାଡ଼ିବାକୁ ଆହୁରି ଦିନେ ଦୁଇଦିନ ଲାଗିବ। ତେବେ ପ୍ରଶାସନ ପକ୍ଷରୁ ଲୋକମାନଙ୍କ ପାଖରେ ରିଲିଫ ପହଂଚାଇ ନପାରିବା ପ୍ରଶାସନର ଅପାରଗତାକୁ ପଦାରେ ପକାଇଛି। ବନ୍ୟା ପରେ ଗ୍ରାମବାସୀମାନେ ଝାଡାବାନ୍ତି ରେ ଆକ୍ରାନ୍ତ ହେବାର ସମ୍ଭାବନା ଅଧିକ ଥିବାରୁ ପ୍ରସାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ନଳକୂପ ଏବଂ ଗ୍ରାମ ଗୁଡିକ ବିଶୋଧନ ପାଇଁ ଦାବି ହୋଇଛି। ସେହିପରି ଶହଶହ ଏକର ଜମିରେ ହୋଇଥିବା ପରିବା ଚାଷ ପାଣିରେ ବୁଡି ରହି ସମ୍ପୂର୍ଣ୍ଣ ନଷ୍ଟ ହେବାକୁ ବସିଛି। ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ଜ୍ୟୋତ୍ସ୍ନାରାଣି ନାୟକ ବିଭିନ୍ନ ବନ୍ୟାଞ୍ଚଳ ବୁଲି ସ୍ଥିତି ଉପରେ ନଜର ରଖିଛନ୍ତି। ପ୍ରଶାସନ ପକ୍ଷରୁ ୬ଟି ପଞ୍ଚାୟତର ୧୮ ହଜାର ଲୋକଙ୍କ ପାଇଁ ୯୫ କୁଇଣ୍ଟାଲ ଚୁଡା ୧୦ କୁଇଣ୍ଟାଲ ଗୁଡ ଏବଂ ପାଣି ବୋତଲ ଯୋଗାଇ ଦିଆଯାଇଥିବା ବାଲିଆପାଳ ବ୍ଲକ ବନ୍ୟା ଦାୟିତ୍ୱରେ ଥିବା ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ କହିଛନ୍ତି। ସେହିପରି ବିଭିନ୍ନ ସ୍ଥାନରେ ୬ଟି ପାୱାର ବୋଟ ନିୟୋଜିତ ହୋଇଛି। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ୬ଟି ଟିମ କରାଯାଇ ବିଭିନ୍ନ ଅଂଚଳରେ ସ୍ୱାସ୍ଥ୍ୟସେବା ତଦାରଖ କରାଯାଉଥିବା ଉପଜିଲ୍ଲାପାଳ ଡ. ସାମନ୍ତରାୟ କହିଛନ୍ତି। ପ୍ରଶାସନ ପକ୍ଷରୁ ତୁରନ୍ତ କ୍ଷତିଗ୍ରସ୍ତ ଗ୍ରାମ ଗୁଡିକର କ୍ଷତି ଅନୁଧ୍ୟାନ କରି ଲୋକଙ୍କୁ ସହାୟତା ଯୋଗଇ ଦେବାକୁ ଦାବି ହେଉଛି।

### ଅସ୍ତ୍ରୋପଚାର ସଫଳ...

ମଧ୍ୟରେ ଅସ୍ତ୍ରୋପଚାର ଶେଷ ହୋଇଛି। ଡାକ୍ତର ରମାକାନ୍ତ ପଣ୍ଡା କହିଛନ୍ତି ଯେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦରୁ ନବୀନ ପଟ୍ଟନାୟକଙ୍କ ସଫଳତା ସହ ଅପରେସନ ହୋଇଛି। ବୟସ ବଢିଲେ ସର୍ଭିକାଲ୍ ଆର୍ଥ୍ରାଇଟିସ୍ ହୁଏ। ଏଥିପାଇଁ ସେ (ନବୀନ) ଟିକିଏ କଷ୍ଟ ଅନୁଭବ କରୁଥିଲେ। ଏବେ ଚିକିତ୍ସା ପରେ ଆଉ ତାଙ୍କୁ କଷ୍ଟ ହେବ ନାହିଁ। ଦୁଇ ଘଣ୍ଟା ଅପରେସନ ହୋଇଛି ଓ ଗୋଟେ ଛୋଟ ଷ୍ଟିଚ ପଡିଛି। ୫ ରୁ ୭ ଦିନ ପରେ ଷ୍ଟିଚ ଖୋଲାଯିବ ବୋଲି ସେ କହିଛନ୍ତି। ଅପରେସନ ସମୟରେ ଏହି ସମୟରେ ନବୀନଙ୍କ ଭାଇ ପ୍ରେମ୍ ପଟ୍ଟନାୟକ ଓ ଭାଉଜ, ନବୀନଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ମଧ୍ୟ ଉପସ୍ଥିତ ରହିଥିଲେ। ଶ୍ରୀ ମିଶ୍ର କହିଛନ୍ତି ଯେ ନବୀନ ବାବୁ ଅବଜରଭେସନରେ କେତେ ସମୟ ରହିବେ, ଡାକ୍ତରଙ୍କ ମତାମତ ଉପରେ ନିର୍ଭର କରେ। ସେ ଏବେ ଆଇସିୟୁରେ ଅଛନ୍ତି। ଅନେକ ପ୍ରତିଷ୍ଠିତ ଲୋକ ନବୀନ ପଟ୍ଟନାୟକଙ୍କୁ ଦେଖା କରିବାକୁ ଚାହୁଁଛନ୍ତି। ଅପରେସନ ପରେ ସଂକ୍ରମଣର ଭୟ ରହିଥାଏ। ତେଣୁ ଆଇସିୟୁରୁ କ୍ୟାବିନ୍‌କୁ ସ୍ଥାନାନ୍ତର ହେବା ପର୍ଯ୍ୟନ୍ତ ସମସ୍ତଙ୍କୁ ଅପେକ୍ଷା କରିବାକୁ ଆମେ ବିନମ୍ର ଭାବରେ ଅନୁରୋଧ କରିଛୁ ବୋଲି ଶ୍ରୀ ମିଶ୍ର କହିଛନ୍ତି।

ଦୀର୍ଘ ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ ନିରଳସ ଓ ନିସ୍ୱାର୍ଥପର ଭାବରେ ରାଜ୍ୟବାସୀଙ୍କ ପାଇଁ କାର୍ଯ୍ୟ କରିଛନ୍ତି। ବିରୋଧୀଦଳ ନେତା ଭାବରେ ମଧ୍ୟ ସମର୍ପିତ ଭାବରେ ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ କାର୍ଯ୍ୟ କରି ଚାଲିଛନ୍ତି। ନବୀନଙ୍କ ସ୍ୱାସ୍ଥ୍ୟ ଖବର ଶୁଣି ସାରା ରାଜ୍ୟବାସୀ ତାଙ୍କର ସୁସ୍ୱାସ୍ଥ୍ୟ କାମନା କରିଛନ୍ତି। ଉପବାସ, ପୂଜାର୍ଚ୍ଚନା ସହ ଦୀପଦାନ କରି ନବୀନଙ୍କ ଶୀଘ୍ର ଆରୋଗ୍ୟ ଲାଭ ପାଇଁ ପ୍ରାର୍ଥନା କରିଛନ୍ତି। ଆଜି ତାଙ୍କର ଅସ୍ତ୍ରୋପଚାର ସଫଳ ହେବା ସୂଚନା ମିଳିବା ପରେ ରାଜ୍ୟବାସୀ ଆଶ୍ୱସ୍ତ ହୋଇଛନ୍ତି।

# ବେଆଇନ ଗୋରୁ ଚାଲାଣ ଗାଡ଼ି ଥାନାରେ ଦେଲେ ଲୋକେ / ୩ ଗାଡ଼ି ଜବତ, ୨ ଗିରଫ

ବାଲିବନ୍ଧ/ଡୁରୁମୁଙ୍ଗା, ୨୨।୬(ସମିସ)



ବେଆଇନ ଭାବରେ ଗୋରୁ ଚାଲାଣ କରୁଥିବା ଗାଡ଼ିକୁ ଗ୍ରାମବାସୀ ଜବତ କରିବା ସହ ତାକୁ ଥାନାରେ ଜିମା ଦେଇଛନ୍ତି। ଏହି ଘଟଣାରେ ସମ୍ପୃକ୍ତ ଦୁଇ ଗାଡ଼ି ଚାଳକଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିବା ବାରିଆ ଥାନାଧିକାରିଣୀ ରଞ୍ଜୁ ହସିନା କୁଲୁ ଓ ଏଏସଆଇ ଅନିଲ ହାଁସଦା ସୂଚନା ପ୍ରଦାନ କରିଛନ୍ତି। ବାରିଆ ଥାନାରେ ମାମଲା ରୁଜୁ କରାଯାଇଛି। ଗାଡି ଚାଳକଦ୍ୱୟ ହେଲେ ଭାକୁଲ ବେହେରା (୨୫) ଓ ସୋମନାଥ ବେହେରା (୩୮)। ଏଥିସହ ଅତି ଶୋଚନୀୟ ଭାବେ ଚାଲାଣ ହେଉଥିବା ୧୮ଟି ଗୋରୁକୁ ଜବତ କରାଯାଇ ଆବଶ୍ୟକ ଚିକିତ୍ସା ପରେ ରାଜନଗରସ୍ଥିତ ଗୋଶାଳାକୁ ପଠାଯାଇଥିବବା ପୁଲିସ ସୂଚନା ଦେଇଛି। ପୁଲିସ ୩ଟି ପିକଅପକୁ ମଧ୍ୟ ଜବତ କରିଛି। ସୂଚନା ଅନୁସାରେ, ଏକ ବାହାଘର ରୋଶଣୀରେ ଜଣେ ବରଯାତ୍ରୀକୁ ଏକ ଗାଡ଼ି ସାମାନ୍ୟ ଧକ୍କା ଦେବା ପରେ ଉଭୟଙ୍କ ମଧ୍ୟରେ କିଛି ସମୟ ଗଣ୍ଡଗୋଳ ହୋଇଥିଲା। ପରେ ଗାଡ଼ି ଗୁଡ଼ିକରେ ବଳଦ ଚୋରାଚାଲାଣ କାରାଯାଉଥିବା ଜଣାପଡ଼ିଥିଲା। ଝୁମ୍ପୁରା ବ୍ଲକ ବାରିଆ ଥାନା ଅନ୍ତର୍ଗତ ଉଖୁଣ୍ଡା ଡିପାସାହି ନିକଟରେ ଶନିବାର ବିଳମ୍ବିତ ରାତି ଏହି ଘଟଣା ଘଟିଛି। ପ୍ରତି ସପ୍ତାହରେ ବଳଦ ବ୍ୟବସାୟୀମାନେ ଏହି ରାସ୍ତା ଦେଇ ଗୋରୁ ମାନଙ୍କୁ ମୟୂରଭଞ୍ଜ ଜିଲ୍ଲାର ଅଙ୍ଗାରପଦା ହାଟକୁ ବିକ୍ରି କରିବା ପାଇଁ ନେଇଥାନ୍ତି। ସ୍ଥାନୀୟ ଗ୍ରାମବାସୀ ଅନେକ ଥର ବାରଣ କରିବା ସତ୍ତ୍ୱେ ବ୍ୟବସାୟୀ ଏହି ରାସ୍ତା ଦେଇ ଗୋରୁ ଚାଲାଣ କରି ଚାଲିଥିଲେ। ଗତକାଲି ରାତିରେ ସ୍ଥାନୀୟ ଜନସାଧାରଣ ବେଆଇନ ଗୋରୁ ଚାଲାଣ କରୁଥିବା ଗାଡିକୁ ଅଟକାଇ ବାରିଆ ପୁଲିସକୁ ଖବର ଦେଇଥିଲେ। ସଙ୍ଗେ ସଙ୍ଗେ ଘଟଣାସ୍ଥଳରେ ପହଞ୍ଚି ଗୋରୁ ବୋଝେଇ ଗାଡ଼ିକୁ ପୁଲିସ ଜିମାକୁ ନେଇଥିଲା। ଗାଡ଼ିରୁ ଦୁଇ ଜଣ ଖସି ଯାଇଥିବା ବେଳେ ୨ ଜଣକୁ ଗ୍ରାମବାସୀ କାବୁ କରିନେଇଥିଲେ।

## ବସନ୍ତ ରୋଗରେ ଆକ୍ରାନ୍ତ ୫୦ ଗୋରୁ; ମଲେଣି ୬



ଡୁରୁମୁଙ୍ଗା, ୨୨।୬(ସମିସ): ପାଟଣା ବ୍ଲକ ଡୁମୁରିଆ ପଞ୍ଚାୟତ ଅଞ୍ଚଳରେ ୫୦ରୁ ଉର୍ଦ୍ଧ୍ୱ ଗୋରୁ ଗାଈ ବସନ୍ତ ରୋଗରେ ଆକ୍ରାନ୍ତ ହୋଇଥିବା ବେଳେ ୬ଗୋରୁଙ୍କ ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି। ପଞ୍ଚାୟତର ତୋଣ୍ଡ ଗ୍ରାମର ଗୋବିନ୍ଦ ଗିରି, ବେଣୁଧର ବାରିକ, ଡୁମୁରିଆ ଗ୍ରାମର ହିମାଂଶୁ ଶେଖର ମହାନ୍ତ, ଚୈତନ୍ୟ ନାଏକ, ସୋନୁ ନାଏକ, ହରିହର ମହାନ୍ତଙ୍କ ଗୋଟେ ଲେଖାଏଁ ଗୋରୁଙ୍କ ମୃତ୍ୟୁ ଘଟିଛି। ଚାଷୀକୁଳ ଚିନ୍ତାରେ ପଡିଛନ୍ତି। ସ୍ଥାନୀୟ ପଶୁ ସମ୍ପଦ ବିଭାଗ ଏଲ ଆଇ ରଘୁ ମହାନ୍ତଙ୍କୁ ଚିକିତ୍ସା ପାଇଁ ଡାକିଲେ ବି ଆସୁ ନଥିବା ଚାଷୀ ଭୁବନେଶ୍ୱର ମହାନ୍ତ ଅଭିଯୋଗ କରିଛନ୍ତି। ଏଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟି ଦେଇ ଚିକିତ୍ସା କରିବା ସହ ଟୀକାକରଣ କରିବା ଚାଷୀମାନେ ଦାବି କରିଛନ୍ତି।

## ଶୁଣିଲାନି ବିଭାଗ
## ରାସ୍ତାକୁ ଚଳାଚଳ ଉପଯୋଗୀ କଲା ଯୋଡ଼ା ଟ୍ରକ୍ ମାଲିକ ସଙ୍ଘ



ଯୋଡ଼ା, ୨୨।୬(ସମିସ): ଯୋଡ଼ାଠାରୁ ବାମେବାରୀ, କାଳିମାଟି ପଳାସପଙ୍ଗା ରାଜ୍ୟ ରାଜପଥର ଶୋଚନୀୟ ଅବସ୍ଥା ରହିଛି। ଏ ଦିଗରେ ସରକାରୀ ବିଭାଗ ନିରବ ଅଛି। ଏପଟେ ଉକ୍ତ ରାସ୍ତାରେ କେବଳ ଭାରୀଯାନକୁ ଛାଡିଦେଲେ ଅନ୍ୟ ଗାଡିଗୁଡିକ ଯିବା ଆସିବା ବନ୍ଦ କରିଦେଇଥିବା ବେଳେ ଏହି ରାସ୍ତା ଉପରେ ନିର୍ଭର କରୁଥିବା ଯୋଡ଼ା ବ୍ଲକର ପାଞ୍ଚଟି ପଞ୍ଚାୟତ ଲୋକଙ୍କ ଦୈନନ୍ଦିନ ଜୀବନରେ ପ୍ରଭାବ ପକାଇଛି। ଏହି ପଞ୍ଚାୟତକୁ ଯାତାୟାତ କରୁଥିବା ସରକାରୀ ବସ ସେବା ମଧ୍ୟ ବନ୍ଦ ହୋଇ ଯାଇଛି। ଫଳରେ ଲୋକଙ୍କ ଜୀବନଯାତ୍ରା ଗୁରୁତର ଭାବେ ବ୍ୟାହତ ହୋଇଛି। ଗ୍ରୀଷ୍ମ ଛୁଟି ପରେ ଏବେ ବିଦ୍ୟାଳୟଗୁଡିକ ଖୋଲାଯିବ। ବିଦ୍ୟାର୍ଥୀ ମାନଙ୍କ ଯିବା ଆସିବାକୁ ଆଖି ଆଗରେ ରଖି ଯୋଡ଼ା ଟ୍ରକ ମାଲିକ ସଙ୍ଘ ରବିବାର ଏହି ରାଜରାସ୍ତା ଉପରେ ହୋଇଥିବା ଆଣ୍ଠୁଏ ଲେଖାଏଁ ଖାଲରେ ମାଟି ପକାଇ ସମତୁଲ କରି ଯାତାୟାତରେ ସହଯୋଗ କରିଛି। ଏହି ଅସ୍ଥାୟୀ ମରାମତି ରାସ୍ତା କେବଳ କିଛିଦିନ ଯିବାଆସିବାରେ ସହାୟକ ହେବ ବୋଲି ଅଭିଭାବକ ଓ ଗ୍ରାମବାସୀ କହିଥିବା ବେଳେ ଏହାର ସ୍ଥାୟୀ ମରାମତି ପାଇଁ ଜନସାଧାରଣ ଦାବି କରିଛନ୍ତି। ଉକ୍ତ ରାଜ୍ୟ ରାଜପଥଟି ମାତ୍ର ଅଳ୍ପ ଦିନ ଆଗରୁ ଦୁର୍ଗା କନଷ୍ଟ୍ରକ୍ସନ ଦ୍ୱାରା ନିର୍ମାଣ ହୋଇଥିବା ବେଳେ ଏହା ଦୀର୍ଘସ୍ଥାୟୀ ନ ହୋଇ ଅଳ୍ପ ଦିନରେ ନଷ୍ଟ ହୋଇଯାଇଛି ବୋଲି ଜନସାଧାରଣ ଅଭିଯୋଗ କରିଛନ୍ତି। ବର୍ଷା ଏହି ମାଟିକୁ ଧୋଇଦେବା ପୂର୍ବରୁ ଅତିଶୀଘ୍ର ରାସ୍ତାର ମରାମତି କିମ୍ବା ପୁନଃନିର୍ମାଣ ପାଇଁ ଦାବି ହେଉଛି।

## ପ୍ରଶାସନ ଚେଇଁଲା; ରାସ୍ତାଘାଟରୁ ଉଠିଲା ମଇଳା

ବାଲିବନ୍ଧ, ୨୨।୬ (ସମିସ): ''ପ୍ରଶାସନ ନିଦାବିଷ୍ଟ' ଶୀର୍ଷକ ଖବର ପ୍ରସାରଣ ପରେ ସ୍ଥାନୀୟ ପ୍ରଶାସନିକ ମହଲରେ ତତ୍ପରତା ଦେଖାଦେଇଛି। ବିଭିନ୍ନ ସ୍ଥାନରୁ ଅଳିଆ, ଆବର୍ଜନା ଉଠାଇବା ପାଇଁ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯାଇଛି। ଝୁମ୍ପୁରା ପଞ୍ଚାୟତ ପକ୍ଷରୁ ସମସ୍ତ ନଳକୂପ ଚତୁପାଶ୍ୱର୍ ସଫାସୁତୁରା କରିବା, ନଳକୂପ ନିକଟରେ ଜମିରହୁଥିବା ଦୂଷିତ ଜଳକୁ ନିଷ୍କାସନ କରି ବ୍ଲିଚିଙ୍ଗ ପକାଇ ପରିଷ୍କାର ପରିଚ୍ଛନ୍ନ କରାଯାଇଛି। ନିୟନ୍ତ୍ରିତ ବଜାର କମିଟି (ଆରଏମସି) ପକ୍ଷରୁ ଝୁମ୍ପୁରା ବସଷ୍ଟାଣ୍ଡ ନିକଟ ରାସ୍ତା, ତ୍ରିନାଥ ମନ୍ଦିର ରାସ୍ତା, ବଜାର ଗଳିରାସ୍ତାଗୁଡିକରୁ ଅଳିଆ ଆବର୍ଜନା ସଫା କରାଯାଉଛି। ପ୍ରଶାସନର ଏତାଦୃଶ କାର୍ଯ୍ୟକୁ ସ୍ଥାନୀୟ ଲୋକେ ସାଧୁବାଦ ଜଣାଇଛନ୍ତି। ଅନ୍ୟପକ୍ଷରେ ଝୁମ୍ପୁରା ବଜାରର ବ୍ୟବସାୟୀମାନେ ନିଜ ଦୋକାନରୁ ବାହାରୁଥିବା ଅଳିଆ ଆବର୍ଜନା ଏଣେତେଣେ ବା ରାସ୍ତାଘାଟରେ ନଫିଙ୍ଗିବାକୁ ଆରଏମସି ପକ୍ଷରୁ ନିବେଦନ କରାଯାଇଛି।



## ସୋସୋ ଥାନାଞ୍ଚଳରେ ସାମ୍ପ୍ରଦାୟିକ ବିବାଦ

ହାଟଡ଼ିହୀ,୨୨।୬(ସମିସ): ସୋସୋ ଥାନା ଅନ୍ତର୍ଗତ ଢେଙ୍କା, ଜମ୍ବିରା ଓ ପଦାଡୋ ପଞ୍ଚାୟତ ଅଧୀନ ବିଭିନ୍ନ ଗ୍ରାମରେ ପାଖାପାଖି ୨୩ ଆଦିବାସୀ ପରିବାର ଅନ୍ୟ ଧର୍ମ ଗ୍ରହଣ କରିବା ନେଇ ଅଞ୍ଚଳରେ ଅଭାବନୀୟ ପରିସ୍ଥିତି ଦେଖାଦେଇଛି। ରଙ୍ଗମାଟିଆ ଗ୍ରାମର ୭ଟି ଆଦିବାସୀ ପରିବାରକୁ ନିଜସ୍ୱ ଧର୍ମ ଗ୍ରହଣ କରିବାକୁ ସ୍ଥାନୀୟ ଲୋକ କହିବା ସତ୍ତ୍ୱେ ଏହାକୁ ବିରୋଧ କରିବାରୁ ପୁଲିସ ହସ୍ତକ୍ଷେପ କରିଥିବା ଜଣାପଡ଼ିଛି। ଏହାକୁ ନେଇ ଉକ୍ତ ଅଞ୍ଚଳରେ ଚାପା ଉତ୍ତେଜନା ଲାଗି ରହିଛି। ଗତ ପ୍ରାୟ ୨୦୧୨ରୁ ଏହି ଅଞ୍ଚଳର ଶତାଧିକ ପରିବାର ମଧ୍ୟରେ ଏନେଇ ଅସ୍ଥିରତା ଲାଗି ରହିଛି। କିଛି ପ୍ରଚାରକ ଏଠାକୁ ନିୟମିତ ଆସି ସେମାନଙ୍କ ଧର୍ମ ବାବଦରେ ଲୋକଙ୍କୁ ବୁଝାଉଥିବାରୁ ଉତ୍ତେଜନା ଲାଗି ରହିଛି। ରଙ୍ଗମାଟିଆ ଗ୍ରାମରେ ପୁଲିସ ଉପସ୍ଥିତିରେ ଏନେଇ ଅନୁଷ୍ଠିତ ଏକ ବୈଠକରେ ସୋସୋ ଥାନାଧିକାରୀ ବିଜୟ କୁମାର ବିହାରୀ, ପଦାଡୋ ସରପଞ୍ଚଙ୍କ ପ୍ରତିନିଧି ନିକୁଞ୍ଜ ଓଝା ଏବଂ ସ୍ଥାନୀୟ ଅଞ୍ଚଳର କିଛି ଭଦ୍ରବ୍ୟକ୍ତି ବିବାଦର ସମାଧାନ କରିବାକୁ ଚେଷ୍ଟା କରି ବିଫଳ ହୋଇଥିବା ଜଣାପଡ଼ିଛି। ଏପରିକି ସୁନ୍ଦରାପାଳଠାରେ ଏକ ସରକାରୀ ଜମି ଉପରେ ଏକ ଚର୍ଚ୍ଚ ଗୃହ ନିର୍ମାଣକୁ ସ୍ଥାନୀୟ ହିନ୍ଦୁ ଆଦିବାସୀ ଲୋକେ ତୀବ୍ର ବିରୋଧ କରୁଛନ୍ତି। ଏନେଇ ପୁଲିସ ପାଖରେ ଅଭିଯୋଗ ହେବା ପରେ ଘଟଣାର ସମାଧାନ ପାଇଁ ପ୍ରଶାସନ ହସ୍ତକ୍ଷେପ କରିଥିବା ଜଣାପଡ଼ିଛି।

## 'ସେନାନୀଙ୍କ ଉତ୍ତରାଧିକାରୀଙ୍କୁ ସମ୍ମାନିତ କରାଯାଉ'

ଆନନ୍ଦପୁର, ୨୨।୬ (ସମିସ): ଆନନ୍ଦପୁରର ବରିଷ୍ଠ ବିଜେଡି ନେତା ତଥା ପୌରପାଳିକା ଉପାଧ୍ୟକ୍ଷ ସ୍ୱର୍ଗତ ଦୁର୍ଗାଚରଣ ଦଳେଇ ଦେଶର ଜରୁରିକାଳୀନ ପରିସ୍ଥିତିରେ କାରାବରଣ କରି ସ୍ୱତନ୍ତ୍ରତା ସେନାନୀର ମାନ୍ୟତା ପାଇଥିଲେ। ରାଜ୍ୟ ସରକାର ଆଗାମୀ ୨୫ ତାରିଖରେ ତାଙ୍କୁ ସମ୍ମାନିତ କରିବେ ବୋଲି ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକର ନିଷ୍ପତ୍ତି ନିଆଯାଇଛି। ଏ ପ୍ରକାର ନିଷ୍ପତ୍ତିକୁ ଆନନ୍ଦପୁର ପ୍ରତିଭା ପ୍ରଣାମ ମଞ୍ଚ ସ୍ୱାଗତ ତଥା ଅଭିନନ୍ଦନ ଜଣାଇବା ସହିତ ଆନନ୍ଦପୁର ପୌରପାଳିକାର କାର୍ଯ୍ୟରତ ଉପାଧ୍ୟକ୍ଷ ଦୁର୍ଗାଚରଣ ଦଳେଇ ନିକଟ ଅତୀତରେ ଆକସ୍ମିକ ବିୟୋଗ ହୋଇଥିବାରୁ ତାଙ୍କ ଉତ୍ତରାଧିକାରୀଙ୍କୁ ସମ୍ମାନିତ କରାଯିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ଅନୁରୋଧ କରିଛି। ପ୍ରତିଭା ପ୍ରଣାମ ମଞ୍ଚର ଆବାହକ ରତ୍ନାକର ଦାସ ଚିଠି ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କୁ ଅନୁରୋଧ କରିଛନ୍ତି। ମଞ୍ଚର କାର୍ଯ୍ୟକାରି କମିଟି ତଥା ଉପଦେଷ୍ଟା ମଣ୍ଡଳୀ ସଦସ୍ୟ ଡ. ରାମଚନ୍ଦ୍ର ନାୟକ, ରମାକାନ୍ତ ନାୟକ, କୀର୍ତ୍ତନ ସାହୁ, ଗୋବିନ୍ଦଚନ୍ଦ୍ର ପାଣିଗାହୀ, ନାରାୟଣ ସାହୁ ପ୍ରମୁଖ ଏହାକୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଭାବେ ଗ୍ରହଣ କରି ସମର୍ଥନ କରିଛନ୍ତି।



## ମାଇକ୍ରୋ କମ୍ପୋଷ୍ଟିଂ ପ୍ଲାଣ୍ଟରେ ବୃକ୍ଷରୋପଣ



ଆନନ୍ଦପୁର, ୨୨।୬ (ସମିସ): ପୌରପାଳିକା ପକ୍ଷରୁ ଶାଳପଡା ଓ ପଦ୍ମପୁର ମାଇକ୍ରୋ କମ୍ପୋଷ୍ଟ ପ୍ଲାଣ୍ଟ ପରିସରରେ ଦୁଇଶହରୁ ଅଧିକ ବିଭିନ୍ନ ପ୍ରଜାତିର ଚାରା ରୋପଣ କରାଯାଇଛି। କାର୍ଯ୍ୟନିର୍ବାହୀ ଅଧିକାରୀ ଦେବବ୍ରତ ବଳଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମକୁ ଗୋଷ୍ଠୀ ସଂଗଠିକା ରାଜଶ୍ରୀ ମିଶ୍ର ଓ ଅଂଶୁମାନ ପାଢ଼ୀ ସଂଯୋଜନା କରିଥିଲେ। ସମ୍ମାନିତଅତିଥି ଭାବେ ସାଂସଦ ପ୍ରତିନିଧି ରାମଚନ୍ଦ୍ର ସାହୁ, ନିରାକାର ଦଳେଇ, ପ୍ରଶାନ୍ତ ମହାପାତ. ଡୁଡା ଏକ୍ସପଟ ରାଜୀବ ସ୍ୱାଇଁ ଯୋଗ ଦେଇଥିବା ବେଳେ ସହକାରୀ ଯନ୍ତ୍ରୀ ସଂଗ୍ରାମ କେଶରୀ ବେହେରା, ଯନ୍ତ୍ରୀ ଚିତ୍ତରଞ୍ଜନ ସେଠୀ, ସୁଚିତ୍ରା ସୋରେନ, ସୁରେନ୍ଦ୍ରନାଥ ମିଶ୍ର, ଶୁଭକାନ୍ତ ଜେନା, ଧନଞ୍ଜୟ ଦଶ ରିତାରାଣୀ ସାହୁ ସେକ ଆଲାମ ପ୍ରଫୁଲ ସାହୁ ଭାଗୀରଥି ଦାଶ କବିନ୍ଦ୍ର ସାହୁ, ବ୍ରଜକିଶୋର ନାୟକ ତାପସ ବଳ ପରିଚାଳନା କରିଥିଲେ।

## ଅଳତି ହରଚଣ୍ଡୀ ମଣ୍ଡପରେ ବାଦୀପାଲା

ରାମଚନ୍ଦ୍ରପୁର,୨୨।୬(ସମିସ): ଆଞ୍ଚଳିକ ପାଲା ସାସ୍କୃତିକ ମଞ୍ଚ ଅଳତି ପକ୍ଷରୁ ହରଚଣ୍ଡୀ ମଣ୍ଡପ ରେ ଶନିବାରଠାରୁ ଆରମ୍ଭ ହୋଇଛି ପ୍ରଥମ ବାର୍ଷିକ ବାଦୀପାଲା ମହୋତ୍ସବ। ଅତିଥି ଭାବେ ସମାଜସେବୀ ଡ.ରତିକାନ୍ତ ବରାଳ ଏହାକୁ ଉଦ୍‌ଘାଟନ କରିଥିଲା ବେଳେ ଅନ୍ୟତମ ଅତିଥି ଭାବେ ପ୍ରଶାସନିକ ଅଧିକାରୀ ଡ. କାହ୍ନୁଚରଣ ଧୀର, ସମାଜସେବୀ ମାନସରଂଜନ ନାୟକ ପ୍ରମୁଖ ଯୋଗ ଦେଇଥିଲେ। ଗାୟକ ଜ୍ଞାନ ଭୂଷଣ ଡ.ଶିଶିର ପାଢୀ ଏବଂ ଗାୟକ ପୀୟୁଷ ବିଶ୍ୱନାଥ ସ୍ୱାଇଁ ପାଲା ପରିବେଷଣ କରୁଛନ୍ତି। ତିନି ଦିନ ଧରି ବାଦୀପାଲା ଅନୁଷ୍ଠିତ ହେବାକୁ ଥିବା ବେଳେ ପାଖଆଖ ଅଞ୍ଚଳରୁ ଶତାଧିକ ପାଲା ତଥା ସଂସ୍କୃତିପ୍ରେମୀ ପାଲା ଉପଭୋଗ କରୁଛନ୍ତି।

## ଡାଇରିଆ ପ୍ରତିକାର ପାଇଁ ଏନ୍ଏସିର ଚଢ଼ଉ

ଚମ୍ପୁଆ, ୨୨।୬(ସମିସ): ଚମ୍ପୁଆ ଏନ୍ଏସି ପକ୍ଷରୁ ବିଭିନ୍ନ ଠେଲାରେ ବିକ୍ରି ହେଉଥିବା ଜଳଖିଆ ଦୋକାନ, ହୋଟେଲ, ଚାହା ଦୋକାନ, ଫାଷ୍ଟଫୁଡ ଦୋକାନ ଆଦି ଉପରେ ଚଢ଼ଉ କରାଯାଇଛି। ରାଜ୍ୟରେ ଡାଇରିଆ ପ୍ରତିକାର ପାଇଁ ନିଆଯାଉଥିବା ପଦକ୍ଷେପକ୍ରମରେ ଏହି ଚଢ଼ଉ କରାଯାଇଛି। ସମ୍ପୃକ୍ତ ଦୋକାନୀଙ୍କଠାରୁ ୧୫ ହଜାର ଟଙ୍କା ଜରିମାନା ଆଦାୟ କରାଯାଇଛି। ଚମ୍ପୁଆ ସଦରମହକୁମାରେ ସାମ୍ଭାବ୍ୟ ଝାଡାବାନ୍ତି ରୋଗ ବ୍ୟାପିବାର ସମ୍ଭାବନା ରହିଥିବା ତଥା ଏହା ପାନୀୟଜଳ ଓ ଖାଦ୍ୟ ଦ୍ୱାରା ପ୍ରଭାବିତ ହେଉଥିବାରୁ ଏନଏସି ନିର୍ବାହୀ ଅଧିକାରୀ ଜଗନ୍ନାଥ ବେହେରାଙ୍କ ନିର୍ଦ୍ଦେଶକ୍ରମେ ସାନିଟାଇଜ ଇନଚାର୍ଜ ବିଜୟ କୁମାର ମିଶ୍ରଙ୍କ ନେତୃତ୍ୱରେ ଚଢଉ କରାଯିବା ସହ ଦୋକାନଗୁଡିକରେ ଗ୍ରାହକ ବ୍ୟବହାର କରୁଥିବା ପାନୀୟଜଳ ଓ ପାନୀୟଜଳ ରହୁଥିବା ପାତ୍ରଗୁଡିକ ଯାଞ୍ଚ କରାଯାଇଛି। ଏହାସହ ବ୍ୟବହାର ଅଯୋଗ୍ୟ ଖାଦ୍ୟ ପଦାର୍ଥ ନଷ୍ଟ କରାଯାଇଛି।

## ହାତୀ କ୍ଷତିଗ୍ରସ୍ତ ଅଞ୍ଚଳବାସୀଙ୍କୁ ଶସ୍ୟବାକ୍ସ ବଣ୍ଟନ

ଚମ୍ପୁଆ, ୨୨।୬(ସମିସ): କେନ୍ଦୁଝର ବନଖଣ୍ଡ ଆନୁକୂଲ୍ୟରେ ଚମ୍ପୁଆ ରେଞ୍ଜରେ ଜଙ୍ଗଲି ହାତୀ ଦ୍ୱାରା କ୍ଷତିଗ୍ରସ୍ତ ଅଞ୍ଚଳବାସୀଙ୍କୁ ଶସ୍ୟ ସୁରକ୍ଷା ପାଇଁ ଚମ୍ପୁଆ ବନାଞ୍ଚଳ ପକ୍ଷରୁ ଶସ୍ୟ ବାକ୍ସ ବଣ୍ଟନ କରାଯାଇଛି। ଚମ୍ପୁଆ ରେଞ୍ଜର ତଥା ଏସିଏଫ୍ ଅକ୍ଷୟ ଛତ୍ରିଆଙ୍କ ତତ୍ତ୍ୱାବଧାନରେ ଅଡଙ୍ଗାପାଳ, ଜାମୁଦଳକ, ମଙ୍ଗଳପୁର, ଶଶାଙ୍ଗ ଆଦି ଅଞ୍ଚଳବାସୀଙ୍କୁ ପ୍ରାଥମିକ ପର୍ଯ୍ୟାୟରେ ଏହି ଶସ୍ୟ ବାକ୍ସ ବନପାଳ ଜ୍ୟୋତିରୂପା ପାଣି ଓ ନିରୁପମା ମହାକୁଡ଼ଙ୍କ ଦ୍ୱାରା ଏହି ବାକ୍ସ ବନାଞ୍ଚଳ କାର୍ଯ୍ୟାଳୟରେ ବଣ୍ଟନ କରାଯାଇଛି।। ୫ଟି ସେକ୍ସନରେ ବର୍ଷ ସାରା ହାତୀ ଉପଦ୍ରବ ଲାଗି ରହିଛି। ଏହି ହାତୀ ଉପଦ୍ରବ ଦ୍ୱାରା ଏକର ଏକର ଧାନ କ୍ଷେତ ଉଜୁଡି ଯାଉଥିବା ବେଳେ ଅନେକ ସମୟରେ ହାତୀ ପଲ ଘର ଭାଙ୍ଗିବା ସହିତ ଗଚ୍ଛିତ ଥିବା ଶସ୍ୟ ନଷ୍ଟ କରିଦେଉଛନ୍ତି। ଏହାର ସାମ୍ୟକ ସମାଧାନ ପାଇଁ ଏହି ବାକ୍ସ ବଣ୍ଟନ କରାଯାଇଥିବା ବେଳେ ଚମ୍ପୁଆ ରେଂଜ ଅଧୀନରେ ଥିବା ଉଖୁଣ୍ଡା, ବାଲିବନ୍ଧ, ଯୋଡା, ବାମେବାରୀ ଓ ଚମ୍ପୁଆ ସେକ୍ସନରେ ୫ ଶହଟି ବାକ୍ସ ବଣ୍ଟନ କାରଯିବ ବୋଲି ଏସିଏଫ୍ ସୂଚନା ଦେଇଛନ୍ତି।

## ଡ୍ରାଇଭରଙ୍କ ଷ୍ଟିୟରିଂ ଛାଡ଼ ଆନ୍ଦୋଳନ ଚେତାବନୀ

ଆନନ୍ଦପୁର, ୨୨।୬ (ସମିସ): ଡ୍ରାଇଭରମାନଙ୍କ ସମସ୍ୟା ସମାଧାନ କ୍ଷେତ୍ରରେ ସରକାରଙ୍କ ହେୟ ମନୋଭାବ ଯୋଗୁଁ ଅସନ୍ତୋଷ ଉଗ୍ର ରୂପ ଧାରଣ କରିଛି। ପ୍ରତି ଶହେ କିଲୋମିଟର ବ୍ୟବଧାନରେ ବିଶ୍ରାମସ୍ଥଳ, ୬୦ ବର୍ଷରେ କାର୍ଯ୍ୟରୁ ଅନ୍ତର ହେଉଥିବା ଡ୍ରାଇଭରଙ୍କୁ ଆର୍ଥିକ ସହାୟତା ପ୍ରଦାନ ଭଳି ୬ ଦଫା ଦାବିନେଇ ଆସନ୍ତା ୮ ତାରିଖଠାରୁ ସମଗ୍ର ରାଜ୍ୟରେ ଡ୍ରାଇଭରମାନେ ଷ୍ଟିଅରିଙ୍ଗ ଛାଡ଼ ଆନ୍ଦୋଳନ କରିବେ ବୋଲି ପ୍ରଶାସନ ଓ ପୁଲିସକୁ ଲିଖିତ ଭାବେ ଅବଗତ କରାଯାଇଛି।

## ପ୍ରଧାନଶିକ୍ଷକଙ୍କ ବିରୋଧରେ ଅଭିଯୋଗ



ହାଟଡ଼ିହୀ,୨୨।୬(ସମିସ): ହାଟଡ଼ିହୀ ଶିକ୍ଷାମଣ୍ଡଳ ଅଧୀନ ରମ୍ଭାସ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଜୟ ଜେନା ମଧ୍ୟାହ୍ନ ଭୋଜନ ଚାଉଳର ଅସଦ୍ ବ୍ୟବହାର କରିବା ସହିତ ବିଦ୍ୟାଳୟର ମୋ ସ୍କୁଲ କାର୍ଯ୍ୟକୁ ନିମ୍ନମାନର କରିବା, ବିଦ୍ୟାଳୟରେ ନିଜର ବ୍ୟକ୍ତିଗତ ଧାନ ଆଣି ରଖିବା, ଏପରିକି ରାତ୍ରିଯାପନ ଭଳି ବିଦ୍ୟାଳୟ ଗୃହକୁ ବ୍ୟବହାର କରିବା ନେଇ ଅଭିଯୋଗ ହୋଇଛି। ଶିକ୍ଷକଙ୍କ ବିରୋଧରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଲିଖିତ ମାଧ୍ୟମରେ ଅଭିଯୋଗକାରୀ ସ୍ମୃତିରଞ୍ଜନ ଜେନା ଅଭିଯୋଗପତ୍ର ଦାଖଲ କରିଛନ୍ତି। ପ୍ରକାଶ ଥାଉକି, ଏଭଳି ଅଭିଯୋଗ ପୂର୍ବରୁ ବଡ଼ରମ୍ଭାସ ସରପଞ୍ଚ ରବିନ୍ଦ୍ର କୁମାର ଜେନା ପଞ୍ଚାୟତ ପ୍ୟାଡରେ ୨୭/୦୫/୨୦୨୫ରେ ହାଟଡ଼ିହୀ ଗୋଷ୍ଠୀ ଶିକ୍ଷାଧିକାରୀଙ୍କୁ ଲିଖିତ ଭାବେ ଅବଗତ କରାଇଛନ୍ତି। ଏଭଳି ଅଭିଯୋଗ ଉପରେ ସଠିକ ତଦନ୍ତ କରିବା ସହ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ବୋଲି ଅଭିଯୋଗକାରୀ ଆଶା ବାନ୍ଧିଛନ୍ତି।

## ଶ୍ରମିକଙ୍କୁ ପରିଚୟପତ୍ର ବଣ୍ଟନ

ହାଟଡ଼ିହୀ,୨୨।୬(ସମିସ): ହାଟଡ଼ିହୀ ବ୍ଲକ ପକ୍ଷରୁ ବିଭିନ୍ନ ପଞ୍ଚାୟତରେ ନୂତନ ଶ୍ରମିକ କାର୍ଡ ବଣ୍ଟନ କରାଯାଇଛି। ଗତ ୧୪ରୁ ୨୧ତାରିଖ ଯାଏଁ ସମସ୍ତ ପଞ୍ଚାୟତରେ ବିକାଶ ବାହନ ପରିକ୍ରମା କରିଥିବା ସମୟରେ ବ୍ଲକ ସହ ଶ୍ରମିକ ଅଧିକାରୀ ଶାଶ୍ୱତ ପ୍ରିତମଙ୍କ ଦ୍ୱାରା ବ୍ଲକର ୩ଟି ପଞ୍ଚାୟତର ସରପଞ୍ଚ, ପଞ୍ଚାୟତ ନିର୍ବାହୀ ଅଧିକାରୀ ଏବଂ ଏଡ଼ିଇଓଙ୍କ ଉପସ୍ଥିତିରେ ୧୧୨ଟି ନୂତନ ଶ୍ରମିକ କାର୍ଡ଼ ବଣ୍ଟନ କରାଯାଇଛି। ଶ୍ରମିକ କାର୍ଡ଼ ଦ୍ୱାରା ଲୋକେ କର୍ମନିଯୁକ୍ତି ପାଇ ରୋଜଗାରକ୍ଷମ ହୋଇପାରୁଛନ୍ତି। ଆଗାମୀ ଦିନରେ ପ୍ରକୃତ ଶ୍ରମିକ ଚୟନ ହୋଇ ନୂତନ ଶ୍ରମିକ କାର୍ଡ଼ ଯୋଗାଇ ଦିଆଯିବ ବୋଲି ବ୍ଲକ ସହ ଶ୍ରମ ଅଧିକାରୀ ଶ୍ରୀ ପ୍ରିତମ କହିଛନ୍ତି।

## ହରିପୁରରେ ଜଙ୍ଗଲ ଜମି ଅଧିକାର କର୍ମଶାଳା

ରାମଚନ୍ଦ୍ରପୁର,୨୨।୬(ସମିସ): ଘଷିପୁରା ବ୍ଲକ ଅଳତି ପଞ୍ଚାୟତ ହରିପୁର ଗ୍ରାମରେ ଜଙ୍ଗଲ ଜମି ଅଧିକାର ନେଇ ଏକ କର୍ମଶାଳା ଅନୁଷ୍ଠିତ ହୋଇଛି। ଏଫଇଏସର ମାଷ୍ଟର ଟେନର ଇନ୍ଦିରା ମହାନ୍ତି, ଏଫଟି ରଶ୍ମିରାଣୀ ଜେନା, ମିତ୍ର ଉଦ୍ୟୋଗୀ ପୁଷ୍ପଲତା ନାୟକ ବ୍ୟକ୍ତିଗତ ଓ ସାମୂହିକ ଜଙ୍ଗଲଜମି ପଟ୍ଟା ପାଇବା ପାଇଁ ନିମନ୍ତେ ସଚେତନତା ସୃଷ୍ଟି କରିଥିଲେ। ଆଖପାଖ ଅଞ୍ଚଳର ଅଗ୍ରଣୀ ଚାଷୀ ଅମର ପଳେଇ, କୃଷକସାଥୀ ଦାମୋଦର ମଲ୍ଲିକ, ରସାନନ୍ଦ ରାଉତ, ଅଶୋକ ମାଝୀ, ସୁଶାନ୍ତ ବିଶ୍ୱାଳ, କାହ୍ନୁଚରଣ ସା, ସୁଦାମ ତ୍ରିପାଠୀ, ପ୍ରସନ୍ନଜିତ ଜେନା, କମଳ ନାୟକ, ନିଥୁ ରାଉତ, ପିତାମ୍ବର ସେଠୀ, ରଘୁନାଥ ସ୍ୱାଇଁ, ସୁଧାଂଶୁ ସ୍ୱାଇଁ ପ୍ରମୁଖ ଯୋଗ ଦେଇଥିଲେ।

## ଏକ୍ ପେଡ୍ ମା' କେ ନାମ୍



ବଡ଼ବିଲ, ୨୨।୬(ସମିସ): ବଡ଼ବିଲ ପୌରାଞ୍ଚଳ ତରଫରୁ ଏକ ପେଡ ମା କେ ନାମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଦୁଇ ଶହରୁ ଅଧିକ ବିଭିନ୍ନ ପ୍ରଜାତିର ବୃକ୍ଷ ରୋପଣ କରାଯାଇଥିଲା। ପୌର ଉପାଧ୍ୟକ୍ଷ ଲଖମଣ ମହାନ୍ତ, ନିର୍ବାହୀ ଅଧିକାରୀ ରମେଶଚନ୍ଦ୍ର ମହାନ୍ତ ,ଏସଡିପିଓ ଦେବେନ୍ଦ୍ର ପିଙ୍ଗୁଆ, ଥାନାଧିକାରୀ ଅଶୋକ କୁମାର ନାୟକ, ସମସ୍ତ କାଉନସିଲର, ପରିବେଶପ୍ରେମୀ ବିଜୟ ମହାନ୍ତି, ସଂସଦ ପ୍ରତିନିଧି ନୀଳମଣି ମହାନ୍ତ, ବିଧାୟକ ପ୍ରତିନିଧି ମୋହନ ଗୁପ୍ତା, ସମସ୍ତ ପୌର କର୍ମଚାରୀ ଓ ସହରବାସୀ ଯୋଗ ଦେଇଥିଲେ।

## ପ୍ରାକୃତିକ ସମ୍ବଳର ସୁପରିଚାଳନା କର୍ମଶାଳା

ତେଲକୋଇ, ୨୨।୬(ସମିସ): ତେଲକୋଇ ତହସିଲ କାର୍ଯ୍ୟାଳୟଠାରେ ପ୍ରାକୃତିକ ସମ୍ବଳର ସୁପରିଚାଳନା କର୍ମଶାଳା ଫାଉଣ୍ଡେସନ ଫର୍ ଇକୋଲୋଜିକାଲ ସିକ୍ୟୁରିଟି (ଏଫଇଏସ) କେନ୍ଦୁଝର ପକ୍ଷରୁ ଆୟୋଜିତ ହୋଇଯାଇଛି। ତହସିଲଦାର ଅନୁପମା ମୁର୍ମୁଙ୍କ ଉପସ୍ଥିତିରେ ଜଙ୍ଗଲ ଜମିକୁ କିଭଳି ବିକାଶ ମୂଳକ କାର୍ଯ୍ୟରେ ବିନିଯୋଗ କରାଯାଇ ପାରିବ ତାହା ଉପରେ ଆଲୋକପାତ କରାଯାଇଥିଲା। ଏହି କର୍ମଶାଳାରେ ଅତିରିକ୍ତ ତହସିଲଦାର ଗୋପବନ୍ଧୁ ନାୟକ, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ଆଲିସା ମାଝୀ, ଓଡ଼ିଶା ଜୀବିକା ମିଶନର ବିପିଏମ ହିମାଂଶୁ ନାୟକ, ବିଏଲସି ଅମ୍ରିତ ପ୍ରଧାନ, ସଂଯୋଜକ ଅଭିଷେକ ବିଶ୍ୱାଳ, ଏଫଆରଏ ଅମିନ ପ୍ରମୁଖ ସାମିଲ ହୋଇଥିଲେ। ୫ଟି ପଞ୍ଚାୟତ ଖୁଣ୍ଟାପଡ଼ା, ସଲେଇକେନା, ଭୀମକାଣ୍ଡ, ଦୋବଲାପାଳ ଓ ପଡ଼ାଙ୍ଗର ସରପଞ୍ଚ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ, ଏମବିକେ, ଗୋଷ୍ଠୀ ଜଙ୍ଗଲ ଅଧିକାର କମିଟିର ସଦସ୍ୟ,ସଦସ୍ୟା ଅନ୍ତର୍ଭୁକ୍ତ ରହିଥିଲେ। ଏଫଇଏସ କାର୍ଯ୍ୟକର୍ତ୍ତା ତାଲିମ କାର୍ଯ୍ୟକୁ ପରିଚାଳନା କରିଥିଲେ।

# ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା

କେନ୍ଦୁଝର/ବେଲବାହାଲି/ହାଟଡ଼ିହୀ/ଯୋଡ଼ା, ୨୨।୬(ସମିସ)





ବିଜେଡି ସୁପ୍ରିମୋ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ଅସ୍ତ୍ରୋପଚାର ମୁମ୍ବାଇର ଏକ ହସ୍ପିଟାଲରେ ସଫଳ ହୋଇଛି। ଏହି ପରିପ୍ରେକ୍ଷୀରେ ଓଡ଼ିଶାବାସୀଙ୍କ ସର୍ବାଧିକ ଜନପ୍ରିୟ ନେତା ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ସମୂହ ଦୀପଦାନ ଓ ପୂଜାର୍ଚ୍ଚନା କରାଯାଇଛି। ଜିଲ୍ଲା ମହକୁମାସ୍ଥିତ ଦୁର୍ଗା ମନ୍ଦିରଠାରେ ଜିଲ୍ଲା ସଭାପତି ଆଶିଷ ଚକ୍ରବର୍ତ୍ତୀଙ୍କ ନେତୃତ୍ୱରେ ପୂର୍ବତନ ଜିଲ୍ଲା ସଭାପତି ମାଧବ ସର୍ଦ୍ଦାର, ପୂର୍ବତନ ପାଟଣା ବିଧାୟକ ଜଗନ୍ନାଥ ନାଏକ, ଜିଲ୍ଲା ପରିଷଦ ଅଧ୍ୟକ୍ଷା ସଗରିକା ସାହୁ, ୫ ନଂ ଜିଲ୍ଲା ପରିଷଦ ରଥ ମୁଣ୍ଡା, ପାଟଣା ପୂର୍ବତନ ବିଧାୟକ ଜଗନ୍ନାଥ ନାଏକ, ନଗର ସଭାପତି ପୂର୍ଣ୍ଣଚନ୍ଦ୍ର ସାହୁ, ପୂର୍ବତନ ନଗରପାଳ ମୀନା ମାଝୀ, କାଉନସିଲର ମୁନା ସାହୁ, ହେମନ୍ତ ପତି, ଭଗବାନ ନାଏକ, କେକିକାକଳି କୁମୁରା, ଦୟାନିଧି ପାତ୍ର, ଦମୟନ୍ତୀ ଦାସ, ରକ୍ଷାକର ସାହୁ, ତପନ ପାଣି, ଭାରତ ପାତ୍ର, ଗଦାଧର ପଟ୍ଟନାଏକ, କ୍ଷୀରୋଦ ପରିଡ଼ା, ଯୁବନେତା ଡେବୁ ପଟ୍ଟାୟକ, ବାସୁଦେବ ଜେନା, ବିଘ୍ନରାଜ ସାହୁ, ମୁନା ପାଣି, ଆଶିଷ ଆଚାର୍ଯ୍ୟ, ବୁବୁ ସିନା, ରଞ୍ଜନ ବେହେରା, ଟିକିନା ବ୍ରହ୍ମ, ବାବି ପଟ୍ଟ ନାଏକ୍, ସୁନିଲ ବାରିକ, ଶିବା ମୁଖି, ତାପସ ଦେହୁରୀ, ମହିଳା ନେତ୍ରୀ ପୁନମ କୁମାରୀ, ରୁନୁ, ଗୀତାଞ୍ଜଳି ପରିଡ଼ା ପ୍ରମୁଖ ଉପସ୍ଥିତ ଥିଲେ।

ଆନନ୍ଦପୁର ବ୍ଲକ ଅନ୍ତର୍ଗତ ବେଲବାହାଲି ଗ୍ରାମର ଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରେ ଶତାଧିକ ଛୋଟ ପିଲା, ମହିଳା ଏବଂ ପୁରୁଷ ଏକାଠି ହୋଇ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ପାଖରେ ଦୀପ ଜାଳି ତାଙ୍କ ଆଶୁ ଆରୋଗ୍ୟ କାମନା କରିଛନ୍ତି। ଉକ୍ତ କାର୍ଯ୍ୟକ୍ରମରେ ଗ୍ରାମର ବିଜେଡି କର୍ମୀଙ୍କ ସମେତ ଶତାଧିକ ଲୋକେ ଉପସ୍ଥିତ ଥିଲେ।

ସେହିପରି ହାଟଡ଼ିହୀ ବ୍ଲକ ଅନ୍ତର୍ଗତ ବାଲିବରେଇଠାରେ ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀଙ୍କ ତତ୍ତ୍ୱାବଧାନରେ ବିଜେଡ଼ି ନେତା ତଥା ପୂର୍ବତନ ବ୍ଲକ ଉପାଧ୍ୟକ୍ଷ ନରେନ୍ଦ୍ର ନାୟକ, ବରିଷ୍ଠ ବିଜେଡି ନେତା ଶତ୍ରୁଘନ ପାତ୍ରଙ୍କ ଆୟୋଜନରେ ଶତାଧିକ ନବୀନପ୍ରେମୀ ବାବା ମୁକ୍ତେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଦୀପଦାନ କରିବା ସହ ନବୀନ ବାବୁଙ୍କ ଆଶୁ ଆରୋଗ୍ୟ କାମନା କରି ପୂଜାର୍ଚ୍ଚନା କରିଛନ୍ତି।

କେନ୍ଦୁଝର ଜିଲ୍ଲା ଯୋଡ଼ା ବିଜେଡି ପକ୍ଷରୁ ରବିବାର ସନ୍ଧ୍ୟା ସମୟରେ କଳାପାହାଡ଼ସ୍ଥିତ ମା'ତାରିଣୀଙ୍କ ମନ୍ଦିରରେ ପୂଜାର୍ଚ୍ଚନା କରି ଦୀପଦାନ କରିଥିବା ଦେଖିବାକୁ ମିଳିଥିଲା। କାର୍ଯ୍ୟକ୍ରମରେ ଯୋଡ଼ା ନଗରପାଳ ଜଗଦୀଶ ପ୍ରସାଦ ସାହୁ, ଉପାଧ୍ୟକ୍ଷା ସଂଧ୍ୟା ପାତ୍ର, ବାବୁଲାଲ ସାହୁ, ଚତୁର୍ଭୁଜ ପଳେଇ, ଯୁବ ସଂଗଠକ ତଥା ଯୋଡ଼ା ଟ୍ରକ ମାଲିକ ସଙ୍ଘର ସମ୍ପାଦକ ସୁଶାନ୍ତ ବାରିକ, ବାବୁଆ ବାନା, ମାୟାଧର ପାତ୍ର, କାବୁ ଜେନା, କାଉନସିଲର ସୁମିତ୍ରା କାରୁଆ, ପୂର୍ବତନ କାଉନସିଲର ସସ୍ମିତା ମହାନ୍ତିଙ୍କ ସମେତ ଅନେକ ଲୋକ ଉପସ୍ଥିତ ଥିଲେ।

# କଷ୍ଟ ପରେ କଷ୍ଟ ସରୁଛି, ସରୁନି ଦେଓଗାଁ ଗଣ୍ଡାନାଳ ସେତୁ କାର୍ଯ୍ୟ



ରାମଚନ୍ଦ୍ରପୁର,୨୨।୬(ସମିସ): ଦେଓଗାଁ-ରାମଚନ୍ଦ୍ରପୁର ରାସ୍ତାର ଗଣ୍ଡାନାଳ ଉପରେ ପୂର୍ତ୍ତ ବିଭାଗ ପକ୍ଷରୁ ୩କୋଟିରୁ ଅଧିକ ଟଙ୍କା ବ୍ୟୟ ଅଟକଳ କରାଯାଇ ନୂତନ ସେତୁ ନିର୍ମଣା କାର୍ଯ୍ୟ ଚାଲୁଛି। ଏହାର କଚ୍ଛପ ଗତିକୁ ନେଇ କେବେ ଶେଷ ହେବ ସେନେଇ ଅନିଶ୍ଚିତତା ଭିତରକୁ ଠେଲି ହୋଇ ଯାଇଛି। କାର୍ଯ୍ୟ ଆରମ୍ଭର ୧୮ ମାସ ପରେ ବି ସେତୁ କାମ ଅସପୂର୍ଣ୍ଣ ଅବସ୍ଥାରେ। ଫଳରେ ସ୍ଥାନୀୟ ଲୋକେ ଯାତାୟାତରେ ଘୋର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସ୍ଥାନୀୟ ବିଧାୟକ ବଦ୍ରିନାରାୟଣ ପାତ୍ର ଏବଂ ତତ୍କାଳୀନ କେନ୍ଦୁଝର ସାଂସଦ ଚନ୍ଦ୍ରାଣୀ ମୁର୍ମୁ ୨୦୨୪ ଫେବୃଆରୀରେ ଉକ୍ତ ସେତୁର ଭିତ୍ତିପ୍ରସ୍ତର ସ୍ଥାପନ କରିବା ପରେ କାର୍ଯ୍ୟ ଆରମ୍ଭ ହୋଇଥିଲା। ଏହି ରାସ୍ତାଟି ରାମଚନ୍ଦ୍ରପୁର ନିକଟରେ ୨୦ ନମ୍ବର ଜାତୀୟ ରାଜପଥକୁ ସଂଯୋଗ କରୁଥିବାରୁ ଏହି ରାସ୍ତା ଦେଇ ହରିଚନ୍ଦନପୁର, କେଶଦୁରାପାଳ, ଦେଓଗାଁ ଅଞ୍ଚଳର ଲୋକେ କଟକ ବଡ଼ ମେଡିକାଲ ସମେତ ରାଜଧାନୀ ଭୁବନେଶ୍ୱରକୁ ସିଧାସଳଖ ଭାବେ ଯିବାଆସିବା କରିଥାଆନ୍ତି। ସେତୁ କାର୍ଯ୍ୟ ସମ୍ପୂର୍ଣ ହୋଇ ନଥିବାରୁ ବର୍ଷା ଦିନରେ ଯିବାଆସିବା ବାଧାପ୍ରାପ୍ତ ହେଉଛି। ଗତ ଲଘୁଚାପ ବର୍ଷାରେ ଆପ୍ରୋଚ ରାସ୍ତା ଉପରକୁ ବର୍ଷା ଜଳ ଚାଲି ଆସିଥିଲା। ଫଳରେ ଦୁଇ ଦିନ ଯାଏଁ ଯାତାୟାତ ବନ୍ଦ ରହିଥିଲା। ଏ ସଂକ୍ରାନ୍ତରେ ପୂର୍ତ୍ତ ବିଭାଗ ଅଧିକାରୀ କେଳୁଚରଣ ବେହେରା କହିଛନ୍ତି ଯେ ଗଣ୍ଡାନାଳ ସେତୁ ନିର୍ମାଣ କରୁଥିବା ଠିକାଦାର ନିର୍ମାଣ କାର୍ଯ୍ୟରେ ବିଳମ୍ବ ଯୋଗୁଁ ଅନେକ ଥର ତାଙ୍କୁ ବିଭାଗୀୟ ଚିଠି ହେବା ସହ ଜରିମାନା ଆଦାୟ ହୋଇଛି। ଚଳିତବର୍ଷ ଶେଷ ସୁଦ୍ଧା କାର୍ଯ୍ୟ ସମାପ୍ତ ହେବ ବୋଲି ଠିକାଦାରଙ୍କୁ କଣ୍ଟ ଦିଆଯାଇଥିବା ସେ କହିଛନ୍ତି।

## ନିର୍ମାଣର ୭ ଦିନ ମଧ୍ୟରେ ରାସ୍ତା ଫାଟିଲା



ତୁରୁମୁଙ୍ଗା, ୨୨।୬(ସମିସ): କେନ୍ଦୁଝର ଜିଲ୍ଲା ସାହାରପଡ଼ା କରଞ୍ଜିଆ ୨୨୦ ନମ୍ବର ଜାତୀୟ ରାଜପଥର ଦେଓ ପୋଲ ସଂଲଗ୍ନ ସାହାରପଡ଼ା ରାସ୍ତା ନିର୍ମାଣର ୭ ଦିନ ନପୂରୁଣୁ ୫ରୁ ଊର୍ଦ୍ଧ୍ୱ ସ୍ଥାନରେ ପିଚୁ ଉଠି ଫାଳ ଫାଳ ହୋଇ ଯାଇଛି। ଦେଓ ନଦୀ ପୋଲ ବାଡ଼ ଉଭୟ ପାର୍ଶ୍ୱ ଆପ୍ରୋଚ ରୋଡର ନିର୍ମାଣ କାର୍ଯ୍ୟ କରୁଥିବା ଠିକାସଂସ୍ଥା କିଛି ଦିନ ହେବ କାମ ଆରମ୍ଭ କରିଥିଲେ। ତେବେ କାମ ହେବାର ୭ଦିନ ନପୂରୁଣୁ ରାସ୍ତାର ବିଭିନ୍ନ ସ୍ଥାନରେ ପିଚୁ ଫାଳ ଫାଳ ହୋଇ ଯାଇଛି। ନୂତନ ମାଟି ପଡ଼ିଥିବା ରାସ୍ତା କାମ ନିମ୍ନମାନର ହୋଇଥିବାରୁ ପିଚୁ ଫାଟି ଯାଇଛି। ତୁରନ୍ତ ରାସ୍ତା କାର୍ଯ୍ୟ ପୁନଃନିର୍ମାଣ କରିବା ସହ କାର୍ଯ୍ୟରେ ଅବହେଳା କରିଥିବା ଠିକାସଂସ୍ଥାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହୋଇଛି।

## ଟ୍ରକ୍ ଧକ୍କାରେ ଅଟୋ ଓଲଟି ମହିଳା ଗୁରୁତର



ବାଲିବନ୍ଧ, ୨୨।୬ (ସମିସ): ଆଉ ଆଠ ଦିନ ପରେ ଝିଅ ବାହାଘର ହୋଇଥାନ୍ତା। ଟ୍ରକ ଧକ୍କା ଦେବାରୁ ଅଟୋ ଓଲଟି ମା' ଗୁରୁତର ହୋଇ ଚିକିତ୍ସାଧୀନ ଅଛନ୍ତି। ୨୦ନମ୍ବର ଜାତୀୟ ରାଜପଥ ଝୁମ୍ପୁରା ଥାନା ଅନ୍ତର୍ଗତ ବାଲିବନ୍ଧ ନିକଟରେ ଏକ ଟ୍ରକ ଭାରସାମ୍ୟ ହରାଇ ଏକ ଡାଲା ଅଟୋକୁ ପଛ ପଟରୁ ଧକ୍କା ଦେଇଥିଲା। ଅଟୋଟି ରାସ୍ତାକଡ଼କୁ ଛିଟିକି ଓଲଟି ପଡ଼ିବାରୁ ଚାଳକ ଏବଂ ଦୁଇ ଜଣ ପାସେଞ୍ଜର ମଧ୍ୟ ଛିଟିକି ପଡ଼ିଥିଲେ। ଫଳରେ ଜଣେ ମହିଳାଙ୍କ ମୁଣ୍ଡରେ ଆଘାତ ଲାଗିବାରୁ ସେ ଗୁରୁତର ହୋଇଛନ୍ତି। ସେ ହେଲେ ନିଶ୍ଚିନ୍ତପୁର ପଞ୍ଚାୟତ ଘୁଣ୍ଟିପଶି ଗ୍ରାମର ଆଶାଲତା ମହାନ୍ତ। ଆଶାଲତା ଏବଂ ତାଙ୍କ ଭାଇ ବୁଲୁ ଝୁମ୍ପୁରା ବଜାରରୁ ବାହାଘର ସାମଗ୍ରୀ କିଣି ଏକ ଡାଲା ଅଟୋ ଲୋଡ କରି ଘୁଣ୍ଟିପଶିକୁ ଫେରୁଥିଲେ। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ଝୁମ୍ପୁରା ଡାକ୍ତରଖାନାକୁ ପଠାଇଥିଲେ। ପୁଲିସ ଅଟୋକୁ ଜବତ କରିବା ସହ ତଦନ୍ତ ଜାରି ରଖିଛି।

## ସିଭିଲ ସୋସାଇଟିର ଚତୁର୍ଥ ସାମ୍ବିଧାନିକ ସମ୍ମିଳନୀ

ବେତନଟୀ,୨୨।୬(ସମିସ): ବେତନଟୀର ସିଭିଲ ସୋସାଇଟିର ୪ର୍ଥ ସାମ୍ବିଧାନିକ ସମ୍ମିଳନୀ ଶତାଧିକ ସଦସ୍ୟ, ସଦସ୍ୟା ଓ ନିମନ୍ତ୍ରିତ ଅତିଥିଙ୍କ ଉପସ୍ଥିତିରେ ସ୍ଥାନୀୟ ବନ୍ଧନ କଲ୍ୟାଣମଣ୍ଡପରେ ଅନୁଷ୍ଠିତ ହୋଇଯାଇଅଛି। ବରିଷ୍ଠ ସାମ୍ବାଦିକ ହରିଶ ଚନ୍ଦ୍ର ନନ୍ଦ ଗୋସ୍ୱାମୀ ସମ୍ମିଳନୀକୁ ଉଦଘାଟନ କରିଥିଲେ। ସଭାପତି ଚୂଡ଼ାମଣି ମହାପାତ୍ରଙ୍କ ଅଧ୍ୟକ୍ଷତାରେ ସଭାରେ ସମ୍ପାଦକ ସଚ୍ଚିଦାନନ୍ଦ ମହାନ୍ତି ସଂପାଦକୀୟ ବିବରଣୀ ପାଠ କରିଥିଲେ। କବି ନୀରୋଦ ସୁନ୍ଦର ଜେନାଙ୍କ ସଂଯୋଜନାରେ ସଭାକାର୍ଯ୍ୟ ପରିଚାଳିତ ହୋଇଥିଲା। ସୋସାଇଟିର ମିଡିଆ ଅଧିବକ୍ତା ଅରୁଣ କୁମାର ଓତା ଅତିଥିଙ୍କୁ ମଞ୍ଚ ଆହ୍ୱାନ ଓ ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ ଯୋଗଦେଇ 'ସମାଜ ସୁଧାରରେ ବରିଷ୍ଠ ନାଗରିକମାନଙ୍କ ଭୂମିକା' ସମ୍ପର୍କରେ ଆଲୋଚନା କରିଥିଲେ। ମୁଖ୍ୟବକ୍ତା ଆଡଭୋକେଟ୍ ମନୋଜ କୁମାର ନାୟକ, ସମ୍ପାଦକ, ବାଲେଶ୍ୱର ସିଭିଲ ସୋସାଇଟି ନିଜ ବକ୍ତବ୍ୟରେ ବେତନଟୀ ସିଭିଲ ସୋସାଇଟିର ଉତ୍ତମ କାର୍ଯ୍ୟାବଳୀର ପ୍ରଶଂସା କରିଥିଲେ। ବିଶେଷ ଅତିଥି ରୂପେ ବିଶିଷ୍ଟ ସମାଜସେବୀ ତଥା ଗାନ୍ଧିବାଦୀ ନେତା ଡ. ଆଦିତ୍ୟ କୁମାର ପଟ୍ଟନାୟକ ସମାଜରେ ବରିଷ୍ଠ ନାଗରିକମାନଙ୍କୁ ସରକାରୀ ସାହାଯ୍ୟରୁ ଉପେକ୍ଷା କରା ନଯିବା ଉଚିତ୍ ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ସୁନୀଲ କୁମାର ଦାଶ, ସଭାପତି ବରିଷ୍ଠ ନାଗରିକ ସଂଘ, ବଡ଼ସାହି କହିଥିଲେ ଯେ, ବରିଷ୍ଠ ନାଗରିକଗଣ ନିଜର ସମୟ ଓ ଶ୍ରମଦାନ କରି ସମାଜକୁ ସୁରକ୍ଷା ଦେବା ଅତ୍ୟନ୍ତ ମହତ୍ କାର୍ଯ୍ୟ ଅଟେ। ସମାଜସେବୀ ରବୀନ୍ଦ୍ରନାଥ ମିଶ୍ର ଓ ସତୀଶ ଚନ୍ଦ୍ର ପାତ୍ରଙ୍କ ସହ ଗତ ମ୍ୟାଟ୍ରିକ ପରୀକ୍ଷାରେ ଟପ୍ପର ପ୍ରିୟଙ୍କା ମହାପାତ୍ରଙ୍କୁ ନାଗରିକ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ମୋନାଲିସା ସାହୁ ସଙ୍ଗୀତ ପରିବେଷଣ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ବାସୁଦେବ ନାପିତ, ହରେନ୍ଦ୍ର ନାଥବାରିକ, କମଳଲୋଚନ କର, ସନ୍ତୋଷ ଖଣ୍ଡା ଓ ବାସନ୍ତୀ ସାହୁ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ଯତୀନ୍ଦ୍ରନାଥ ସାହୁ ଧନ୍ୟବାଦ ଜ୍ଞାପନ କରିଥିଲେ। ଦ୍ୱିତୀୟ ଅଧିବେଶନରେ ଆଗାମୀ ୩ ବର୍ଷ ନିମନ୍ତେ ନୂତନ କର୍ମକର୍ତ୍ତା ନିର୍ବାଚନ କରାଯାଇ ସଭାପତି ଭାବେ ଚୂଡ଼ାମଣି ମହାପାତ୍ର, କାର୍ଯ୍ୟକାରୀ ସଭାପତି ହରିଶ୍ଚନ୍ଦ୍ର ନନ୍ଦ ଗୋସ୍ୱାମୀ, ସାଧାରଣ ସମ୍ପାଦକ ସଚ୍ଚିଦାନନ୍ଦ ମହାନ୍ତି, କୋଷାଧ୍ୟକ୍ଷ ହରେନ୍ଦ୍ର ନାଥ ବାରିକଙ୍କ ସହ ନୂତନ ଭାବେ ଉପ-ସଭାପତି ଭାବେ ଅରୁଣ କୁମାର ଓତା ଓ ଯୁଗ୍ମ ସାଧାରଣ ସମ୍ପାଦକ ଭାବେ ରବୀନ୍ଦ୍ରନାଥ ମିଶ୍ରଙ୍କ ସହ ୨୧ଜଣିଆ କମିଟି ଶପଥ ଗ୍ରହଣ କରିଥିଲେ।




## ବନ୍ଦ ରହୁଛି ସାଇଁକୁଳ ସିଏଚ୍‌ସି ଔଷଧ କେନ୍ଦ୍ର

ରାମଚନ୍ଦ୍ରପୁର,୨୨।୬(ସମିସ): କେନ୍ଦୁଝର ଜିଲ୍ଲା ଘସିପୁରା ବ୍ଲକ ସାଇଁକୁଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ୧୫ଟି ପଞ୍ଚାୟତର ୩୦ ହଜାରରୁ ଅଧିକ ଲୋକ ସ୍ୱାସ୍ଥ୍ୟସେବା ପାଇଁ ନିର୍ଭରଶୀଳ ଥିବା ବେଳେ ଡାକ୍ତର ଅଭାବ ସାଙ୍ଗକୁ ସ୍ୱାସ୍ଥ୍ୟକର୍ମଚାରୀଙ୍କ ଅବହେଳା କାରଣରୁ ମୁହଁ ଫେରାଉଛନ୍ତି ସ୍ଥାନୀୟବାସିନ୍ଦା। ସରକାରଙ୍କ ପକ୍ଷରୁ ରୋଗୀଙ୍କ ଚିକିତ୍ସା ନିମନ୍ତେ ଅନେକ ମାଗଣା ଔଷଧ ଯୋଗାଇ ଦିଆଯାଉଥିବା ବେଳେ ଡାକ୍ତରଖାନା ପକ୍ଷରୁ ଔଷଧ ବିତରଣ କେନ୍ଦ୍ରଟି ନିର୍ଦ୍ଧାରିତ ସମୟ ମଧ୍ୟରେ ଖୋଲୁ ନଥିବାରୁ ଔଷଧ କାଉଣ୍ଟର ଆଗରେ ଘଣ୍ଟାଘଣ୍ଟା ଧରି ରୋଗୀ ଏବଂ ତାଙ୍କ ସମ୍ପର୍କୀୟମାନେ ଠିଆ ହୋଇ ରହୁଛନ୍ତି। ଯାହାଫଳରେ ରୋଗୀମାନେ ଔଷଧ ନପାଇ ବହୁ ଅସୁବିଧାର ସମ୍ମୁଖୀନ ହେବା ସହ ଖୋଲା ବଜାରରୁ ନିଜ ପକେଟରୁ ଟଙ୍କା ଖର୍ଚ୍ଚ କରି ଔଷଧ କ୍ରୟ କରୁଛନ୍ତି। ରୋଗୀ ସମ୍ପର୍କୀୟ ଲୋକମାନେ ଏ ବିଷୟରେ ଡାକ୍ତରଙ୍କୁ ପଚାରି ଫଟୋ ଉଠେଇବା ବେଳେ ଡାକ୍ତଖାନା କର୍ତ୍ତୃପକ୍ଷ ନାଲିଆଖି ଦେଖାଉଥିବା ଅଭିଯୋଗ ହୋଇଛି। ଖୋଦ ମୁଖ୍ୟମନ୍ତ୍ରୀରେ ଜିଲ୍ଲାର ଗୁରୁତ୍ୱ ବହନ କରୁଥିବା ଏହି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଏଭଳି ଅଚଳାବସ୍ଥା ତଥା କର୍ମଚାରୀଙ୍କ ମନମାନି ଘଟଣାକୁ ଅନେକ ନାପସନ୍ଦ କରିଛନ୍ତି। ବିଭାଗୀୟ କର୍ତ୍ତୃପକ୍ଷ ଏଥିପ୍ରତି ତୁରନ୍ତ ଦୃଷ୍ଟି ଦେବାପାଇଁ ରୋଗୀ ଏବଂ ସାଧାରଣରେ ଦାବି କରାଯାଇଛି।



## ବିପଦପୂର୍ଣ୍ଣ ବିଦ୍ୟୁତ୍ ଟ୍ରାନ୍ସଫର୍ମର





ରାମଚନ୍ଦ୍ରପୁର,୨୨।୬(ସମିସ): କୋମଳମତି ଶିଶୁଙ୍କ ଜୀବନ ସହ ଖେଳୁଛି ବିଦ୍ୟୁତ ଯୋଗାଣକାରୀ ସଂସ୍ଥା। ଘସିପୁରା ବ୍ଲକ ରାମଚନ୍ଦ୍ରପୁର ପଞ୍ଚାୟତ ବଡପଦନା ପ୍ରାଥମିକ ବିଦ୍ୟାଳୟ ପାଚେରି କଡ଼ରେ ଖୋଲା ମେଲାରେ ଦୀର୍ଘ ଦିନ ହେଲା ରହିଥିବା ବିଦ୍ୟୁତ ଟ୍ରାନ୍ସଫର୍ମରଟି କୋମଳମତି ଶିଶୁଙ୍କ ପାଇଁ ବିପଦ ସାଜିଛି। ଏଥିନେଇ ବିଦ୍ୟାଳୟ କର୍ତ୍ତୃପକ୍ଷ ଅନେକ ଥର କର୍ମଚାରୀଙ୍କୁ ଅବଗତ କରାଇଥିଲେ ମଧ୍ୟ ଏଦିଗରେ କେହି କର୍ଣ୍ଣପାତ କରୁନାହାନ୍ତି। ସେହିପରି ବଡପଦନା ଖଣ୍ଡୁରୀ ମାତା ପୀଠ ପରିସରରେ ଖୋଲାମେଲାରେ ବିପଦପୂର୍ଣ୍ଣ ଅବସ୍ଥାରେ ଟ୍ରାନସଫର୍ମରଟି ଥିଲେ ମଧ୍ୟ ଏଥିପ୍ରତି ବିଭାଗୀୟ କର୍ମଚାରୀଙ୍କ ଦୃଷ୍ଟି ପଡ଼ିନି। କୌଣସି ଅଘଟଣ ଘଟିବା ପୂର୍ବରୁ ଟିପିଏନଡିଓଏଲ କର୍ତ୍ତୃପକ୍ଷ ଚତୁପାଶ୍ୱର୍ରେ ତାର ବାଡ଼ କରିବାକୁ ଗ୍ରାମବାସୀ ଦୃଷ୍ଟି ଆକର୍ଷଣ କରିଛନ୍ତି।

## ପୋଲତଳକୁ ଆତ୍ମହତ୍ୟା ପାଇଁ ଡେଇଁଥିବା ଯୁବତୀ ଉଦ୍ଧାର

ବାରିପଦା,୨୨।୬(ସମିସ): ଜରାଳୀ ସେତୁ ବା ପୋଲତଳକୁ ରବିବାର ସନ୍ଧ୍ୟା ୮ଟା ବେଳେ ଆତ୍ମହତ୍ୟା ପାଇଁ ଡେଇଁଥିବା ଯୁବତୀଙ୍କୁ ଦମକଳ ବାହିନୀ ଉଦ୍ଧାର କରି ଡାକ୍ତରଖାନାରେ ଭର୍ତ୍ତି କରିଛନ୍ତି। ଉକ୍ତ ଯୁବତୀଙ୍କ ପରିଚୟ ମିଳିନଥିବା ବେଳେ ଆତ୍ମହତ୍ୟାର କାରଣ ମଧ୍ୟ ଜଣାପଡ଼ିନାହିଁ। ପୋଲ ତଳେ ପାଣି କମ୍ ଥିବାରୁ ସେ ମୃତ୍ୟୁମୁଖରୁ ବର୍ତ୍ତିଯାଇଛନ୍ତି।

## ସରକାରୀ ମହିଳା ମହାବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୋଗଦିବସ ପାଳିତ

ବାରିପଦା,୨୨।୬(ସମିସ): ସରକାରୀ ମହିଳା ମହାବିଦ୍ୟାଳୟର ପ୍ରାଙ୍ଗଣରେ ୧୧ତମ ବିଶ୍ୱ ଯୋଗ ଦିବସ ଅବସରରେ ଯୋଗାଭ୍ୟାସ କାର୍ଯ୍ୟକ୍ରମ ହୋଇଥିଲା। ସୁସ୍ଥ ଶରୀର ଗଠନ ନିମନ୍ତେ ଯୋଗର ଗୁରୁତ୍ୱ ରହିଛି। ଯୋଗ ଆମ ପ୍ରାଚୀନ ପରମ୍ପରାର ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ। ଏହି ପରିପ୍ରେକ୍ଷୀରେ ଯୋଗ ଗୁରୁ ଶିବଶଙ୍କର ଗିରି ଏବଂ ତାଙ୍କ ସହାୟିକା ମୋନାଲିକା ପରିଡ଼ା ଯୋଗର ମହତ୍ତ୍ୱ ପ୍ରତିପାଦନ କରିବା ସହ ବିଭିନ୍ନ ଯୋଗର ଅଭ୍ୟାସ କରାଇଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ସାଗରିକା ସିଂହଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମକର୍ତ୍ତା, ଏନ୍‌ଏସ୍‌ଏସ ଏବଂ ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ତଥା ଛାତ୍ରୀଗଣ ସାମିଲ ହୋଇ ଯୋଗ ଶିକ୍ଷା କରିଥିଲେ।



## ଆନ୍ତର୍ଜାତୀୟ ଯୋଗ ଦିବସ ପାଳିତ

ବଡ଼ସାହି,୨୨।୬(ସମିସ): ସ୍ଥାନୀୟ ବଡ଼ସାହି ପଞ୍ଚାୟତ ସମିତି ମହାବିଦ୍ୟାଳୟର ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ଅନ୍ତର୍ଜାତୀୟ ଯୋଗ ଦିବସ ଅଧ୍ୟକ୍ଷ ଦାୟିତ୍ୱରେ ଥିବା ପ୍ରଫେସର ଫକୀର ଚରଣ ସାହୁଙ୍କ ପୌରହିତ୍ୟରେ ପାଳନ ହୋଇଯାଇଛି। ଏଥିସହ ଯୋଗ ଗୁରୁ ଭାବରେ ଯୋଗୀ ଫକୀରମୁନି ଉପସ୍ଥିତ ରହି ସ୍ୱେଚ୍ଛାସେବୀଙ୍କୁ "ଶରୀର ମାଦ୍ୟମ୍ ଖଲୁ ଧର୍ମ ସାଧନଂ' ଶ୍ଳୋକର ବ୍ୟାଖ୍ୟା ମାଧ୍ୟମରେ ଯୋଗର ମହତ୍ତ୍ୱ ବୁଝାଇବା ସହିତ ଯୋଗାସନ ଶିଖାଇଥିଲେ। ପ୍ରୋଗ୍ରାମ ଅଫିସର ଡ. ରିତୁ ଲତା ବିଶ୍ୱାଳ ସ୍ୱେଚ୍ଛାସେବୀଙ୍କୁ ମନ ଓ ଶରୀରକୁ ସୁସ୍ଥ ରଖିବା ପାଇଁ ପ୍ରତିଦିନ ଯୋଗ କରିବା ତାହେଲେ ଯାଇ ଆମେ ସୁସ୍ଥ ଜୀବନ ଭୋଗ କରିପାରିବା ବୋଲି ବକ୍ତବ୍ୟ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଡ. ଜୀବନ କୁମାର ପଣ୍ଡିତ, ଗୁଲୁ ସୋରେନ, ଅନ୍ତର୍ଯ୍ୟାମୀ ବେରିଆ, ନିରଞ୍ଜନ ହେମ୍ବ୍ରମ, ସତ୍ୟବାନ୍ ଗୋଛାୟତ, ସନ୍ଧ୍ୟାରାଣୀ ଦାସ ପ୍ରମୁଖ ଅଧ୍ୟାପକ ଯୋଗଦେଇ ସ୍ୱେଚ୍ଛାସେବୀଙ୍କୁ ଉତ୍ସାହିତ କରିଥିଲେ। କୋ-ୟୁନିଟର ସଂଯୋଜକ ଅଧ୍ୟାପକ ଶ୍ରବଣ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଗୋପବନ୍ଧୁ ସ୍ମାରକ ବକ୍ତୃତା ପ୍ରତିଯୋଗିତା



ଯୋଡ଼ା,୨୨।୬(ସମିସ): ଯୋଡ଼ା ପୌରପାଳିକା ଯୋଡାୱେଷ୍ଟ ଅଡିଟୋରିୟମଠାରେ ଯୋଡ଼ା ପୌରପାଳିକା, ବଡ଼ବିଲ ପୌରପାଳିକା ଓ ଯୋଡ଼ା ବ୍ଲକକୁ ନେଇ ଗୋପବନ୍ଧୁ ସ୍ମାରକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ବଡ଼ବିଲ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ଅଷ୍ଟମଶ୍ରେଣୀ ଛାତ୍ରୀ ସୌମ୍ୟାଶ୍ରୀ ବେହେରା ପ୍ରଥମ ସ୍ଥାନ ଗ୍ରହଣ କରିଥିବାବେଳେ ବିଲେଇପଦା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ନବମ ଶ୍ରେଣୀ ଛାତ୍ରୀ ପାୟଲ ବାରିକ ଦ୍ୱିତୀୟ ସ୍ଥାନ ଗ୍ରହଣ କରିଛନ୍ତି। ସେହିପରି ଟାଟା ଡ଼ିଏଭି ପବ୍ଲିକ ସ୍କୁଲର ଦଶମଶ୍ରେଣୀ ଛାତ୍ରୀ ଆଞ୍ଜେଲ ଶତପଥୀ ତୃତୀୟ ସ୍ଥାନ ଗ୍ରହଣ କରିଛନ୍ତି। କାର୍ଯ୍ୟକ୍ରମରେ ଯୋଡ଼ା ମହିଳା ମହାବିଦ୍ୟାଳୟର ଓଡ଼ିଆ ଅଧ୍ୟାପକ କିଷାନଚନ୍ଦ୍ର ନାଏକ, ରାଜନୀତି ବିଜ୍ଞାନର ଅଧ୍ୟାପକ ପବିତ୍ର ମୋହନ କର, ଜିନ୍ଦଲ ଷ୍ଟିଲର ଅଧିକାରୀ ଚୌଧୁରୀ ପ୍ରଣବ ଦାସ ପ୍ରମୁଖ ମୂଲ୍ୟାଙ୍କନ କରିଥିଲେ। ପ୍ରଥମରେ ମୁଖ୍ୟ ଅତିଥିଭାବେ ଯୋଡ଼ା ପୌରାଧ୍ୟକ୍ଷ ଡା ଜଗଦୀଶ ପ୍ରସାଦ ସାହୁ, ସମ୍ମାନିତ ଅତିଥିଭାବେ ଯୋଡ଼ା ଟ୍ରକ ମାଲିକ ସଂଘର ସମ୍ପାଦକ ସୁଶାନ୍ତ ବାରିକ, ଓକିଲ ସୂର୍ଯ୍ୟକାନ୍ତ ତ୍ରିପାଠୀ ପ୍ରମୁଖ ଯୋଗ ଦେଇଥିଲେ। ଲୋକସେବକ ମଣ୍ଡଳର ରାଷ୍ଟ୍ରୀୟ ସମ୍ପାଦକ ସ୍ୱର୍ଗତ ନିରଞ୍ଜନ ରଥଙ୍କ ଉଦ୍ଦେଶ୍ୟରେ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ଯୋଡ଼ା ପ୍ରତିନିଧି ପ୍ରକାଶ ମହାନ୍ତି, ବଲାଣି ପ୍ରତିନିଧି ଶିବାଶିଷ ନନ୍ଦ ଓ ବଡ଼ବିଲ ପ୍ରତିନିଧି ବଳରାମ ମହାନ୍ତି ପରିଚାଳନା କରିଥିଲେ। ଯୋଡ଼ା ଗଣମାଧ୍ୟମ ପ୍ରତିନିଧିମାନେ କାର୍ଯ୍ୟକ୍ରମଟିରେ ସହାୟତା କରିଥିଲେ।

## ଘସିପୁରାରେ କିଶୋରୀ ସମାବେଶ ଓ ପଦଯାତ୍ରା



ଆନନ୍ଦପୁର, ୨୨।୬ ସମିସ): ଘସିପୁରା ଶିଶୁ ବିକାଶ ବିଭାଗ ପକ୍ଷରୁ ପ୍ରକଳ୍ପସ୍ତରୀୟ କିଶୋରୀ ସୁଭଦ୍ରା ଦିବସ ପାଳିତ ହୋଇଯାଇଛି। ଶିଶୁ ବିକାଶ ଅଧିକାରୀ ଶ୍ରମତି ସୁକାନ୍ତି ନାୟକଙ୍କ ତତ୍ତ୍ୱାବଧାନରେ ବ୍ଲକର ବିଭିନ୍ନ ଗ୍ରାମରୁ ଆସିଥିବା କିଶୋରୀମାନେ ପ୍ଲାକାର୍ଡ ଧରି ଏକ ପଦଯାତ୍ରାରେ ବିଭିନ୍ନ ଅଞ୍ଚଳରେ ବାଲ୍ୟବିବାହ କନ୍ୟା ଭ୍ରୂଣହତ୍ୟା ବନ୍ଦ କର ନାରା ଦେଇ ସଚେତନତା ସୃଷ୍ଟି କରିଥିଲେ। ଏହି ଅବସରରେ କିଶୋରୀଙ୍କ ମଧ୍ୟରେ ନୃତ୍ୟ ସଂଗୀତ ପୁଚିଖେଳ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପରେ ଘସିପୁରା ବିଡିଓ ବିନିତା ବିଜୟିନୀ ଅତିଥି ଭାବେ କିଶୋରୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଶିଶୁବିକାଶ ବିଭାଗର ସୁପରଭାଇଜର ଚନ୍ଦ୍ରମଣି ସେଠୀ, ଛବି ଜେନା, ରମାମଣି ରାଉତ, ଘାଷିନୀ ମାଝୀ, ସୀତା ନାୟକ, ମହିଳା ଗୋଷ୍ଠୀ ସଭାନେତ୍ରୀ କଳ୍ପନା ବିଶ୍ୱାଳଙ୍କ ସମେତ ସମସ୍ତ ଅଙ୍ଗନବାଡି କର୍ମୀ, କର୍ମଚାରୀ ଏବଂ ସ୍ୱୟଂ ସହାୟିକା ମହିଳାମାନେ ଯୋଗ ଦେଇଥିଲେ।

## ସୁବର୍ଣ୍ଣରେଖା କେନାଲ ରାସ୍ତା ବିପର୍ଯ୍ୟସ୍ତ

କଳାବାଡିଆ,୨୨।୬(ସମିସ): ବାଙ୍ଗିରିପୋଷି ବ୍ଲକ୍ କଳାବାଡ଼ିଆ ଓ ପଥୁରୀ ପଞ୍ଚାୟତ ଦେଇ ଯାଇଥିବା ସୁବର୍ଣ୍ଣରେଖା ମୁଖ୍ୟ କେନାଲ ରାସ୍ତା ନଷ୍ଟ ହୋଇଯାଇଛି। ବୁଡାମରାରୁ ଜଗନ୍ନାଥ ଖୁଣ୍ଟା ଜାତୀୟ ରାଜପଥ ୧୮ ଅତିକ୍ରମ କରି ଯାଇଥିବା ଦୁଇ କିଲୋମିଟର କେନାଲ ରାସ୍ତାର ପିଚୁ ଉଠିବା ସହିତ ଖାଲଢିପରେ ଭର୍ତ୍ତି ହୋଇଯାଇଛି। ଫଳରେ ଛାତ୍ରଛାତ୍ରୀ, ଗ୍ରାମବାସୀ, ଯାନବାହାନ ଯିବା ଆସିବାରେ ବ୍ୟାଘାତ ସୃଷ୍ଟି ହେଉଛି। ଜାତୀୟରାଜପଥ ୧୮ ଦିଗ ପରିବର୍ତ୍ତନ କଲା ପରେ ଏହି କେନାଲ ରାସ୍ତାଟି ସର୍ବସାଧାରଣଙ୍କ ମୁଖ୍ୟରାସ୍ତା ପାଲଟିଛି। ଖାଲ ପାଇଁ ସବୁବେଳେ ଦୁର୍ଘଟଣା ଘଟୁଥିବାରୁ ଜନଅସନ୍ତୋଷ ଦେଖାଯାଇଛି।



### ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ

# ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ସହିତ ଖେଳ



## ନିରପେକ୍ଷ ତଦନ୍ତ ଦାବି କଲେ ପୂର୍ବତନ ସିନେଟ ଓ ସିଣ୍ଡିକେଟ ସଦସ୍ୟ

ବାରିପଦା,୨୨।୬(ସମିସ): ଆଦିବାସୀ ବହୁଳ ମୟୂରଭଞ୍ଜର ମହାରାଜା ଶ୍ରୀରାମଚନ୍ଦ୍ର ବିଶ୍ୱବିଦ୍ୟାଳୟ ଅଧୀନରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କର ଭବିଷ୍ୟତ ସାଙ୍ଗରେ ଖେଳନେଇ ଅଭିଯୋଗ ହେବା ସହିତ ବିଶ୍ୱବିଦ୍ୟାଳୟର ନିଜସ୍ୱ ପାଣ୍ଠିର ବିନିଯୋଗ ଉପରେ ପ୍ରଶ୍ନ ଉଠିଛି। ପୂର୍ବତନ ସିନେଟ ଓ ସିଣ୍ଡିକେଟ ସଦସ୍ୟ ଆଇନଜୀବୀ ଜ୍ୟୋତିପ୍ରକାଶ ରଥ ଉଭୟ ଘଟଣାର ନିରପେକ୍ଷ ତଦନ୍ତ ଦାବି କରିଛନ୍ତି। ଅନ୍ୟଥା ସେ ଜିଲ୍ଲାର ବୃହତ୍ତ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଆଇନର ଆଶ୍ରୟ ନେବେ ବୋଲି ଗଣମାଧ୍ୟମକୁ ଜଣାଇଛନ୍ତି। ଏହି ବିଶ୍ୱବିଦ୍ୟାଳୟରୁ ୨୦୨୨, ୨୦୨୩ ଓ ୨୦୨୪ ମସିହାରେ ପାସ୍ କରିଥିବା ଛାତ୍ରଛାତ୍ରୀ ବର୍ତ୍ତମାନ ସୁଦ୍ଧା ସେମାନଙ୍କ ଡିଗ୍ରୀ ସାର୍ଟିଫିକେଟ୍ ପାଇ ପାରିନାହାନ୍ତି। ଦୀର୍ଘ ୩ବର୍ଷ ପାଖାପାଖି ବିଶ୍ୱବିଦ୍ୟାଳୟର ସ୍ଥାୟୀ କୁଳପତି ନଥିବାରୁ ଛାତ୍ରଛାତ୍ରୀଙ୍କ ସ୍ୱାର୍ଥ କଥା ଚିନ୍ତା ନ କରି ଅନ୍ୟାନ୍ୟ କାର୍ଯ୍ୟରେ କର୍ତ୍ତୃପକ୍ଷ ମାତିଥିବାରୁ ବହୁ ଶିକ୍ଷାର୍ଥୀଙ୍କ ଭବିଷ୍ୟତ ନଷ୍ଟ ହୋଇଯାଉଛି। ୨୦୨୨ ମସିହାରୁ ଛାତ୍ରଛାତ୍ରୀ ସେମାନଙ୍କର ଡିଗ୍ରୀ ସାର୍ଟିଫିକେଟ୍ ପାଇ ନଥିବାରୁ ସେମାନେ ଉଚ୍ଚଶିକ୍ଷା ଓ ଚାକିରୀରୁ ବଞ୍ଚିତ ହେଉଛନ୍ତି। ଏପରିକି ଆଇଆଇଟି ପରି ଅନୁଷ୍ଠାନରେ ପଢ଼ିବା ପାଇଁ କେତେକ ଛାତ୍ର ଏମଟେକ୍ ପ୍ରବେଶିକା ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିଲେ ମଧ୍ୟ, ବିଶ୍ୱବିଦ୍ୟାଳୟ ଡିଗ୍ରୀ ସାର୍ଟିଫିକେଟ୍ ନଥିବାରୁ ସେମାନଙ୍କର କ୍ୟାରିୟରର ଅପୂରଣୀୟ କ୍ଷତି ହୋଇଛି। ସେହିପରି ବିଶ୍ୱବିଦ୍ୟାଳୟର ବିଭିନ୍ନ ନିର୍ମାଣ କାର୍ଯ୍ୟରେ ମଧ୍ୟ କୋଟି କୋଟି ଟଙ୍କାର ଦୁରୁପଯୋଗ ହୋଇଥିବା ଅଭିଯୋଗ କରି ନିରପେକ୍ଷ ତଦନ୍ତ ଦାବି କରିଛନ୍ତି ଆଡଭୋକେଡ ରଥ। ଶାରିରୀକ ଭିନ୍ନକ୍ଷମ ଲୋକଙ୍କ ବାହାନା ନେଇ ପାଖାପାଖି ଅଢ଼େଇ କୋଟି ଟଙ୍କା ବ୍ୟୟରେ ପାଞ୍ଚଟି ବିଲ୍ଡିଂରେ ଲୌହ ରାମ୍ପ ନିର୍ମାଣ ହୋଇଛି। ଯାହା ବ୍ୟବହାର ଉପଯୋଗୀ ନ ହୋଇ ସେହିପରି ପଡ଼ିରହିଛି। ଏହାଠାରୁ ବହୁତ କମ୍ ବ୍ୟୟରେ ଲିଫ୍ଟ ନିର୍ମାଣ ହୋଇଥିଲେ, ତାହା ବ୍ୟବହାର ଉପଯୋଗୀ ହୋଇପାରିଥାନ୍ତା। ସେହିପରି ଭଲ ଅବସ୍ଥାରେ ଥିବା ବିଶ୍ୱବିଦ୍ୟାଳୟ ପରିସର ପିଚୁ ରାସ୍ତାକୁ ଖୋଳି ସେଥିରେ ଅନାବଶ୍ୟକ ଭାବରେ ଫ୍ଲେବର ଟାଇଲ ପକାଇ ଖର୍ଚ୍ଚ କରାଯାଇଛି। ରାଜ୍ୟ ସରକାରଙ୍କ ପାଖରୁ କୌଣସି ଆର୍ଥିକ ଅନୁଦାନ ନ ପାଇ ଓ ବିନା ପ୍ରାକ୍ ଅନୁମତିରେ ବିଶ୍ୱବିଦ୍ୟାଳୟ ନିଜସ୍ୱ ଗଚ୍ଛିତ ପାଣ୍ଠିରୁ କୋଟି କୋଟି ଟଙ୍କା ଅପବ୍ୟବହାର ତଦନ୍ତ ସାପେକ୍ଷ। ତେଣୁ ମୟୂରଭଞ୍ଜର ଛାତ୍ରଛାତ୍ରୀଙ୍କ ହିତ ଦୃଷ୍ଟିରୁ ଉପରୋକ୍ତ ଅବ୍ୟବସ୍ଥା ଓ ଅନିୟମିତତାର ତଦନ୍ତ ଦାବି କରିଛନ୍ତି। ୟୁଜିସିର ନିୟମ ଅନୁଯାୟୀ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀଙ୍କୁ ୬ ମାସ ଭିତରେ ଡିଗ୍ରୀ ସାର୍ଟିଫିକେଟ୍ ପ୍ରଦାନ କରି ନ ପାରିଲେ, ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କୁ ଦଣ୍ଡ ବିଧାନ ବ୍ୟବସ୍ଥା ଥିବାରୁ ବିଶ୍ୱବିଦ୍ୟାଳୟର କର୍ତ୍ତୃପକ୍ଷଙ୍କ ଅବହେଳାର ତଦନ୍ତ କରି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯାଉ। ଏନେଇ ଭାରପ୍ରାପ୍ତ କୁଳପତି ସନ୍ତୋଷ ତ୍ରିପାଠୀ ଓ କୁଳସଚିବ ସୁନିତା ସିଂଙ୍କୁ ପଚାରିବା ପାଇଁ ଯୋଗାଯୋଗ କରିବାରୁ ସମ୍ଭବ ହୋଇନାହିଁ। ତେବେ ବିଶ୍ୱବିଦ୍ୟାଳୟ ପରୀକ୍ଷା ନିୟନ୍ତ୍ରକ ସୁବ୍ରତ କୁମାର ରଣାଙ୍କୁ ପଚାରିବାରୁ ବିଶ୍ୱବିଦ୍ୟାଳୟ ନାମ ପରିବର୍ତ୍ତନ ପାଇଁ ଟେଣ୍ଡର ପ୍ରକ୍ରିୟାରେ ବିଳମ୍ବ ପାଇଁ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀଙ୍କୁ ସାର୍ଟିଫିକେଟ ଦିଆଯାଇନାହିଁ ବୋଲି ସ୍ୱୀକାର କରିଛନ୍ତି। ଜୁଲାଇ ମାସରେ କନ୍‌ଭକେସନରେ ତାହା ନିଶ୍ଚିତ ପ୍ରଦାନ କରାଯିବ ବୋଲି ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୬.୭୫
- ପାଉଣ୍ଡ ୧୧୬.୦୮
- ୟୁରୋ ୯୯.୩୭
- ୟେନ୍ ୦.୫୯

### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୨,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୧୦୦ (କେଜି)



### ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୪୦୮.୦୦
- ନିଫ୍ଟି ୨୫,୧୧୨.୦୦



### ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



ଇରାନ୍ ଉପରେ ଆମେରିକାର ପ୍ରହାର

# ଅଶୋଧିତ ତୈଳ ୧୦୦ ଡଲାର ଟପିବ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

- ହର୍ମୁଜ୍ ପ୍ରଣାଳୀ ବନ୍ଦ ହେଲେ ୧୩୦ ଡଲାର ଛୁଇଁବ
- ଜୁନ୍‌ରେ ୨୪ ପ୍ରତିଶତ ବଢ଼ିଛି ତେଲ ଦର

ଇରାନ-ଇସ୍ରାଏଲ ଯୁଦ୍ଧରେ ଆମେରିକା ପ୍ରବଶେ କରିଛି। ଇରାନର ପରମାଣୁ କେନ୍ଦ୍ର ଉପରେ ଆମେରିକା ବିମାନ ଆକ୍ରମଣ କରିଛି। ଏହି ଆକ୍ରମଣ ପରେ ମଧ୍ୟପ୍ରାଚ୍ୟରେ ପୁଣି ଥରେ ଭୂ-ରାଜନୈତିକ ଉତ୍ତେଜନା ବୃଦ୍ଧି ପାଇଛି। ଏହାର ପ୍ରଭାବରେ ସୋମବାର ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତେଲର ମୂଲ୍ୟ ବୃଦ୍ଧି ପାଇପାରେ। ଏମିତିକି ସୋମବାର ବିଶ୍ୱର ସେୟାର ବଜାରରେ ବଡ଼ ହ୍ରାସ ହୋଇପାରେ। ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ ସୋମବାର ଅଶୋଧିତ ତେଲ ଦର ବ୍ୟାରେଲ ପିଛା ୮୦ ଡଲାରରୁ ଆରମ୍ଭ ହୋଇ ୯୦ ଡଲାର ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଯଦି ହର୍ମୁଜ୍ ପ୍ରଣାଳୀ ବନ୍ଦ ହୁଏ, ତେବେ ଅଶୋଧିତ ତେଲର ମୂଲ୍ୟ ମଧ୍ୟ ୧୩୦ ଡଲାର ପ୍ରତି ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଏହାର ଅର୍ଥ ହେଉଛି ବିଶ୍ୱର ଅଶୋଧିତ ତେଲ ଆମଦାନୀ କରୁଥିବା ଦେଶଗୁଡିକ ଏଥିଯୋଗୁ ବଡ଼ କ୍ଷତି ସହିବେ। ଏଥିରେ ଭାରତ ଅନ୍ୟତମ ଦେଶ। ଭାରତ ଏହାର ଅଶୋଧିତ ତେଲ ଆବଶ୍ୟକତାର ୮୫ ରୁ ୯୦ ପ୍ରତିଶତ ଆମଦାନୀ କରେ।





ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେଭ, ସୋମବାର ବଜାର କାରବାର ଆରମ୍ଭରୁ ଅଶୋଧିତ ତେଲ ଦର ପ୍ରତି ବ୍ୟାରେଲ ପ୍ରାୟ ୮୦ ଡଲାରରେ ଖୋଲି ଏହା ୧୦୦ ଡଲାର ଉପରେ ଯାଇପାରେ। ସବୁଠାରୁ ଖରାପ ପରିସ୍ଥିତିରେ ଯଦି ହରମୁଜ୍ ପ୍ରଣାଳୀ ବନ୍ଦ ହୁଏ ତେବେ ମୂଲ୍ୟ ୧୩୦ ଡଲାର ଉପରେ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଜୁନ୍ ମାସରେ ଏ ପର୍ଯ୍ୟନ୍ତ ଅଶୋଧିତ ତେଲର ମୂଲ୍ୟ ୨୪ ପ୍ରତିଶତ ବୃଦ୍ଧି ପାଇ ପ୍ରତି ବ୍ୟାରେଲ ୭୭ ଡଲାର ହୋଇଛି। ଯେତେବେଳେ କି ମେ' ମାସରେ, ଅ ଶୋଧିତ ତେଲର ମୂଲ୍ୟ ୪ ପ୍ରତିଶତ ବୃଦ୍ଧି ପାଇଛି। ହରମୁଜ୍ ପ୍ରଣାଳୀ ଏକ ରଣନୈତିକ ଚକପଏଣ୍ଟ ଯାହା ବିଶ୍ୱ ତୈଳ ଯୋଗାଣର ପ୍ରାୟ ୨୦ପ୍ରତିଶତ ପରିଚାଳନା କରିଥାଏ। ଏହାକୁ ନେଇ ଏବେ ଚିନ୍ତା ବଢ଼ିଛି। ଅନ୍ୟପକ୍ଷରେ, କେଡିଆ ଆଡଭାଇଜରିର ନିର୍ଦ୍ଦେଶକ ଅଜୟ କେଡିଆ କହିଛନ୍ତି ଯେ ଉତ୍ତେଜନା ବହୁତ ବୃଦ୍ଧି ପାଇଛି ଏବଂ ଆମେରିକା ଯୁଦ୍ଧରେ ଡେଇଁବା ପରେ, ଇରାନ ହର୍ମୁଜ୍ ପ୍ରଣାଳୀକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇପାରେ। ଏଥିଯୋଗୁଁ ତୈଳ ଦର ପ୍ରତି ବ୍ୟାରେଲ ୯୫ ରୁ ୧୦୦ ଡଲାର ମଧ୍ୟରେ ପହଞ୍ଚିପାରେ। ଏହାସହିତ, ସୋମବାର ଅଶୋଧିତ ତୈଳ ମୂଲ୍ୟରେ ୧୦ ରୁ ୧୫ ପ୍ରତିଶତ ବୃଦ୍ଧି ଦେଖାଯାଇପାରେ। ଅନ୍ୟପକ୍ଷରେ, ପରିସ୍ଥିତି ନିୟନ୍ତ୍ରଣ କରିବାକୁ ଆମେରିକା ମଧ୍ୟ ତୈଳ ଯୋଗାଣ ବୃଦ୍ଧି କରିବାକୁ ଯାଉଛି।

ଅଶୋଧିତ ତୈଳ ମୂଲ୍ୟରେ ବୃଦ୍ଧି ଭାରତକୁ ମଧ୍ୟ ପ୍ରଭାବିତ କରିବ। ଭାରତ ଏହାର ଆବଶ୍ୟକତାର ୮୫ରୁ ୯୦ ପ୍ରତିଶତ ତୈଳ ଆମଦାନି କରେ। ଯଦି ମୂଲ୍ୟ ବୃଦ୍ଧି ପାଏ, ତେବେ ଦେଶ ଅନେକ ଆର୍ଥିକ ଆହ୍ୱାନର ସମ୍ମୁଖୀନ ହୋଇପାରେ। ଅଶୋଧିତ ତୈଳରେ ପ୍ରତି ବ୍ୟାରେଲରେ ୧୦ ଡଲାର ବୃଦ୍ଧି ଭାରତର ଚଳନ୍ତି ଖାତା ନିଅଣ୍ଟକୁ ଜିଡିପିର ୦.୩ ପ୍ରତିଶତ ବୃଦ୍ଧି କରିପାରେ ଏବଂ ମୁଦ୍ରାସ୍ଫୀତି ଚାପ ମଧ୍ୟ ବଢ଼ାଇପାରେ। ଜଣେ ମୁଦ୍ରା ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ସୋମବାର ଭାରତୀୟ ଟଙ୍କା ଡଲାର ତୁଳନାରେ ୫୦ ରୁ ୭୫ପଇସା ମଧ୍ୟରେ ହ୍ରାସ ପାଇପାରେ। ଯାହାର ପ୍ରଭାବ ଜିଡିପି ଉପରେ ମଧ୍ୟ ଦେଖାଯାଇପାରେ। ଏହା ବ୍ୟତୀତ, ସୋମବାର ଭାରତର ଷ୍ଟକ ବଜାରରେ ଭାରି ଚାପ ଦେଖିବାକୁ ମିଳିପାରେ। ବିଶେଷଜ୍ଞମାନେ ଚେତାବନୀ ଦେଇଛନ୍ତି ଯେ ଯଦି ଇରାନ ହର୍ମୁଜ ପ୍ରଣାଳୀରେ ଯାତାୟାତ ବାଧା ସୃଷ୍ଟି କରିବାକୁ ଚେଷ୍ଟା କରେ, ତେବେ ଅଶୋଧିତ ତୈଳର ମୂଲ୍ୟ ପ୍ରତି ବ୍ୟାରେଲ ୧୨୦-୧୩୦ ଡଲାର ପର୍ଯ୍ୟନ୍ତ ବୃଦ୍ଧି ପାଇପାରେ, ଯାହା ବିଶ୍ୱ ଷ୍ଟକ ବଜାର ଉପରେ ଗଭୀର ପ୍ରଭାବ ପକାଇବ। ବର୍ତ୍ତମାନ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ପ୍ରତି ବ୍ୟାରେଲ ୭୭ ଡଲାରରେ ରହିଛି। ଏଥିରେ ବିଶେଷ କଥା ହେଉଛି ଯେ ଗତ ଗୋଟିଏ ମାସରେ ଅଶୋଧିତ ତୈଳ ମୂଲ୍ୟ ପ୍ରାୟ ୨୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଅନ୍ୟପକ୍ଷରେ, ଶୁକ୍ରବାର ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ସାମାନ୍ୟ ବୃଦ୍ଧି ସହିତ ବ୍ୟାରେଲ ପିଛଶ ୭୫ ଡଲାରକୁ ଖସିଆସିଛି। ତଥାପି, ଗୋଟିଏ ମାସରେ ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ପ୍ରାୟ୨୨ ପ୍ରତିଶତ ବୃଦ୍ଧି ପାଇଛି।

## ଯୁଦ୍ଧ ବଢ଼ିଲେ ଭାରତ ସହିବ ବଡ଼ କ୍ଷତି | ମହଙ୍ଗା ହେବ ବଜାର

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଏବଂ ଇସ୍ରାଏଲ ମଧ୍ୟରେ ଚାଲିଥିବା ଉତ୍ତେଜନା ଏବେ ଏକ ବିପଜ୍ଜନକ ସ୍ଥିତିରେ ପହଞ୍ଚିଛି। ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ ଯଦି ଏହି ଯୁଦ୍ଧ ଆହୁରି ବଢ଼େ ତେବେ ଏହାର ସବୁଠାରୁ ବଡ଼ ପ୍ରଭାବ ପଶ୍ଚିମ ଏସିଆର ଦେଶଗୁଡ଼ିକ ସହିତ ଭାରତର ବାଣିଜ୍ୟ ଉପରେ ପଡ଼ିବ। ଏଥିରେ ଇରାନ, ଇରାକ, ଜୋର୍ଡାନ, ଲେବାନନ, ସିରିଆ ଏବଂ ୟେମେନ ଭଳି ଦେଶ ଅନ୍ତର୍ଭୁକ୍ତ, ଯେଉଁଠିକି ଭାରତର ମୋଟ ରପ୍ତାନି ୮.୬ ବିଲିୟନ ଡଲାର ଏବଂ ଆମଦାନି ୩୩.୧ ବିଲିୟନ ଡଲାର ରହିଛି।

ମୁମ୍ବାଇର ରପ୍ତାନିକାରୀ ଏବଂ ଟେକ୍ନୋକ୍ରାଫ୍ଟ ଇଣ୍ଡଷ୍ଟ୍ରିଜ୍ ଇଣ୍ଡିଆର ପ୍ରତିଷ୍ଠାତା ଶରଦ କୁମାର ସରାଫ ଚେତାବନୀ ଦେଇଛନ୍ତି ଯେ ଏହି ଯୁଦ୍ଧ ଭାରତର ବାଣିଜ୍ୟ ଉପରେ ଏକ ବଡ଼ ପ୍ରଭାବ ପକାଇବ। ଭାରତ ଆର୍ଥିକ ବର୍ଷ ୨୦୨୪-୨୫ରେ ଇରାନକୁ ମୋଟ ୧.୨୪ ବିଲିୟନ ଡଲାରର ରପ୍ତାନି କରିଥିଲା, ଯେଉଁଥିରେ ବାସମତୀ ଚାଉଳ ୭୫୩.୨ ନିୟୁତ ଡଲାର), କଦଳୀ, ସୋୟାବିନ୍ ମିଲ୍, ଚଣା ଏବଂ ଚା' ଭଳି କୃଷି ଉତ୍ପାଦ ପ୍ରମୁଖ ଥିଲା। ଏହି ସମୟ ମଧ୍ୟରେ ଭାରତ ଇରାନରୁ ୪୪୧.୮ ନିୟୁତ ଡଲାରର ଆମଦାନୀ ମଧ୍ୟ କରିଥିଲା। ଇସ୍ରାଏଲ ସହିତ ଭାରତର ବାଣିଜ୍ୟ ୨.୧ ବିଲିୟନ ଡଲାର (ରପ୍ତାନି) ଏବଂ ୧.୬ ବିଲିୟନ ଡଲାର (ଆମଦାନୀ) ଥିଲା। ଜିଟିଆର୍‌ଆଇ ଅନୁଯାୟୀ, ଆମେରିକାର ପ୍ରତିବନ୍ଧକ ଯୋଗୁଁ ଏହି ଉଭୟ ଦେଶ ପୂର୍ବରୁ ଆର୍ଥିକ ଚାପରେ ଅଛନ୍ତି। ବର୍ତ୍ତମାନ ଯୁଦ୍ଧ ଯୋଗୁଁ, ବର୍ଦ୍ଧିତ ପେମେଣ୍ଟ ବ୍ୟବସ୍ଥା ଏବଂ ପରିବହନ ବିପଦ ଯୋଗୁଁ ଭାରତର ବାଣିଜ୍ୟ ଆହୁରି ପ୍ରଭାବିତ ହୋଇପାରେ। ଏଥିରେ ସବୁଠାରୁ ବଡ଼ ଚିନ୍ତା ହେଉଛି ହର୍ମୁଜ୍ ପ୍ରଣାଳୀ, ଯେଉଁଠାରୁ ଭାରତର ୬୦-୬୫% ଅଶୋଧିତ ତୈଳ ଯୋଗାଣ ହୁଏ। ଇରାନ ଏହି ଜଳପଥକୁ ବନ୍ଦ କରିବାକୁ ଧମକ ଦେଇଛି। ଏହି ମାର୍ଗ ଏତେ ଗୁରୁତ୍ୱପୂର୍ଣ୍ଣ ଯେ ଏହା କେବଳ ବିଶ୍ୱ ତୈଳ ବାଣିଜ୍ୟର ପ୍ରାୟ ୨୦ ପ୍ରତିଶତ ପରିଚାଳନା କରେ। ଏହି ପ୍ରଣାଳୀ ଇରାନ ଏବଂ ଓମାନ / ସଂଯୁକ୍ତ ଆରବ ଏମିରେଟ୍ସ ମଧ୍ୟରେ ଅବସ୍ଥିତ। ଏହା ମାଧ୍ୟମରେ ସାଉଦି ଆରବ, ଇରାନ, ଇରାକ, କୁଏତ ଏବଂ କତାରରୁ ତେଲ ଏବଂ ଏଲଏନଜି ରପ୍ତାନି କରାଯାଏ। ଯଦି ଏଠାରେ ଯୋଗାଣ ବାଧାପ୍ରାପ୍ତ ହୁଏ, ତେବେ ଭାରତରେ ଇନ୍ଧନ ମହଙ୍ଗା ହୋଇଯିବ, ମୁଦ୍ରାସ୍ଫୀତି



ବୃଦ୍ଧି ପାଇବ, ଟଙ୍କା ଉପରେ ଚାପ ପଡ଼ିବ ଏବଂ ଆର୍ଥିକ ସନ୍ତୁଳନ ଖରାପ ହୋଇପାରେ।

ହୁଥି ବିଦ୍ରୋହୀଙ୍କ ଆକ୍ରମଣ ଯୋଗୁଁ ଲାଲ ସାଗର ମାର୍ଗ ପୂର୍ବରୁ ପ୍ରଭାବିତ ହୋଇଛି, ଯାହା ଭାରତ-ୟୁରୋପ ଏବଂ ଭାରତ-ଆମେରିକା ମଧ୍ୟରେ ବାଣିଜ୍ୟକୁ ପ୍ରଭାବିତ କରିଛି। ଭାରତର ୮୦% ୟୁରୋପୀୟ ବାଣିଜ୍ୟ ଏବଂ ମୋଟ ରପ୍ତାନିର ୩୪% ଏହି ସମୁଦ୍ର ପଥ ଦେଇ ହୋଇଥାଏ। ବିଶ୍ୱ ବାଣିଜ୍ୟ ସଂଗଠନ (ଡବ୍ଲ୍ୟୁଟିଓ) ମଧ୍ୟ ଚେତାବନୀ ଦେଇଛି ଯେ ଯଦି ପରିସ୍ଥିତି ସମାନ ରହେ, ତେବେ ୨୦୨୫ରେ ବିଶ୍ୱ ବାଣିଜ୍ୟ ୦.୨% ହ୍ରାସ ପାଇପାରେ, ଯେତେବେଳେ କି ପୂର୍ବରୁ କାରବାରରେ ୨.୭% ଅଭିବୃଦ୍ଧି ଆକଳନ କରାଯାଇଥିଲା। ଭାରତ ଇରାନ ସହିତ ଐତିହାସିକ ଏବଂ ରଣନୈତିକ ସମ୍ପର୍କ ରହିଛି। ଛାବାହାର ବନ୍ଦର, ଯାହା ଭାରତକୁ ଆଫଗାନିସ୍ତାନ ଏବଂ ମଧ୍ୟ ଏସିଆକୁ ସିଧାସଳଖ ପ୍ରବେଶ ପ୍ରଦାନ କରେ।

## ଲାଲ୍‌ଚନ୍ଦ୍‌ର ମନ୍‌ସୁନ୍ ସେଲ୍





ଭୁବନେଶ୍ୱର,୨୨।୬(ସମିସ): ଲାଲ୍‌ଚନ୍ଦ ଜୁଏଲର୍ସ ଏହାର ଗ୍ରାହକମାନଙ୍କ ଲାଗି 'ମନ୍‌ସୂନ୍ ସେଲ୍' ଅଫର ଆଣିଛି। ଏଥିରେ ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ମେସିନ୍-ନିର୍ମିତ ସୁନା ଚେନ୍‌ରେ ଗଢ଼ା ମଜୁରୀ ଫ୍ଲାଟ୍ ୭୯୯ ଟଙ୍କା/ ଗ୍ରାମ୍ ରହିଛି। ସେହିପରି ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଡିଜାଇନର୍ ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୧୯୯ ଟଙ୍କା/ଗ୍ରାମ୍,ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଆଣ୍ଟିକ୍ ଏବଂ ଇଟାଲିଆନ୍ ଡିଜାଇନ୍‌ର ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୩୯୯ ଟଙ୍କା/ଗ୍ରାମ୍ ଏବଂ ରୁପା ଗହଣାର ଗଢ଼ା ମଜୁରୀରେ ଫ୍ଲାଟ୍ ୫୦% ରିଆତି ରହିଛି। ଏହାଛଡା ଲାଲ୍‌ଚନ୍ଦ୍‌ର ମନ୍‌ସୂନ୍ ସେଲ୍‌ରେ ଗ୍ରାହକ ହୀରା ଅଳଙ୍କାର ଉପରେ ଫ୍ଲାଟ୍ ୨୦,୦୦୦ ଟଙ୍କା/କ୍ୟାରେଟ୍ ରିହାତି, ନିର୍ଦ୍ଦିଷ୍ଟ ହାତଘଣ୍ଟାର ଏମ୍‌ଆର୍‌ପି ଉପରେ ଫ୍ଲାଟ୍ ୨୦% ରିଆତି,ବ୍ରାଣ୍ଡେଡ୍ ସାମଗ୍ରୀ ଉପରେ ଫ୍ଲାଟ୍ ୧୫% ରିଆତି ରହିଛି। ଏତଦ୍‌ବ୍ୟତୀତ ପୁରୁଣା ଏଚ୍‌ୟୁଆଇଡି ସୁନା ଏକ୍ସଚେଞ୍ଜରେ ଗ୍ରାହକ ୧୦୦% ସୁନା ମୂଲ୍ୟ ପାଇପାରିବେ। ଆଗାମୀ ଲକ୍ଷପତି ଲକି ଡ୍ର' ଜୁଲାଇ ମାସରେ ଅନୁଷ୍ଠିତ ହେବ ବୋଲି ଲାଲ୍‌ଚନ୍ଦ ଜୁଏଲର୍ସପକ୍ଷରୁ କୁହାଯାଇଛି।

## ଲ୍ୟାରି ଏଲିସନ୍ ବିଶ୍ୱର ଦ୍ୱିତୀୟ ଧନୀ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

- ଜେଫ୍ ବେଜୋସ, ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇଲେ
- ସମ୍ପତ୍ତି ୨୫୦.୯ ବିଲିୟନ୍ ଡଲାର

୮୦ ବର୍ଷ ବୟସରେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହେଲେ ଟେକ୍ନୋଲୋଜି କମ୍ପାନୀ ଓରାକଲ ପ୍ରତିଷ୍ଠାତା ଲ୍ୟାରି ଏଲିସନ୍। ସେ ଆମଜାନର ଜେଫ୍ ବେଜୋସ୍ ଏବଂ ମେଟାର ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଫର୍ଚ୍ୟୁନ ରିପୋର୍ଟ ଅନୁସାରେ ତାଙ୍କର ବିଜନେସ୍ ଷ୍ଟକ୍‌ରେ ୪୦ ମିଲିଅନ ଡଲାର ପର୍ଯ୍ୟନ୍ତ ବୃଦ୍ଧି ହୋଇଛି। ତାଙ୍କ ସମ୍ପତ୍ତି ମୂଲ୍ୟ ୨୫୦.୯ ବିଲିୟନ ଡଲାର ହୋଇଯାଇଛି। ଧନୀ ତାଲିକାରେ ଏଲିସନ୍ ବର୍ତ୍ତମାନ କେବଳ ଟେସଲା ସିଇଓ ଏଲନ ମସ୍କଙ୍କ ପଛରେ ରହିଛନ୍ତି। ମସ୍କ ୪୦୫.୮ ବିଲିୟନ ଡଲାର ସମ୍ପତ୍ତି ସହ ବିଶ୍ୱର ଏକ ନମ୍ବର ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନଙ୍କ ପାଖରେ କମ୍ପାନୀର ପ୍ରାୟ ୪୧ ପ୍ରତିଶତ ସେୟାର ଅଛି ଏବଂ ଓରାକେଲର ସେୟାର ବୃଦ୍ଧି ପାଇବା ପରେ, ତାଙ୍କ ସମ୍ପତ୍ତି ଗୋଟିଏ ଦିନରେ ୨୫ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତା›ପରେ ପୁଣିଥରେ ଆଉ ୧୬ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ଗତ ମଙ୍ଗଳବାର କମ୍ପାନୀ ଏହାର ଆୟ ରିପୋର୍ଟ ପ୍ରକାଶ କରିବାର ଗୋଟିଏ ଦିନ ପୂର୍ବରୁ, ଏଲିସନଙ୍କ ନେଟ୍ ସମ୍ପତ୍ତି ୨୧୩ ବିଲିୟନ ଡଲାର ଥିଲା। ଓରାକେଲର ଅଧକ୍ଷ ଏବଂ ଚିଫ୍ ଟେକ୍ନୋଲୋଜି ଅଫିସର ଲ୍ୟାରି ଏଲିସନ୍ ଅନ୍ୟମାନଙ୍କ ସହ ୧୯୭୭ ମସିହାରେ ଏକ ଡାଟାବେସ୍ ସଫ୍ଟୱେର୍ କମ୍ପାନୀ ଭାବରେ ଓରାକେଲ୍ ପ୍ରତିଷ୍ଠା କରିଥିଲେ। ସମୟ ଅନୁସାରେ ଏହି କମ୍ପାନୀ ବିଶ୍ୱସ୍ତରୀୟ କ୍ଲାଉଡ୍ କମ୍ପ୍ୟୁଟିଂର ପାୱାର ହାଉସରେ ପରିଣତ ହୋଇଥିଲା। ଯାହା ଏଲିସନ୍‌ଙ୍କୁ ବିଶ୍ୱର ୧୦ ଧନୀ ବ୍ୟକ୍ତି ତାଲିକାରେ ସାମିଲ୍ କରାଇଥିଲା। ହେଲେ ଏବେ ୮୦ ବର୍ଷ ବୟସରେ ସେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନ ନିଜର ରୋକ୍‌ଠୋକ୍ ବ୍ୟକ୍ତିତ୍ୱ ଓ ଅସାଧାରଣ ଜୀବନଶୈଳୀ ପାଇଁ ଜଣାଶୁଣା। ଜୀବନକୁ ବିଳାସପୂର୍ଣ୍ଣ କରିବାରେ ତାଙ୍କର ଅଧିକ ଖର୍ଚ୍ଚ ହୋଇଥାଏ। ଏଲିସନ ୨୦୧୨ରେ ହାୱାଇର ଷଷ୍ଠ ବୃହତମ ଦ୍ୱୀପ ଲାନାଇର ୯୮% ଏରିଆକୁ ପ୍ରାୟ ୩୦୦ ନିୟୁତ ଡଲାରରେ କିଣିଥିଲେ।



କେବଳ ସେତିକି ନୁହେଁ, ତାଙ୍କ ପାଖରେ ନିଜର ସ୍ୱତନ୍ତ୍ର ବିମାନ ରହିଥିବା ବେଳେ ପାଇଲଟ ଭାବରେ ଲାଇସେନ୍ସ ବି ଅଛି। ଏଲନ ମସ୍କଙ୍କର ସେ ଜଣେ ଭଲ ବନ୍ଧୁ ହୋଇଥିବା ବେଳେ ଟେସ୍‌ଲାରେ ସେ ବଡ଼ ନିବେଶ କରିଛନ୍ତି। ଏକଥା ସେ ନିଜେ କହିଥିଲେ। ତେବେ ସବୁଠାରୁ ବଡ଼ କଥା ହେଲା ଆଇଏମ୍‌ଏଫ୍ ଆକଳନ ଅନୁଯାୟୀ, ଏଲିସନଙ୍କ ମୋଟ ସମ୍ପତ୍ତି କେବଳ ଆରବପତିଙ୍କ ସମ୍ପତ୍ତିଙ୍କୁ ଟପି ନାହିଁ ବରଂ ଏହା କେତେକ ଦେଶର ମୋଟ ଜିଡିପିକୁ ମଧ୍ୟ ଅତିକ୍ରମ କରିଯାଇଛି।

## ଡିଜିସିଏର ସତର୍କବାଣୀ; ବଢୁଛି ଏୟାର ଇଣ୍ଡିଆର ସମସ୍ୟା

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ପରେ ଏୟାର ଇଣ୍ଡିଆର ସମସ୍ୟା ଥମିବାର ନାଁ ନେଉନି। ଗୋଟିଏ ପଟେ ଏୟାର ଇଣ୍ଡିଆର ଉଡାଣ ବାତିଲ୍ ହେଉଛି ତ ଅନ୍ୟପଟେ ବୈଷୟିକ ତ୍ରୁଟି ଯୋଗୁ ଉଡାଣ ପୁନଃ କାର୍ଯ୍ୟସୂଚୀ ପ୍ରସ୍ତୁତ ହେଉଛି। ଏଣୁ ଏୟାର ଇଣ୍ଡିଆ ଏବେ ପରିଚାଳନାଗତ ସମସ୍ୟା ମଧ୍ୟରେ ଛନ୍ଦି ହୋଇଯାଇଛି। ଏଥିରେ ଏବେ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ସବୁଠୁ ବଡ଼ ଚେତାବନୀ ଜାରି କରିଛନ୍ତି। ଡିଜିସିଏ ଏୟାର ଇଣ୍ଡିଆକୁ ଚେତାବନୀ ଜାରି କରି କହିଛନ୍ତି ଯେ ଯଦି ବିମାନ ପରିଚାଳନାରେ ଏପରି ସମସ୍ୟା ଜାରି ରୁହେ ବେ ଆଗକୁ ଏୟାର ଲାଇନ୍ସର



ଲାଇସେନ୍ସ ବାତିଲ୍ କରାଯାଇ ପରେ। ନିୟାମକଙ୍କଠୁ ମିଳିଥିବା ଏହି ଚେତାବନୀ ଏୟାରଲାଇନ୍ସର ଭବିଷ୍ୟତକୁ ନେଇ ପ୍ରଶ୍ନ ଚିହ୍ନ ଲଗାଇଛି। ନିକଟରେ ଏୟାର ଇଣ୍ଡିଆ ୩ ବରିଷ୍ଠ ଅଧିକାରୀଙ୍କୁ ସେମାନଙ୍କ ପଦରୁ ହଟାଇଛି। ଏଥିରେ ଏୟାର ଇଣ୍ଡିଆର ଡିଭିଜନାଲ ଭାଇସ୍ ପ୍ରେସିଡେଣ୍ଟ କ୍ରୁ ସିଡ୍ୟୁଲିଂ ମ୍ୟାନେଜର ଓ କ୍ରୁ ସିଡ୍ୟୁଲିଂ ପ୍ଲାନିଂ ଅଫିସରଙ୍କୁ ସେମାନଙ୍କ ପଦରୁ ହଟାଇଯାଇଛି। ରିପୋର୍ଟ ଅନୁସାରେ ଏୟାର ଇଣ୍ଡିଆ ପାଇଲଟ ଡ୍ୟୁଟି ସିଡ୍ୟୁଲିଂ, ପରିଚଳନା ଏବଂ ଗମ୍ଭୀର ଉଲ୍ଲଂଘନ ଜଣାପଡିବା ପରେ ଡିଜିସିଏ ଏପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ବିମାନ ନିୟାମକ ସ୍ପଷ୍ଟ କରିଛନ୍ତି ଯେ ଫ୍ଲାଇଟ୍ ସିଡ୍ୟୁଲିଂ ଅଥବା ଉଡ଼ାଣ ସମୟ ସମ୍ପର୍କିତ କୌଣସି ନିୟମ ଉଲ୍ଲଂଘନ ମାମଲାରେ ଏବେ ଏୟାର ଇଣ୍ଡିଆ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯିବ । ଏହି କାର୍ଯ୍ୟାନୁଷ୍ଠାନରେ ଅପରେଟର ପରମିସନ ବାତିଲ୍ ବି ହୋଇପାରେ। କେବଳ ଏତିକି ନୁହେଁ ଡିଜିସିଏ ଏୟାର ଇଣ୍ଡିଆକୁ ୨୦୨୪ ବର୍ଷରେ କରାଯାଇଥିବା ସବୁ ଇନସ୍ପେକ୍ସନ ଓ ଅଡିଟ ବିବରଣୀ ତୁରନ୍ତ ପ୍ରଦାନ କରିବାକୁ କହିଛନ୍ତି। ସେହିପରି ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣା ପରେ ଡିଜିସିଏ ଦେଶର ପୁରା ବିମାନ ଚଳାଚଳ ପ୍ରଣାଳୀର ୩୬୦ ଡିଗ୍ରି ସ୍କାନିଂ ଆଦେଶ ଦେଇଛନ୍ତି। ଏଥିରେ ବିମାନ ଉଡ଼ାଣ ସଞ୍ଚାଳନ, ରକ୍ଷଣାବେକ୍ଷଣା, ଲାଇସେନ୍ସିଂ, ସୁରକ୍ଷା ପ୍ରବନ୍ଧନ, ପ୍ରଶିକ୍ଷଣ ସଂସ୍ଥାନ, ଏମଆରଓରୁ ଆରମ୍ଭ କରି ଏଟିସି ପର୍ଯ୍ୟନ୍ତ ପୁରା ଯାଞ୍ଚ ହେବ।

## ଡକ୍ଟର ଶିବ ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘର ସହାଧ୍ୟକ୍ଷ ନିର୍ବାଚିତ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ହିନ୍ଦୁସ୍ତାନ ଉର୍ବାରକ ଏବଂ ରସାୟନ ଲିମିଟେଡ୍ (ଏଚ୍‌ୟୁଆର୍‌ଏଲ୍)ର ପରିଚାଳନା ନିର୍ଦ୍ଦେଶକ ଡକ୍ଟର ସିବା ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘ(ଏଫ୍‌ଏଆଇ)ର ସହାଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। ଏ ନେଇ ଏଚ୍‌ୟୁଆର୍‌ଏଲ୍ ପକ୍ଷରୁ ଘୋଷଣା କରାଯାଇଛି। ଏହି ସମ୍ମାନଜନକ ନିଯୁକ୍ତି ସାର କ୍ଷେତ୍ରରେ ସ୍ଥାୟୀ କୃଷି ଏବଂ ନବସୃଜନକୁ ପ୍ରୋତ୍ସାହିତ କରିବାରେ ଡକ୍ଟର ମହାନ୍ତିଙ୍କ ନିରନ୍ତର ନେତୃତ୍ୱକୁ ପ୍ରତିଫଳିତ କରୁଛି। ଏହି ପ୍ରମୁଖ ଭୂମିକାରେ ତାଙ୍କର ନିର୍ବାଚିତ ହେବା ଶିଳ୍ପ ମଧ୍ୟରେ ଗଭୀର ସହଯୋଗ ଏବଂ ରଣନୈତିକ ଅଭିବୃଦ୍ଧି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ସହାଧ୍ୟକ୍ଷ ଭାବରେ ଡକ୍ଟର ମହାନ୍ତି ରାଷ୍ଟ୍ର ପାଇଁ ସନ୍ତୁଳିତ ସାର ବ୍ୟବହାର, ନୀତିଗତ ସମର୍ଥନ ଏବଂ ଖାଦ୍ୟ ସୁରକ୍ଷାର ମିଶନକୁ ଆଗକୁ ବଢ଼ାଇବା ପାଇଁ ଏଫ୍‌ଏଆଇ ସଦସ୍ୟ କମ୍ପାନୀଗୁଡ଼ିକ ସହିତ କାମ କରିବେ।



## ୨୦୨୪-୨୫ରେ ୨.୨୩ ଲକ୍ଷ କୋଟିର ଜିଏସ୍‌ଟି ଚୋରି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

କେନ୍ଦ୍ରୀୟ ପରୋକ୍ଷ ଟିକସ ଏବଂ ସୀମା ଶୁଳ୍କ ବୋର୍ଡ (ସିବିଆଇସି) ୨୦୨୪-୨୫ରେ୨.୨୩

### ତଦନ୍ତ ନିର୍ଦ୍ଦେଶ ଦେଲେ ଅର୍ଥମନ୍ତ୍ରୀ

ଲକ୍ଷ କୋଟି ଟଙ୍କାର ସାମଗ୍ରୀ ଏବଂ ସେବା ଟିକସ (ଜିଏସ୍‌ଟି) ଠକେଇ ଚିହ୍ନଟ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ସିବିଆଇସି ସମ୍ମିଳନୀରେ ଦିଆଯାଇଥିବା ସରକାରୀ ତଥ୍ୟରେ ଏହା ପ୍ରକାଶ ପାଇଛି। ଏହାପରେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏହି ଘଟଣାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

ସମ୍ମିଳନୀରେ ଅଧ୍ୟକ୍ଷତା କରି ଅର୍ଥମନ୍ତ୍ରୀ ସୀମା ଶୁଳ୍କ ଏବଂ ସିଜିଏସ୍‌ଟି ମାମଲାର ତଦନ୍ତ ଶୀଘ୍ର ସମାପ୍ତ କରିବାକୁ, ଟିକସ ଠକେଇ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏବଂ ଜିଏସ୍‌ଟି ପଞ୍ଜିକରଣ ଏବଂ ଅଭିଯୋଗ ସମାଧାନରେ ସମୟୋଚିତ ଉନ୍ନତି ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି। ୨୦୨୩ ଆର୍ଥିକବର୍ଷରେ ପ୍ରାୟ ୬୨.୨୧ ପ୍ରତିଶତ ଜିଏସ୍‌ଟି ଦାତାଙ୍କ ଅଡିଟ୍ କରାଯାଇଥିଲା ଏବଂ ୨୦୨୫ ଆର୍ଥିକ ବର୍ଷରେ ଏହି ସଂଖ୍ୟା ୮୮.୭୪ ପ୍ରତିଶତକୁ ବୃଦ୍ଧି ପାଇଛି। ଅଧିକାରୀମାନେ କହିଛନ୍ତି ଯେ ତିନି ବର୍ଷରେ କୌଣସି କରଦାତାଙ୍କର ଏକାଧିକ ଥର ଅଡିଟ୍ କରାଯାଇନାହିଁ। ରିଫଣ୍ଡରେ ଉନ୍ନତି ବିଷୟରେ ସୂଚନା ଦେଇ କୁହାଯାଇଥିଲା ଯେ ୬୦ ଦିନର ନିର୍ଦ୍ଧାରିତ ଅବଧି ମଧ୍ୟରେ ୮୫ ପ୍ରତିଶତ ଦାବି ସମାଧାନ କରାଯାଇଛି। ୨୦୨୪-୨୫ ମଧ୍ୟରେ ଜିଏସ୍‌ଟିଆର୍-୩ବି ରିଟର୍ଣ୍ଣ ଦାଖଲ କରିବାର ଜାତୀୟ ହାର ୯୪.୩ ପ୍ରତିଶତ ଥିଲା। ଏହି ସମୟରେ, ଅଭିଯୋଗ ସମାଧାନରେ ମଧ୍ୟ ଉନ୍ନତି ଦେଖାଯାଇଛି ଏବଂ ହାରାହାରି ସମାଧାନ ସମୟ ନିର୍ଦ୍ଧାରିତ ୨୧ ଦିନରୁ ହ୍ରାସ ପାଇ ୯ ଦିନ ହୋଇଛି। ବିଜ୍ଞପ୍ତିରେ କୁହାଯାଇଛି, କେନ୍ଦ୍ରୀୟ ସାର୍ବଜନୀନ ଅଭିଯୋଗ ସମାଧାନ ଏବଂ ମନିଟରିଂ ସିଷ୍ଟମ ଉପରେ ୯୫ ରୁ ୯୭ ପ୍ରତିଶତ ଆବେଦନ ୩୦ ଦିନ ମଧ୍ୟରେ ସମାଧାନ କରାଯାଉଛି, ଯାହା ଏକ ଉତ୍କୃଷ୍ଟ ପ୍ରଦର୍ଶନ। ଏହି ପ୍ରଦର୍ଶନ ଗତ ବର୍ଷ ଫେବୃଆରୀଠାରୁ ଏହି ସିଷ୍ଟମରେ ରାଙ୍କିଙ୍ଗରେ ୯୦ ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ମଧ୍ୟରେ ସିବିଆଇସିକୁ ଶୀର୍ଷ ପାଞ୍ଚଟି ସ୍ଥାନରେ ପହଞ୍ଚାଇଛି। ସୀତାରମଣ ବିଭାଗକୁ କରଦାତା ଏବଂ ବାଣିଜ୍ୟ ସଂଗଠନ ମଧ୍ୟରେ ସଚେତନତା ଅଭିଯାନ ବୃଦ୍ଧି କରିବାକୁ କହିଛନ୍ତି। ବିଶେଷକରି ଜିଏସ୍‌ଟି ପଞ୍ଜିକରଣ ପାଇଁ ଆବଶ୍ୟକୀୟ ଡକ୍ୟୁମେଣ୍ଟ ଉପରେ ଅର୍ଥମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି। ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। କ୍ଷମତା ଉପରେ ଭରସା ରଖନ୍ତୁ। ବୈବାହିକ ଜୀବନ ସୁଖମୟ ହେବ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ। ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ନିଜକୁ କମଜୋର ଭାବନ୍ତୁ ନାହିଁ। ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ। ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ। ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ। ପାରିବାରିକ ସୁଖ ଶାନ୍ତି ମିଳିବ। ଯାନବାହନ କ୍ରୟ କରିପାରନ୍ତି।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ। ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଜୀବନସାଥିଙ୍କ ସହଯୋଗ ଲୋଡ଼ିବେ। ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ। ରାଜନେତାଙ୍କ ପାଇଁ ଭଲ ସମୟ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ। ଧନପ୍ରାପ୍ତି ଯୋଗ ରହିଛି। ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ। କିଣା-ବିକାରେ ସମୟ ବିତିବ। ବୈବାହିକ ଜୀବନ ସୁଖମୟ ହେବ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ। ଆୟ ଅନୁସାରେ ବ୍ୟୟ କମ୍ ହେବ। ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି। ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ। ଅକସ୍ମାତ ଖୁସି ଖବର ପାଇବେ। ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ। ବ୍ୟବସାୟରୁ ଲାଭ ପାଇବେ। କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ। ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ। ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି। ଅଧିକ ଚିନ୍ତା କରନ୍ତୁନି। ନୂତନ ବ୍ୟବସାୟ ଆରମ୍ଭ କରିପାରିବେ। ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ମହିଳାମାନେ ଧର୍ମପରାୟଣା ହେବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ। ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ। ପରିବାର ସହିତ କିଛି ସମୟ ବିତାନ୍ତୁ। କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି। ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି। ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ। ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ। ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି। ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି।

## ଆଜିର ଇତିହାସ

- ୧୭୬୧- ମହାନ ମରାଠା ପେଶୱା ବାଲାଜୀ ବାଜିରାଓଙ୍କ ବିୟୋଗ।
- ୧୯୫୩- ଭାରତୀୟ ଜନସଂଘର ସଂସ୍ଥାପକ ଡ.ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଦେହାନ୍ତ।
- ୧୯୮୦- ଇନ୍ଦିରା ଗାନ୍ଧୀଙ୍କ ପୁତ୍ର ସଞ୍ଜୟ ଗାନ୍ଧୀଙ୍କ ବିମାନ ଦୁର୍ଘଟଣାରେ ମୃତ୍ୟୁ।
- ୧୯୯୪-ଉତ୍ତର କୋରିଆ ପରମାଣୁ କାର୍ଯ୍ୟକ୍ରମ ସ୍ଥଗିତ ରଖିବା ପାଇଁ ଘୋଷଣା କଲା।
- ୨୦୧୬- ବ୍ରିଟେନବାସୀ ୟୁରୋପୀୟ ସଂଘରୁ ଅଲଗା ହେବା ସପକ୍ଷରେ ଭୋଟ୍ ଦେଲେ।

## ପାଞ୍ଚ ମିନିଟ୍‌ରେ ଖାଇଲେ ୩୨ଟି ଆମ୍ବ



ସାମାଜିକ ଗଣମାଧ୍ୟମରେ ଅନେକ ସମୟରେ ଫୁଡ୍ ଚ୍ୟାଲେଞ୍ଜର ଭିଡିଓଗୁଡ଼ିକ ଭାଇରାଲ ହୋଇଥାଏ। ଏହି କ୍ରମରେ ବିହାରର ଇଶାନ କୁମାର ମାତ୍ର ପାଞ୍ଚ ମିନିଟ୍‌ରେ ୩୨ଟି ଆମ୍ବ ଖାଇ ଏବେ ଚର୍ଚ୍ଚାରେ ରହିଛନ୍ତି। ବିହାର, ମଧୁବନି ଜିଲ୍ଲାର ସରସୋମ୍ପାହି ଗାଁ ସ୍ଥିତ ସାର୍ ଗଙ୍ଗାନାଥ ଝା ପାଠାଗାରରେ ପ୍ରତିବର୍ଷ 'ମିଥିଳା ଆମ୍ବ ଉତ୍ସବ' ଆୟୋଜିତ ହୋଇଥାଏ। ପ୍ରତିବର୍ଷ ପରି ଚଳିତବର୍ଷ ମଧ୍ୟ ଏହି ଉତ୍ସବକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମନରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା। 'ଆମ୍ବ ଖାଅ ପ୍ରତିଯୋଗିତା'ରେ ଛୋଟ ପିଲାଠୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସମସ୍ତେ ଅଂଶଗ୍ରହଣ କରିଥିଲେ। ଚଳିତବର୍ଷ ଏହି ଆୟୋଜନରେ ଭାଗ ନେଇଥିବା ପ୍ରତିଯୋଗୀଙ୍କ ମଧ୍ୟରୁ ଇଶାନ କୁମାର ମାତ୍ର ୫ମିନିଟ୍ ମଧ୍ୟରେ ୩୨ ଟି ଆମ୍ବ ଖାଇ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସେହିଭଳି ରାଜେଶ ମଣ୍ଡଳ ପାଞ୍ଚ ମିନିଟ୍‌ରେ ୨୬ଟି ଆମ୍ବ ଖାଇ ଦ୍ୱିତୀୟ ସ୍ଥାନରେ ଏବଂ ହର୍ଷ ନାଥ ଝା ୫ ମିନିଟ୍ ୨୨ଟି ଆମ୍ବ ଖାଇ ତୃତୀୟ ସ୍ଥାନ ଅଧିକାର କରିଥିଲେ। ବିଜେତାମାନଙ୍କୁ ପୁରସ୍କାର ଦିଆଯାଇ ସମ୍ମାନିତ କରାଯାଇଥିଲା। ତେବେ ମିଥିଳାରେ ଆୟୋଜିତ ହେଉଥିବା ଏହି ଉତ୍ସବ ପାଇଁ ବିଭିନ୍ନ ସ୍ଥାନରୁ ଆମ୍ବର ଭିନ୍ନ ଭିନ୍ନ କିସମ ଅଣାଯାଇଥାଏ। ଏହାବାଦ୍ ସ୍ଥାନୀୟ ଚାଷୀଙ୍କଠାରୁ ଆମ୍ବ କିଣାଯାଇ ଏହାକୁ ଉତ୍ସବରେ ପ୍ରଦର୍ଶନ କରାଯାଇଥାଏ। ଡିଜିଟାଲ ଦୁନିଆରୁ ଲୋକଙ୍କୁ କିଛି ସମୟ ବାହାର କରି ଆଣିବା ତଥା ପରମ୍ପରାଗତ ଖାଦ୍ୟକୁ ପ୍ରୋତ୍ସାହନ ଦେବା ନିମନ୍ତେ ଏହି ଉତ୍ସବର ଆୟୋଜନ କରାଯାଉଥିବା ଏହାର ଆୟୋଜକମାନେ କହିଛନ୍ତି।

## କିଆରାଙ୍କ ପାଇଁ ଯଶ୍ ନେଲେ ଏହି ନିଷ୍ପତ୍ତି





ବଲିଉଡ୍ ଅଭିନେତ୍ରୀ କିଆରା ଆଡ଼ଭାନୀ ଏବେ ଗର୍ଭବତୀ ଥିବାରୁ କିଛି ଫିଲ୍ମରୁ ସେ ବାଦ୍ ପଡ଼ି ଯାଇଛନ୍ତି। 'ଡନ୍-୩'ରୁ ସେ ବାଦ୍ ପଡ଼ିବା ପରେ ଏବେ ତାଙ୍କ ବଦଳରେ ଏଥିରେ କ୍ରିତି ସାନନ୍ ନଜର ଆସିବେ। ଏହାବାଦ୍ କିଆରା ସାଉଥ୍ ସୁପରଷ୍ଟାର୍ ଯଶ୍‌ଙ୍କ ସହ 'ଟକ୍ସିକ୍' ଫିଲ୍ମରେ ନଜର ଆସିବେ। ଏହି ଫିଲ୍ମର କିଛି ଅଂଶ ସୁଟ୍ କରାଯାଇଥିଲେ ବି ଅଧାରୁ ଅଧିକ ସୁଟିଂ ବାକି ଅଛି। ତେବେ ଯଶ୍, କିଆରା ଗର୍ଭବତୀ ଥିବା କଥା ଜାଣି ଫିଲ୍ମକୁ ନେଇ ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି। ଫିଲ୍ମର ସୁଟିଂ ବେଙ୍ଗାଲୁରୁରେ ହେଉଥିଲା। ଯଶ୍ କିଆରାଙ୍କ ପାଇଁ ଏବେ ଏହାର ସେଟ୍ ମୁମ୍ବାଇରେ କରିବାକୁ ନିର୍ଦ୍ଦେଶକ ଗୀତୁ ମୋହନଦାସ ଓ ପ୍ରଯୋଜକ ଭେଙ୍କଟ କେ. ନାରାୟଣଙ୍କୁ ଅନୁରୋଧ କରିଛନ୍ତି। କିଆରାଙ୍କୁ ଯେମିତି ଯାତ୍ରା କରିବା ଯୋଗୁଁ କୌଣସି ଅସୁବିଧା ନ ହେବ ଯଶ୍ ଏପରି କରିଥିବା ଜଣାପଡ଼ିଛି। ଏହା ୧୯ ମାର୍ଚ୍ଚ, ୨୦୨୬ରେ ରିଲିଜ୍ ହେବ। ଏହି ଆକ୍ସନ-ଆଡଭେଞ୍ଚର ଫିଲ୍ମରେ ହୁମା କ୍ୟୁରେସି, ତାରା ସୂତାରିଆ, ଅକ୍ଷୟ ଓବରୟ ମଧ୍ୟ ନଜର ଆସିବେ। ଏହି ଫିଲ୍ମ ହିନ୍ଦୀ ବ୍ୟତୀତ କନ୍ନଡ଼, ଇଂରାଜୀ ସହ ଅନ୍ୟ ଛଅଟି ଭାଷାରେ ରିଲିଜ୍ ହେବ। ଫିଲ୍ମର ପୋଷ୍ଟର୍‌ରେ ଯଶ୍‌ଙ୍କ ଲୁକ୍ ଦେଖି ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି।

## ମରିବା ପୂର୍ବରୁ ମାଛ ଯନ୍ତ୍ରଣାରେ ଛଟପଟ ହୁଏ



ପ୍ରତିଦିନ ମଣିଷଙ୍କ ଖାଇବା ପାଇଁ ଲକ୍ଷ ଲକ୍ଷ ସଂଖ୍ୟକ ମାଛ ମରାଯାଏ। ମାଛ ମରିବା ପୂର୍ବରୁ ଭୀଷଣ ଯନ୍ତ୍ରଣାରେ ଛଟପଟ ହୋଇଥାଏ ବୋଲି ନିକଟରେ ଏକ ଗବେଷଣାରୁ ପ୍ରକାଶ ପାଇଛି। କେତେକ ମାଛ ମରିବା ପୂର୍ବରୁ ୨-୨୦ ମିନିଟ୍ ପର୍ଯ୍ୟନ୍ତ ଅସହ୍ୟ ଯନ୍ତ୍ରଣାରେ ଛଟପଟ ହୋଇଥାନ୍ତି ବୋଲି ଏହି ଗବେଷଣାରେ କୁହାଯାଇଛି। ତେବେ ଏହି ଗବେଷଣା ରେନ୍‌ବୋ ଟ୍ରାଉଟ୍ ନାମକ ମାଛ ଉପରେ କରାଯାଇଥିଲା। ଏହି ମାଛକୁ ମାରିବା ପାଇଁ ଏୟାର ଆସ୍‌ଫିକ୍ସିଏସନ (ଶ୍ୱାସରୁଦ୍ଧ କରି ମାରିବା) ପଦ୍ଧତିର ସାହାଯ୍ୟ ନିଆଯାଇଥିଲା। ଉକ୍ତ ପ୍ରକ୍ରିୟାରେ ପ୍ରଥମେ ମାଛକୁ ପାଣିରୁ ବାହାର କରାଯାଏ। ଏହାପରେ ମାଛଗୁଡ଼ିକୁ ପବନରେ ଛାଡ଼ି ଦିଆଯାଏ। ଏହି ପ୍ରକ୍ରିୟାରେ ଧୀରେ ଧୀରେ ଅମ୍ଳଜାନ ଅଭାବରୁ ମାଛଟି ଶ୍ୱାସରୁଦ୍ଧ ହୋଇ ମରିଯାଏ। ସେହିପରି ପବନରେ ମାଛଟି କେବଳ ଗୋଟିଏ ମିନିଟ୍ ରହିବା ପରେ ହିଁ ତା'ର ଶରୀରରେ ପ୍ରତିକ୍ରିୟା ଆରମ୍ଭ ହୋଇଯାଏ। ଏହାଦ୍ୱାରା ମାଛର ଯନ୍ତ୍ରଣା ବୃଦ୍ଧି ପାଏ ଏବଂ ଏହା ୨-୨୦ ମିନିଟ୍ ପର୍ଯ୍ୟନ୍ତ ଚାଲେ। ଏହି କାରଣ ଯୋଗୁଁ ମାଛକୁ ଅସହନୀୟ ଯନ୍ତ୍ରଣା ସହିବାକୁ ପଡ଼ିଥାଏ। ସେହିପରି କିଛି ସ୍ଥାନରେ ମାଛକୁ ମାରିବା ପୂର୍ବରୁ ବରଫରେ ରଖାଯାଏ। ହେଲେ ଏହି ଉପାୟ ଅତ୍ୟନ୍ତ ଯନ୍ତ୍ରଣାଦାୟକ। ବରଫରେ ମାଛର ମେଟାବଲିଜିମ୍ ଧୀମା ହୋଇଯାଏ। ଏହାଦ୍ୱାରା ସେମାନେ ଚେତାଶୂନ୍ୟ ହେବା ଲାଗି ଅଧିକ ସମୟ ଲାଗେ। ଫଳରେ ସେମାନଙ୍କର ଯନ୍ତ୍ରଣା ସହିବା ସମୟ ଅଧିକ ହୋଇଯାଏ। ସେହିପରି ଏହି ଗବେଷଣାରେ ଏହାର ସମାଧାନ ସମ୍ପର୍କରେ ବି କୁହାଯାଇଛି। ଇଲେକଟ୍ରିକ୍ ଷ୍ଟନିଂ (ବିଦ୍ୟୁତ୍ ଅଚେତନ ବିଧି)କୁ ଆପଣାଇବା ଦ୍ୱାରା ମାଛର ଯନ୍ତ୍ରଣା କମ୍ ହୋଇଥାଏ ବୋଲି ଏଥିରେ କୁହାଯାଇଛି। ତେବେ ଏହି ଗବେଷଣା ସମୟରେ ଗବେଷକମାନେ ୱେଲଫେୟାର୍ ଫୁଟ୍‌ପ୍ରିଣ୍ଟ ଫ୍ରେମ୍‌ୱାର୍କ ନାମକ ଏକ ବୈଜ୍ଞାନିକ ପଦ୍ଧତିର ସାହାଯ୍ୟ ନେଇଥିଲେ। ଏହାଦ୍ୱାରା ପ୍ରତି ମିନିଟ୍‌ର ଯନ୍ତ୍ରଣାକୁ ଆକଳନ କରାଯାଏ। ତେବେ ଏହି ଗବେଷଣା ମାଛମାନଙ୍କ ପ୍ରତି ମାନବୀୟ ବ୍ୟବହାର ପ୍ରଦର୍ଶନ ପାଇଁ ଆହ୍ୱାନ ସୃଷ୍ଟି କରିଛି।



## ଘୋଷ ଯାତ୍ରା

**ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିରେ ପାଳିତ ହୁଏ ରଥଯାତ୍ରା। ଏହାକୁ 'ଘୋଷ ଯାତ୍ରା', 'ଶ୍ରୀଗୁଣ୍ଡିଚା ଯାତ୍ରା', 'ପତିତପାବନ ଯାତ୍ରା', 'ଆଡ଼ପମଣ୍ଡପ ଯାତ୍ରା', 'ଦଶାବତାର ଯାତ୍ରା' ବୋଲି ମଧ୍ୟ କୁହାଯାଏ। ଓଡ଼ିଶାର ମୁଖ୍ୟ ଯାତ୍ରା ଭାବେ ପୁରୀ ରଥଯାତ୍ରା ବିଶ୍ୱ ପ୍ରସିଦ୍ଧ। ସେହିପରି ଏହା ଜଗନ୍ନାଥ ମନ୍ଦିରରେ ପାଳିତ ଦ୍ୱାଦଶ ଯାତ୍ରା ମଧ୍ୟରେ ପ୍ରଧାନ। ଏହା ପୁରୀ ବ୍ୟତୀତ ବିଭିନ୍ନ ସ୍ଥାନରେ ପାଳିତ ହେଉଛି।**

ମହାପ୍ରଭୁ ଶ୍ରୀଜଗନ୍ନାଥ ବର୍ଷକୁ ଥରେ ରତ୍ନସିଂହାସନ ଛାଡ଼ି ଭକ୍ତଗହଣକୁ ରଥଯାତ୍ରା ଦିନ ଆସନ୍ତି। ରତ୍ନବେଦୀ ଛାଡି ଜନ୍ମବେଦୀକୁ ନବଦିନାତ୍ମକ ଯାତ୍ରାରେ ଯାଇଥାନ୍ତି ଚତୁର୍ଦ୍ଧାମୂର୍ତ୍ତି। ଘଣ୍ଟଘଣ୍ଟା, ଭଜନ କୀର୍ତ୍ତନ କାହାଳିରେ ଝୁଲି ଝୁଲି ଆସି ରଥାରୂଢ଼ ହୋଇଥାନ୍ତି ଶ୍ରୀଜୀଉ। ଏହି ଦିନ ଘଣ୍ଟ, ଶଙ୍ଖ ବାଦରେ ବଡ଼ଦାଣ୍ଡ ପ୍ରକମ୍ପିତ ହୁଏ। ଶ୍ରୀମନ୍ଦିରରୁ ପହଣ୍ଡି ହୋଇ ତିନି ରଥରେ ଶ୍ରୀବିଗ୍ରହ ବିଜେ କରନ୍ତି। ସେହିପରି ରଥ ଉପରେ ମହାପ୍ରଭୁଙ୍କ ଦର୍ଶନ ସହ ରଥ ଟାଣିବାକୁ ଉତ୍କଣ୍ଠାର ସହ ଭକ୍ତମାନେ ଚାହିଁଥାନ୍ତି।

## ମେହେନ୍ଦି ଲଗାଇବାର ମହତ୍ତ୍ୱ

**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଆଷାଢ଼ ମାସରେ ମେହେନ୍ଦି ଲଗାଇବାର ବିଶେଷ ମହତ୍ତ୍ୱ ଅଛି। ମୁଖ୍ୟତଃ ଏହି ମାସରେ ପାଣିପାଗରେ ପରିବର୍ତ୍ତନ ଦେଖାଦିଏ। ଏଣୁ ଏହି ସମୟରେ ମେହେନ୍ଦି ଲଗାଇଲେ ଏହା ଶରୀରକୁ ଶୀତଳତା ପ୍ରଦାନ କରିବା ସହ ମନକୁ ଶାନ୍ତ ରଖେ।**

ଆଷାଢ଼ ମାସରେ ମେହେନ୍ଦି ରଙ୍ଗ ଯେତେ ଗାଢ଼ ହେବ, ଏହା ସେତିକି ଶୁଭ ହୋଇଥାଏ ବୋଲି ବିଶ୍ୱାସ ରହିଛି। ଏହି ରଙ୍ଗ କେବଳ ହାତକୁ ସୁନ୍ଦର କରି ନ ଥାଏ, ଏହାର ସମ୍ବନ୍ଧ ଗ୍ରହ ସହ ବି ଜଡ଼ିତ ଥାଏ। ଜାତକରେ ମଙ୍ଗଳ ଓ ଶୁକ୍ର ଗ୍ରହକୁ ଶାନ୍ତ କରିବା ଲାଗି ମେହେନ୍ଦି ଲଗାଇବା ଶୁଭ। କାରଣ ମଙ୍ଗଳ ଗ୍ରହ ଶକ୍ତି ଓ କ୍ରୋଧ ସହ ସମ୍ବନ୍ଧିତ ଥିବା ବେଳେ ଶୁକ୍ର ଗ୍ରହ ପ୍ରେମ ଏବଂ ସମ୍ପର୍କ ସହ ଜଡ଼ିତ। ତେଣୁ ମେହେନ୍ଦି ଲଗାଇବା ଦ୍ୱାରା ଏହି ଦୁଇ ଗ୍ରହ ସନ୍ତୁଳନରେ ରହେ।

କୁହାଯାଏ, ବିବାହିତା ମହିଳା ଆଷାଢ଼ରେ ମେହେନ୍ଦି ଲଗାଇଲେ ବୈବାହିକ ଜୀବନ ସୁଖମୟ ହୋଇଥାଏ। ଘରେ ଶାନ୍ତି ବଜାୟ ରହେ। ସେହିପରି ମାନ୍ୟତା ଅଛି, ସନ୍ତାନ ପ୍ରାପ୍ତି ଲାଗି ମେହେନ୍ଦି ଲଗାଇବା ଶୁଭ। ଆଷାଢ଼ ମାସରେ ଭଗବାନ ବିଷ୍ଣୁଙ୍କ ପୂଜାର ବିଶେଷ ମହତ୍ତ୍ୱ ଅଛି। ଏହି ମାସରେ ଦେବଶୟନ ଏକାଦଶୀ ବ୍ରତ ପାଳନ କରାଯାଏ। ଏହି ଅବସରରେ ମେହେନ୍ଦି ଲଗାଇବା ଭଲ। ଏହି ସମୟରେ ଭଗବାନ ବିଷ୍ଣୁ ଶୟନ ଅବସ୍ଥାରେ ଥାନ୍ତି। ଏହି ସମୟରେ ଭଗବାନ ବିଷ୍ଣୁଙ୍କୁ ମେହେନ୍ଦି ଅର୍ପଣ କରିବା ଶୁଭ। ଜାତକରେ ନକାରାତ୍ମକ ପ୍ରଭାବ ଅନୁଭୂତ ହେଉଥିଲେ ମେହେନ୍ଦି ଲଗାଇବା ଶୁଭ। ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ମେହେନ୍ଦି ଲଗାଇବାର ଉତ୍ତମ ଦିନ ହେଉଛି ବୁଧବାର ଓ ଶୁକ୍ରବାର।

## ସଂସ୍କୃତି

## ଜନ୍ମବାରରୁ ବ୍ୟକ୍ତିତ୍ୱ



**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଜାତକ, ରାଶି, ଜନ୍ମତିଥିରୁ ଯେଭଳି ଜଣକ ବ୍ୟକ୍ତିତ୍ୱ ଓ ସ୍ୱଭାବ ସମ୍ପର୍କରେ ଜାଣି ହୁଏ। ଠିକ୍ ସେହିପରି ଜନ୍ମବାରରୁ ଜଣଙ୍କ ସ୍ୱଭାବ ଓ ବ୍ୟବହାର ବାବଦରେ ଜାଣିବା ସମ୍ଭବ। ଏହି କ୍ରମରେ କେଉଁ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିଙ୍କ ସ୍ୱଭାବ କିଭଳି ହୋଇଥାଏ, ସେ ସମ୍ପର୍କରେ ଜାଣିବା।**

**ରବିବାର:** ରବିବାର ଜନ୍ମଗ୍ରହଣ କରିଥିବା ବ୍ୟକ୍ତି ଭାଗ୍ୟଶାଳୀ ହୋଇଥାନ୍ତି। ସେମାନଙ୍କଠାରେ ଛୋଟ ପିଲାଙ୍କଠାରୁ ଆରମ୍ଭ କରି ପ୍ରାଣୀଙ୍କୁ ମଧ୍ୟ ନିଜ ପ୍ରତି ଆକର୍ଷିତ କରିବାର କଳା ଥାଏ। ସେହିପରି ଏଭଳି ଲୋକେ ସହଜରେ ସାଙ୍ଗସାଥୀ ଓ ପରିବାର ସଦସ୍ୟଙ୍କୁ ପ୍ରଭାବିତ କରିପାରନ୍ତି। ମୁକ୍ତ ଚିନ୍ତାଧାରାର ହୋଇଥିବା ବେଳେ ସ୍ୱାଧୀନତାକୁ ଭଲପାଆନ୍ତି। ସେହିପରି ଥରେ ଯାହା ନିର୍ଣ୍ଣୟ ନେଇଥାନ୍ତି, ସେମାନେ ସେହି କାମ କରନ୍ତି।

**ସୋମବାର:** ଏହି ବାରରେ ଜନ୍ମିତ ବ୍ୟକ୍ତି ସ୍ୱଭାବରେ ଯତ୍ନବାନ ହୋଇଥାନ୍ତି। ଲୋକଙ୍କୁ ସୁରକ୍ଷିତ ଓ ସହଜ ଅନୁଭବ କରାଇବାକୁ ସେମାନେ ଭଲପାଆନ୍ତି। ଲୋକଙ୍କ ସହ ସହଜରେ ମିଶି ଯାଆନ୍ତି। ତେଣୁ ଲୋକଙ୍କଠାରୁ ଦୂରେଇବା କଷ୍ଟକର ହୁଏ। ଘରେ ରହିବାକୁ ଭଲପାଆନ୍ତି ଏବଂ ଘରେ ହିଁ ସେମାନେ ବାସ୍ତବିକ ଶାନ୍ତିକୁ ଅନୁଭବ କରନ୍ତି।

**ମଙ୍ଗଳବାର:** ଯେଉଁ ବ୍ୟକ୍ତି ମଙ୍ଗଳବାର ଜନ୍ମଗ୍ରହଣ କରିଥାନ୍ତି, ସେମାନେ ଉର୍ଜାବାନ ହୋଇଥାନ୍ତି। ସବୁବେଳେ କିଛି ନୂଆ କରିବାକୁ ପ୍ରସ୍ତୁତ ଥାନ୍ତି। ଏଭଳି ଲୋକଙ୍କ ଗୋଡ଼ ହଲାଇବା ଅଭ୍ୟାସ ଥାଏ। ତେବେ ନୂଆ ଜିନିଷ ସନ୍ଧାନ କରିବାକୁ ପସନ୍ଦ କରନ୍ତି ଏବଂ ବୁଝି ବିଚାରି କଥା କୁହନ୍ତି।

**ବୁଧବାର:** ଯେଉଁମାନେ ବୁଧବାରରେ ଜନ୍ମ ହୋଇଥାନ୍ତି, ସେମାନେ ଯୋଗାଯୋଗ ମାମଲାରେ କୁଶଳୀ ହୋଇଥାନ୍ତି। ଏଭଳି ବ୍ୟକ୍ତିଙ୍କଠାରେ କଥା ମାଧ୍ୟମରେ ଅନ୍ୟକୁ ସହଜରେ ପ୍ରଭାବିତ କରିବାର କ୍ଷମତା ଥାଏ। ବେବେଳେବେଳେ ବେପରୁଆ ମନୋଭାବ ଦେଖାନ୍ତି। ଭ୍ରମଣ ପ୍ରିୟ ହୋଇଥିବା ବେଳେ ଅନ୍ୟମାନଙ୍କଠାରୁ ବେଶି କିଛି ଆଶା ରଖନ୍ତି ନାହିଁ।

**ଗୁରୁବାର:** ଗୁରୁବାର ଜନ୍ମିତ ବ୍ୟକ୍ତି ସୌଭାଗ୍ୟଶାଳୀ ଓ ଉତ୍ତମ ପରାମର୍ଶଦାତା ହୋଇଥାନ୍ତି। ଠିକ୍ ସମୟରେ ଉନ୍ନତି କରିବା ସହ ଖୁସି ଅନୁଭବ କରନ୍ତି। ସେମାନଙ୍କର ଅନ୍ୟତମ ବିଶେଷତ୍ୱ ହେଉଛି, ପରିବାର କଥା ବହୁତ ଚିନ୍ତା କରନ୍ତି। ଏଭଳି ଲୋକ ଶୀଘ୍ର ଏବଂ ସହଜରେ ବିରକ୍ତି ହୋଇଥାନ୍ତି। ତେଣୁ ଜୀବନକୁ ରୋମାଞ୍ଚକର କରିବା ପାଇଁ ନୂଆ ଉପାୟର ଖୋଜନ୍ତି।

**ଶୁକ୍ରବାର:** ଉକ୍ତ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିବିଶେଷ ଆକର୍ଷଣୀୟ ଓ ସୃଜନାତ୍ମକ ହୋଇଥାନ୍ତି। ଆରାମ ଓ ବିଳାସପୂର୍ଣ୍ଣ ଜୀବନ ଜିଇଁବାକୁ ପସନ୍ଦ କରନ୍ତି। ସବୁ କାମରେ ପୂର୍ଣ୍ଣତା ଚାହିଁଥାନ୍ତି। ବିଶେଷକରି ପ୍ରେମ ବ୍ୟାପାରରେ।

**ଶନିବାର:** ଶନିବାର ଜନ୍ମିତ ବ୍ୟକ୍ତି ସ୍ୱଭାବରେ କଠିନ ପରିଶ୍ରମୀ, ବିଶ୍ୱାସଯୋଗ୍ୟ ଏବଂ ଦାୟିତ୍ୱବାନ ହୋଇଥାନ୍ତି। ଯେଉଁ କାମ କରନ୍ତି, ସେଥିରେ ବୁଡ଼ି ରହିବାକୁ ପସନ୍ଦ କରନ୍ତି। ସେମାନଙ୍କରଠାରେ ଉତ୍ତମ ବ୍ୟାବସାୟିକ କଳା ଥାଏ। ସେହିପରି ସ୍ୱଭାବରେ ଲାଜକୁଳା ହୋଇଥିବାରୁ ଏକାକୀ ଓ ଅଲଗା ରହିବାକୁ ଭଲପାଆନ୍ତି। ଏପରିକି ବେଳେ ବେଳେ ପ୍ରେମ ମାମଲାରୁ ଦୂରେଇ ରହନ୍ତି।

## ଉପହାରରେ ଧାର୍ମିକ ଗ୍ରନ୍ଥ

**ଜ୍ୟୋତିଷ ଶାସ୍ତ୍ର ତଥା ପୁରାଣରେ ଦାନର ବିଶେଷ ମହତ୍ତ୍ୱ ଥିବା କୁହାଯାଇଛି। ଉପହାରକୁ ବି ଦାନର ସ୍ୱରୂପ ଭାବେ ବିବେଚନା କରାଯାଏ। ଏହି କ୍ରମରେ ଉପହାରରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ, ଠାକୁରଙ୍କ ମୂର୍ତ୍ତି ଆଦି ପ୍ରଦାନ କରଯାଏ। ତେବେ ଏସବୁ ଦେବା ଠିକ୍ ନା ଭୁଲ୍, ସେ ସମ୍ପର୍କରେ ଜାଣିବା।**



- ଧାର୍ମିକ ଗ୍ରନ୍ଥ ଉପହାରରେ ପ୍ରଦାନ କରିବା ଅତ୍ୟନ୍ତ ପବିତ୍ର। ଏହାକୁ ସାତ୍ୱିକ ଓ ଧାର୍ମିକ ବ୍ୟକ୍ତିଙ୍କୁ ଦିଅନ୍ତୁ।
- ସତକର୍ମ କରୁଥିବା ବ୍ୟକ୍ତିଙ୍କୁ ଭଗବାନଙ୍କ ମୂର୍ତ୍ତି ବା ଭଗବଦ ଗୀତା ଦେବା ଶୁଭ।
- ତେବେ ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ନ ଥିବା ବ୍ୟକ୍ତିବିଶେଷଙ୍କୁ ଏଭଳି ଜିନିଷ ଉପହାରରେ ଦିଅନ୍ତୁ ନାହିଁ।
- ସ୍କନ୍ଦ ପୁରାଣ ଅନୁସାରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ ଭଳି ପବିତ୍ର ଗ୍ରନ୍ଥ ଅପାତ୍ରରେ ଦାନ କରନ୍ତୁ ନାହିଁ।

## ଅଫିସ୍ ବ୍ୟାଗ୍‌ରେ କେଉଁ ଜିନିଷ ରଖିବେ ନାହିଁ

**ସାଧାରଣତଃ ଅଫିସ୍ ବ୍ୟାଗ୍‌ରେ ଅଫିସ୍ ଜିନିଷ ସମେତ କିଛି ନିତ୍ୟବ୍ୟବହାର୍ଯ୍ୟ ଜିନିଷ ରଖାଯାଏ। ଯାହାକି ଜ୍ୟୋତିଷ ଶାସ୍ତ୍ର ଅନୁସାରେ ଠିକ୍ ନୁହେଁ। ତେବେ କେଉଁ ଜିନିଷ ଅଫିସ୍ ବ୍ୟାଗ୍‌ରେ ରଖିବେ ନାହିଁ, ତାହା ନିମ୍ନରେ ପ୍ରଦତ୍ତ କରାଗଲା।**

- ଅଫିସ୍ ବ୍ୟାଗ୍‌ରେ ପାନିଆ, ଟୁଥ୍‌ବ୍ରଶ ଆଦି ରଖନ୍ତୁ ନାହିଁ। ଏଭଳି ଜିନିଷ ରଖିବା ଦ୍ୱାରା ନକାରାତ୍ମକ ଶକ୍ତ ସଞ୍ଚାର ହୁଏ। କ୍ୟାରିୟର ଉନ୍ନତିରେ ହୁଏ ନାହିଁ।
- ଅନେକେ ଅଫିସ୍ ବ୍ୟାଗ୍‌ରେ ଛୋଟ ଛୁରୀ ନଚେତ୍ ନେଲ୍ କଟର ରଖନ୍ତି। ବାସ୍ତୁ ନିୟମ ଦୃଷ୍ଟିରୁ ଏଭଳି କରିବା ଅଶୁଭ। ଏସବୁ ଜିନିଷ ରଖିବା ଦ୍ୱାରା ସହକର୍ମୀଙ୍କ ସହ ବିବାଦ ଉପୁଜେ। ବ୍ୟକ୍ତିତ୍ୱ ପ୍ରଭାବିତ ହେବା ସହ କ୍ୟାରିୟର ବାଧାପ୍ରାପ୍ତ ହୁଏ।
- ସେହିପରି ଅଫିସ୍ ବ୍ୟାଗ୍‌ରେ ଅପରିଷ୍କାର କପଡ଼ା ରଖନ୍ତୁ ନାହିଁ। ଏହା ଦ୍ୱାରା ସ୍ୱଭାବରେ ପରିବର୍ତ୍ତନ ଆସେ। ବିଶେଷକରି ଚିଡଚିଡାପଣ, କ୍ରୋଧ, ଥକ୍କାପଣ ଦେଖା ଦିଏ। ଫଳରେ ଅଫିସ୍ କାର୍ଯ୍ୟରେ ମନ ଲାଗେ ନାହିଁ।

ସକାଳ THE SAKALA
www.sakalaepaper.com

## ବୁମ୍‌ରାଙ୍କ ଘାତକ ବୋଲିଂ, ୯ ୯ ରନ୍‌ରେ ଆଉଟ ହେଲେ ବ୍ରୁକ୍

# ଇଂଲଣ୍ଡ ବିପକ୍ଷରେ ଭାରତ ପ୍ରଥମ ଇନିଂସ ଆଗୁଆ

ଲିଡ୍ସ, ୨୨।୬ (ଏଜେନ୍ସି)



ବିଶ୍ୱର ଶ୍ରେଷ୍ଠ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଫ୍ଲାଟ୍ ପିଚ୍‌ରେ ଚମତ୍କାର ବୋଲିଂ ବଳରେ ଏଠାରେ ଇଂଲଣ୍ଡ ସହ ଚାଲିଥିବା ପ୍ରଥମ ଟେଷ୍ଟରେ ଭ୍ରମଣକାରୀ ଭାରତ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି । ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଭାରତ ପ୍ରଥମ ଇନିଂସରେ ୪୭୧ ରନ୍ କରିଥିଲା । ଜବାବରେ ହ୍ୟାରି ବ୍ରୁକ୍‌ର ୯ ୯ ଓ ଶେଷ ଭାଗ ବ୍ୟାଟରଙ୍କ ଉପଯୋଗୀ ଯୋଗଦାନ ଫଳରେ ତୃତୀୟ ଦିନ ଟି ସୁଦ୍ଧା ଇଂଲଣ୍ଡ ୪୬୫ ରନ୍‌ରେ ଅଲ୍‌ଆଉଟ ହୋଇଯାଇଥିଲା । ଇଂଲଣ୍ଡର ୫ଜଣ ଖେଳାଳିଙ୍କୁ ଆଉଟ କରି ବୁମ୍‌ରା ସର୍ବାଧିକ କ୍ଷତି ଘଟାଇଥିଲେ । କିନ୍ତୁ ତାଙ୍କ ବୋଲିଂରେ ଭାରତୀୟ ଫିଲ୍ଡରମାନେ ମଧ୍ୟ ୪ଟି କ୍ୟାଚ୍ ହାତଛଡ଼ା କରିଥିଲେ । ଅନ୍ୟ ଦୁଇ ପେସ ବୋଲର ପ୍ରସିଦ୍ଧ କ୍ରିଷ୍ଣା ୩ଟି ଓ ମହମ୍ମଦ୍ ସିରାଜ ୨ଟି ୱିକେଟ ପାଇଥିଲେ । ଏହା ଫଳରେ ଇଂଲଣ୍ଡ ଇନିଂସରେ ସମସ୍ତ ୧୦ଟି ଯାକ ୱିକେଟ ପେସ୍ ବୋଲରଙ୍କୁ ମିଳିଥିଲା । ଫିଲ୍ଡରମାନେ କ୍ୟାଚ୍ ହାତଛଡ଼ା କରିବା, ପିଚ୍ ଟର୍ଣ୍ଣ ନେବା ଓ ମେଘୁଆ ପାଗରେ ଭାରତୀୟମାନଙ୍କୁ ବ୍ୟାଟିଂ କରିବା କଷ୍ଟକର ହୋଇପାରେ । ଶେଷ ଖବର ସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ୧ ୱିକେଟ୍ ହରାଇ ୪୫ ରନ୍ କରିଛି । ଏହି ସମୟରେ ରାହୁଲ ୨୪ ଓ ସୁଦର୍ଶନ ୧୬ ରନ୍‌ରେ ବ୍ୟାଟିଂ କରୁଥିଲେ ।

### ■ ଇଂଲଣ୍ଡକୁ ସମ୍ଭାଳିଲେ ହ୍ୟାରୀ ବ୍ରୁକ୍

ଏଠାରେ ଇଂଲଣ୍ଡ ମ୍ୟାଚ୍‌ର ତୃତୀୟ ଦିନ ୩ ୱିକେଟରେ ୨୦୯ ରନ୍‌ରୁ ସତର୍କତାର ସହ ଖେଳିଥିଲା । ପୂର୍ବଦିନ ଶତକ ହାସଲ କରିଥିବା ଓଲି ପୋପ ଆଉ ୬ ରନ୍ କରିବା ପରେ ୧୦୬ ରନ୍ କରି ପ୍ରଥମ ଖେଳାଳି ଭାବେ ଆଉଟ ହୋଇଥିଲେ । କିନ୍ତୁ ଶୂନ୍ ରନ୍‌ରେ ଅପରାଜିତ ଥିବା ଇଂଲଣ୍ଡ ସୀମିତ ଓଭର ଅଧିନାୟକ ହ୍ୟାରୀ ବ୍ରୁକ୍ ଚମତ୍କାର ଭଙ୍ଗୀରେ ଭାରତୀୟ ବୋଲରଙ୍କୁ ଆକ୍ରମଣ କରିବା ସହ ଶେଷ ଭାଗ ଖେଳାଳିଙ୍କ ସହାୟତାରେ ଦ୍ରୁତ ରନ୍ ସଂଗ୍ରହ କରିଥିଲେ । ସେ ଖାତା ଖୋଲିବା ପୂର୍ବରୁ କଟ୍ ହୋଇଥିଲେ । କିନ୍ତୁ ତାହା ନୋ ବଲ ଥିଲା । ସେହିପରି ସେ ୮୩ ରନ୍ କରିଥିଲାବେଳେ ବୁମ୍‌ରାଙ୍କ ବୋଲିଂରେ ଯଶସ୍ୱୀ ଜୟସ୍ୱାଲ ଗଲି ଅଞ୍ଚଳରେ ତାଙ୍କ କ୍ୟାଚ୍ ହାତଛଡ଼ା କରିଥିଲେ । ବ୍ରୁକ୍ କିନ୍ତୁ ଶତକ ହାସଲ କରି ପାରି ନ ଥିଲେ । ସେ ୯ ୯ ରନ୍ କରିଥିଲାବେଳେ କ୍ରିଷ୍ଣାଙ୍କ ବୋଲିଂରେ ଦେଇଥିବା ସୁଯୋଗକୁ ଶାର୍ଦ୍ଦୁଳ ଠାକୁର କ୍ୟାଚ୍ ନେଇ ଆଉଟ କରିଥିଲେ । ତାଙ୍କୁ ସୁଯୋଗ ଦେବା କେତେ ମହଙ୍ଗା ହେବ ତାହା ପରେ ଜଣାପଡ଼ିବ । ଇଂଲଣ୍ଡର ଅନ୍ୟ ଖେଳାଳିମାନେ ମଧ୍ୟ ଉପଯୋଗୀ ସହାୟତା ଦେଇଥିଲେ । ସେମାନଙ୍କ ମଧ୍ୟରୁ ୱିକେଟରକ୍ଷକ ଜେମି ସ୍ମିଥ ୫୨ ବଲ୍ ଖେଳି ୪୦, କ୍ରିସ୍ ଓକ୍ସ ୫୫ ବଲ୍ ଖେଳି ୩୮ ଓ ବ୍ରାଇଡନ କାର୍ସ ୨୩ ବଲ୍‌ରୁ ୨୨ ରନ୍ ସଂଗ୍ରହ କରିବା ଫଳରେ ଭାରତଠାରୁ ଇଂଲଣ୍ଡ ମାତ୍ର ୬ ରନ୍ ପଛରେ ରହିଥିଲା ।

### ■ ବୁମ୍‌ରାଙ୍କ ବୋଲିଂରେ ୪ଟି କ୍ୟାଚ୍ ଡ୍ରପ୍

ଏହି ଟେଷ୍ଟରେ ଇଂଲଣ୍ଡ ପ୍ରଥମ ଇନିଂସରେ ଭାରତର ଷ୍ଟ୍ରାଇକ୍ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ବୋଲିଂରେ ଫିଲ୍ଡରମାନେ ୪ଟି କ୍ୟାଚ୍ ଡ୍ରପ୍ କରିଛନ୍ତି । ଏହାର ଫାଇଦା ନିଶ୍ଚିତଭାବେ ଇଂଲଣ୍ଡକୁ ମିଳିଛି । ଏହି ୪ଟି ମଧ୍ୟରୁ ଯୁବ ଖେଳାଳି ଯାଓ୍ୱୀ ଜୟସ୍ୱାଲ ୩ଟି ଓ ଅଲରାଉଣ୍ଡର ରବୀନ୍ଦ୍ର ଜାଡେଜା ଗୋଟିଏ କ୍ୟାଚ୍ ଡ୍ରପ୍ କରିଥିଲେ । ଖେଳର ଦ୍ୱିତୀୟ ଦିନ ୩ଟି ଓ ତୃତୀୟ ଦିନ ଗୋଟିଏ କ୍ୟାଚ୍ ଡ୍ରପ୍ ହୋଇଥିଲା । କ୍ୟାଚ୍ ଡ୍ରପ୍ ଖେଳର ଏକ ଅଂଶବିଶେଷ ହୋଇପାରେ, କିନ୍ତୁ ଘରୋଇ ମାଟିରେ ଖେଳୁଥିବା ଇଂଲଣ୍ଡ ଏଥିରୁ କେତେ ଫାଇଦା ଉଠାଇବ ତାହା ସମୟ କହିବ । କ୍ୟାଚ୍ ଡ୍ରପ୍ ସତ୍ତ୍ୱେ ବୁମ୍‌ରା ଏହି ସର୍ବାଧିକ ୫ଟି ୱିକେଟ ନେଇଥିଲେ । ଟେଷ୍ଟ କ୍ରିକେଟର ଗୋଟିଏ ଇନିଂସରେ ସେ ଏହାକୁ ମିଶାଇ ୧୪ଥର ସକାଶେ ଏହି ସଫଳତା ପାଇଛନ୍ତି । ତାହା ମଧ୍ୟରୁ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ୩ଟି ଓ ମହମ୍ମଦ୍ ସିରାଜଙ୍କ ଖାତାରେ ୨ଟି ରହିଛି ।

### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ**: ୪୭୧ (ଗିଲ-୧୪୭, ପନ୍ତ-୧୩୪, ଜୟସ୍ୱାଲ-୧୦୧, ଷ୍ଟୋକ୍ସ-୪/୬୬, ଟଙ୍ଗ୍-୪/୮୬) ।
**ଇଂଲଣ୍ଡ ପ୍ରଥମ ଇନିଂସ** : ୪୬୫ (ପୋପ୍-୧୦୬, ବ୍ରୁକ୍-୯ ୯, ଡକେଟ-୬୨, ବୁମ୍‌ରା-୫/୮୩, କ୍ରିଷ୍ଣା-୩/୧୨୮, ସିରାଜ-୨/୧୨୨) ।
**ଭାରତ ଦ୍ୱିତୀୟ ଇନିଂସ** : ୪୫/୧ (ରାହୁଲ-୨୪*, ସୁଦର୍ଶନ-୧୬*, କାର୍ସ-୧/୨୭) ।

## ଗୋଟିଏ ଟେଷ୍ଟରେ ଦୁଇଥର କଳାବ୍ୟାଜ୍ ପିନ୍ଧିଲେ ଖେଳାଳି

ଲିଡ୍ସ, ୨୨।୬ (ଏଜେନ୍ସି): ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନରେ ଖେଳାଳିମାନେ କଳାବ୍ୟାଜ ପିନ୍ଧି ଖେଳିଥିଲେ । ଆଜି ଇଂଲଣ୍ଡର ପୂର୍ବତନ ଫାଷ୍ଟ ବୋଲର ତଥା ବ୍ରିଟେନରେ ଜନ୍ମିତ ପ୍ରଥମ କୃଷ୍ଣକାୟ କ୍ରିକେଟର ଡେଭିଡ ଲରେନ୍ସଙ୍କ ୬୧ ବର୍ଷରେ ବିୟୋଗ ହୋଇଥିଲା । ତାଙ୍କ ଅମର ଆତ୍ମାକୁ ସମ୍ମାନ ଜଣାଇ ଆଜି ଉଭୟ ଦଳର ଖେଳାଳିମାନେ ହାତରେ କଳାବ୍ୟାଜ୍ ପିନ୍ଧି ଖେଳିଥିଲେ । ଏହା ପୂର୍ବରୁ ଭାରତର ଅହମ୍ମଦାବାଦ୍‌ରେ ଅନୁଷ୍ଠିତ ବିମାନ ଦୁର୍ଘଟଣାରେ ମୃତାହତଙ୍କୁ ସମ୍ମାନ ଜଣାଇ ଉଭୟ ଦଳର ଖେଳାଳିମାନେ ମଧ୍ୟ କଳା ବ୍ୟାଜ୍ ପିନ୍ଧି ଖେଳିଥିଲେ । ନିକଟ ଅତୀତରେ ଗୋଟିଏ ଟେଷ୍ଟରେ ଦୁଇଥର ଖେଳାଳି କଳାବ୍ୟାଜ୍ ପିନ୍ଧି ଖେଳିଛନ୍ତି ।

● ଫିଫା କ୍ଲବ୍ ବିଶ୍ୱକପ୍

## ପ୍ରି-କ୍ୱାର୍ଟରରେ ଡର୍ଟମଣ୍ଡ

ସିନ୍ସିନାଟି, ୨୨।୬ (ଏଜେନ୍ସି): ଜର୍ମାନୀର ପ୍ରସିଦ୍ଧ କ୍ଲବ୍ ବୋରୁସିଆ ଡର୍ଟମଣ୍ଡ ୪-୩ ଗୋଲ୍‌ରେ ଦକ୍ଷିଣ ଆଫ୍ରିକୀୟ ଚାମ୍ପିଅନ ମାମେଲୋଡି ସନ୍‌ଡାଉନ୍‌କୁ ପରାସ୍ତ କରି ଗ୍ରୁପ୍-ଏଫ୍‌ର ଶୀର୍ଷସ୍ଥାନକୁ ଉନ୍ନୀତ ହୋଇଛି । ବିଜୟୀ ଦଳ ପକ୍ଷରୁ ଫେଲିକ୍ସ ନେମ୍‌ଚା, ସେରହୋ ଗୁଇରାସି ଓ ଜୋବ୍ ବେଲିଙ୍ଗ୍‌ହାମ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ । ସନ୍‌ଡାଉନର ଗୋଟିଏ ଆତ୍ମଘାତୀ ଗୋଲ ଡର୍ଟମଣ୍ଡକୁ ବିଜୟୀ କରାଇଥିଲା । ବ୍ରିଟିଶ କ୍ଲବ୍ ଚେଲସିକୁ ୩-୧ ଗୋଲରେ ପରାସ୍ତ କରି ଫ୍ଲେମେଙ୍ଗୋ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛି ।

### ୭୮ତମ ଜାତୀୟ ସିନିଅର ଜଳକ୍ରୀଡ଼ା ଉଦ୍‌ଘାଟିତ

## ଓଡ଼ିଶା ପାଇଁ ସ୍ୱର୍ଣ୍ଣ ଜିତିଲେ ସ୍ରିଷ୍ଟି

ଭୁବନେଶ୍ୱର,୨୨।୬ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମସ୍ଥିତ ଇଣ୍ଡୋର ଆକ୍ୱାଟିକ ସେଣ୍ଟରରେ ରବିବାରଜାତୀୟସିନିଅରଜଳକ୍ରୀଡ଼ାଚାମ୍ପିଅନସିପ୍‌ର ୭୮ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି । ଏହି ସମ୍ମାନଜନକ ସନ୍ତରଣ ପ୍ରତିଯୋଗିତାରେ




ଆୟୋଜକ ଓଡ଼ିଶା ପ୍ରଥମ ଦିନରେ ସ୍ୱର୍ଣ୍ଣିମ ସଫଳତା ପାଇଛି । ସ୍ରିଷ୍ଟି ଉପାଧ୍ୟାୟ ଘରୋଇ ଦର୍ଶକଙ୍କ ସାମ୍ନାରେ ଏହି ସ୍ୱର୍ଣ୍ଣପଦକ ସଫଳତା ଆଣିଛନ୍ତି । ରବିବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ୧୦୦ ମିଟର ବଟରଫ୍ଲାଏ ଇଭେଣ୍ଟର ଫାଇନାଲରେ ସ୍ରିଷ୍ଟି ୧ ମିନିଟ୍ ୦୩.୫୦ ସେକେଣ୍ଡରେ ଫିନିଶ୍ କରି ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲେ । ରେଲୱେ ସ୍ପୋର୍ଟ୍ସ ପ୍ରମୋସନ ବୋର୍ଡ (ଆର୍‌ଏସ୍‌ପିବି)ର ଆସ୍ଥା ଚୌଧୁରୀ ଓ କର୍ଣ୍ଣାଟକର ଧିନିଧି ଦେଶିଂହୁ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଥିଲେ । ସବୁଠୁ ଉଲ୍ଲେଖନୀୟ କଥା ହେଉଛି ଅଲିମ୍ପିଆନ ଧିନିଧିଙ୍କୁ ପଛରେ ପକାଇ ସ୍ରିଷ୍ଟି ଏହି ସଫଳତା ପାଇଛନ୍ତି । ୧୫ ବର୍ଷୀୟା ଧିନିଧି ଗତବର୍ଷ ପ୍ୟାରିସ ଅଲିମ୍ପିକ୍ସରେ ଅଂଶଗ୍ରହଣ କରିଥିଲେ । ସେ ପ୍ୟାରିସରେ ଦେଶର ସର୍ବକନିଷ୍ଠ ଅଲିମ୍ପିଆନ ହେବାର ସୌଭାଗ୍ୟ ଲାଭ କରିଥିଲେ । ସେହିଭଳି ଓଡ଼ିଶାର ଅନ୍ୟତମ ଜଣାଶୁଣା ସନ୍ତରଣକାରୀ ମନ୍ନତା ମିଶ୍ର ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ । ସେ ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟ୍ରୋକ୍ ଫାଇନାଲକୁ ୨ ମିନିଟ୍ ୪୧.୪୩ ସେକେଣ୍ଡରେ ଫିନିଶ କରି ୪ର୍ଥ ସ୍ଥାନରେ ରହିଥିଲେ । ଏହି ଇଭେଣ୍ଟରେ ଅନ୍ୟତମ ଓଡ଼ିଆ ସନ୍ତରଣକାରୀ ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ (୨:୪୨.୯୮) ୬ଷ୍ଠ ସ୍ଥାନରେ ରହିଥିଲେ । ଆର୍‌ଏସ୍‌ପିବିର ହର୍ଷିତା ଜୟରାମ (୨:୩୭.୭୨) ଏଥିରେ ସ୍ୱର୍ଣ୍ଣପଦକ ଜିତିଥିଲେ ।

ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା । ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ । ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା । ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ ।

## ଟି-୨୦ ବିଶ୍ୱକପ୍‌କୁ କାନାଡାର ଯୋଗ୍ୟତା

ଓଣ୍ଟାରିଓ, ୨୨।୬ (ଏଜେନ୍ସି): ପୁରୁଷ ଟି-୨୦ ବିଶ୍ୱକପ୍‌ର ଆଗାମୀ ସଂସ୍କରଣକୁ ୧୩ତମ ଦଳ ଭାବେ କାନାଡା ଯୋଗ୍ୟତା ଅର୍ଜନ କରିଛି । ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣ ୨୦୨୬ରେ ଖେଳାଯିବ । କାନାଡା ପୂର୍ବରୁ ଦୁଇ ଆୟୋଜକ ଭାରତ ଓ ଶ୍ରୀଲଙ୍କା ସମେତ ଆଫଗାନିସ୍ତାନ, ଅଷ୍ଟ୍ରେଲିଆ, ବାଂଲାଦେଶ, ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ଆମେରିକା, ୱେଷ୍ଟଇଣ୍ଡିଜ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ ଓ ପାକିସ୍ତାନ ଯୋଗ୍ୟତା ଅର୍ଜନ କରିଥିଲେ । ଏଥିପୂର୍ବରୁ ୨୦୨୪ରେ ଆମେରିକାରେ ଅନୁଷ୍ଠିତ ସଂସ୍କରଣକୁ କାନାଡା ଯୋଗ୍ୟତା ଅର୍ଜନ କରିଥିଲା । ଏଥିରେ ଗ୍ରୁପ୍ ପର୍ଯ୍ୟାୟର ୪ଟି ମ୍ୟାଚରୁ କେବଳ ଆୟର୍ଲାଣ୍ଡ ବିପକ୍ଷରେ କାନାଡା ବିଜୟ ହାସଲ କରିଥିଲା ।

● ଜାତୀୟ ସିନିଅର ବଧିର କ୍ରୀଡ଼ା

## ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳକୁ ୩ ପଦକ



ଭୁବନେଶ୍ୱର, ୨୨।୬ (ସମିସ): ଉତ୍ତର ପ୍ରଦେଶର କାନପୁରଠାରେ ଅନୁଷ୍ଠିତ ୨୭ତମ ଜାତୀୟ ସିନିଅର ବଧିର କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳ ୩ଟି ପଦକ ବିଜୟୀ ହୋଇଛି । ଯେଉଁଥିରେ ୨ଟି ରୌପ୍ୟ ଓ ଗୋଟିଏ କାଂସ୍ୟ ପଦକ ରହିଛି । ଓଡ଼ିଶା ପାଇଁ ମଣ୍ଡଳ ନାୟକ ୮୦ କିଗ୍ରାରୁ କମ୍ ବର୍ଗ ଓ ଶୁଭମ ହେମ୍ବ୍ରମ ୬୯ କିଗ୍ରାରୁ କମ୍ ବର୍ଗରେ ରୌପ୍ୟ ପଦକ ହାସଲ କରିଥିଲେ । ସେହିଭଳି ୫୮ କିଗ୍ରା ବର୍ଗରେ ମନୋଜ ଦାସ କାଂସ୍ୟପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଛନ୍ତି ।

### ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକି

## ଅଷ୍ଟ୍ରେଲିଆକୁ ହରାଇଲା ଭାରତ

ବର୍ଲିନ, ୨୨।୬ (ଏଜେନ୍ସି): ଜର୍ମାନୀର ରାଜଧାନୀ ବର୍ଲିନରେ ଚାଲିଥିବା ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକିରେ ଭାରତୀୟ ଦଳ ଦ୍ୱିତୀୟ ମୁକାବିଲାରେ ଦମ୍‌ଦାର ବିଜୟ ହାସଲ କରିଛି । ରବିବାର ଖେଳାଯାଇଥିବା ଏକ ମ୍ୟାଚରେ ଭାରତ ୩-୧ ଗୋଲ୍‌ରେ ଶକ୍ତିଶାଳୀ ଅଷ୍ଟ୍ରେଲିଆକୁ ମାତ୍ ଦେଇଛି । ପ୍ରତିଯୋଗିତାରେ ଭାରତର ଏହା ପ୍ରଥମ ବିଜୟ । ପୂର୍ବରୁ ପ୍ରଥମ ମ୍ୟାଚରେ ଘରୋଇ ଜର୍ମାନୀ ନିକଟରୁ ୭-୧ ଗୋଲ୍‌ରେ ଭାରତ ପରାସ୍ତ ହୋଇଥିଲା । ଭାରତ ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ସ୍ପେନକୁ ଭେଟିବ । ରବିବାର ଖେଳାଯାଇଥିବା ଏହି ମ୍ୟାଚର ୧୫ତମ ମିନିଟ୍‌ରେ ଶ୍ରଦ୍ଧାନନ୍ଦ ତିୱାରୀଙ୍କ ଗୋଲ୍ ବଳରେ ଭାରତ ପ୍ରଥମାର୍ଦ୍ଧରେ ୧-୦ରେ ଅଗ୍ରଣୀ ରହିଥିଲା । ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୩ୟ କ୍ୱାର୍ଟରରେ ଭାରତ ଆଉ ଦୁଇଟି ଗୋଲ୍ ଦେଇଥିଲା । ୩୬ତମ ମିନିଟ୍‌ରେ ସୌରଭ ଆନନ୍ଦ ଖୁସୱାହ ଓ ୪୩ତମ ମିନିଟ୍‌ରେ ଅମିର ଅଲି ଏହି ଦୁଇଟି ଗୋଲ୍ ଦେଇଥିଲେ । ଫଳରେ ତୃତୀୟାର୍ଦ୍ଧ ସୁଦ୍ଧା ୩-୦ରେ ଭାରତ ଏକପାଖିଆ ଅଗ୍ରଣୀ ରହି ପ୍ରଭାବ ବିସ୍ତାର କରିଥିଲା । ତେବେ ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଅଷ୍ଟ୍ରେଲିଆ ପାଇଁ ଓଲିଭର ୱିଲ୍ ଗୋଟିଏ ଗୋଲ୍ ଶୁଝାଇଦେଇଥିଲେ ମଧ୍ୟ ଦଳକୁ ୩-୧ରେ ପରାଜୟରୁ ରକ୍ଷା କରିପାରି ନ ଥିଲେ । ଆୟୋଜକ ଜର୍ମାନୀ ବ୍ୟତୀତ ଭାରତ, ଅଷ୍ଟ୍ରେଲିଆ ଓ ସ୍ପେନ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରୁଛନ୍ତି । ରାଉଣ୍ଡ-ରବିନ୍ ଫର୍ମାଟ୍‌ରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ । ଏହାପରେ ସର୍ବାଧିକ ପଏଣ୍ଟ ରଖିଥିବା ଦୁଇ ଦଳ ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ ।

## ସର୍ବନିମ୍ନ ସ୍ଥାନରେ ଭାରତୀୟ ମହିଳା ଦଳ

### ଏଫ୍‌ଆଇଏଚ୍ ପ୍ରୋ ଲିଗ୍

ଅନ୍ତୱର୍ପ,୨୨।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୟୁରୋପ୍ ଲେଗ୍ (ଚରଣ)ରେ ଏହାର ପରାଜୟଧାରା ଜାରି ରଖିଛି । ରବିବାର ଏଠାରେ ଅନୁଷ୍ଠିତ ଏକ ମ୍ୟାଚରେ ଘରୋଇ ବେଲ୍‌ଜିୟମ ମହିଳା ଦଳ ୨-୦ ଗୋଲ୍‌ରେ ଭାରତକୁ ପରାସ୍ତ କରିଛି । ମ୍ୟାଚର ପ୍ରଥମାର୍ଦ୍ଧ ଗୋଲ୍‌ଶୂନ୍ୟ ରହିଥିଲା । ଦ୍ୱିତୀୟାର୍ଦ୍ଧରେ ଆମ୍ବ୍ରେ ବାଲେଙ୍ଗଇନ ଓ ଲିଏନ ହିଲ୍‌ୱର୍ଟ ଗୋଟିଏ ଲେଖାଏ ଗୋଲ୍ ଦେଇ ବେଲ୍‌ଜିୟମକୁ ବିଜୟୀ କରାଇଥିଲେ । ପୂର୍ବରୁ ଶନିବାର ମଧ୍ୟ ଭାରତୀୟ ମହିଳା ଦଳ ୧-୫ ଗୋଲ୍‌ରେ ବେଲ୍‌ଜିୟମଠାରୁ ହାରିଥିଲା । ଫଳରେ ପ୍ରୋ ଲିଗ୍‌ର ୟୁରୋପ୍ ଚରଣରେ ଭାରତ କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି । ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୧୪ ମ୍ୟାଚରୁ ୯ ପରାଜୟ ସହ ୧୦ ପଏଣ୍ଟ ପାଇ ୯ ଦଳୀୟ ଟେବଲ୍ ତାଲିକାର ସର୍ବନିମ୍ନ ସ୍ଥାନକୁ ଖସିଯାଇଛି । ଭାରତ ଏହାର ଶେଷ ଦୁଇ ମ୍ୟାଚରେ ଚାଇନା ବିପକ୍ଷରେ ଖେଳିବ । ଯଦି ଉଭୟ ମ୍ୟାଚ୍‌ରେ ଚାଇନା ବିପକ୍ଷରେ ବିଜୟୀ ହୁଏ ତେବେ ପ୍ରୋ ଲିଗ୍‌ର ପରବର୍ତ୍ତୀ ସଂସ୍କରଣରେ ଖେଳିବାର ଆଶା ଉଜ୍ଜୀବିତ ରଖିବ । କିନ୍ତୁ ଯଦି ପରାଜୟବରଣ କରି ପଏଣ୍ଟ ଟେବଲ୍‌ର ସର୍ବନିମ୍ନ ସ୍ଥାନରେ ରୁହେ ତେବେ ଏଫ୍‌ଆଇଏଚ୍ ପ୍ରୋ ଲିଗର ୨୦୨୫-୨୬ ସଂସ୍କରଣରୁ ବାଦ୍ ପଡ଼ିବ ।

ଅପରପକ୍ଷରେ ଭାରତୀୟ ପୁରୁଷ ଦଳ ମଧ୍ୟ ବେଲ୍‌ଜିୟମ ସହ ମୁକାବିଲା କରିଛି । ଶେଷ ଖବର ସୁଦ୍ଧା ୩ୟ କ୍ୱାର୍ଟର ଜାରି ରହିଥିବାବେଳେ ଉଭୟ ଦଳ ୨ଟି ଲେଖାଏ ଗୋଲ୍ ଦେଇଛନ୍ତି । ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତ ୧୫ ମ୍ୟାଚରୁ ୧୦ ପରାଜୟ ସହ ୮ମ ସ୍ଥାନରେ ରହିଛି ।

### ରାଜ୍ୟ ଓପନ୍ ଚେସ୍

## ଲବ୍ୟଜ୍ୟୋତିଙ୍କୁ ଟାଇଟଲ୍



ଭୁବନେଶ୍ୱର, ୨୨।୬ (ସମିସ): କେନ୍ଦ୍ରାପଡ଼ାର ଲବ୍ୟଜ୍ୟୋତି ରାଉତରାୟ ଏଠାରେ ରବିବାର ଅନୁଷ୍ଠିତ ଚତୁର୍ଥ ଅଲେଖ ଚନ୍ଦ୍ର ଦେବତା ସ୍ମାରକୀ ଚେସ୍ ପ୍ରତିଯୋଗିତାରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି । ଓଡ଼ିଶା ରାଜ୍ୟ ଚେସ ସଂଘ ଦ୍ୱାରା କେଶୁରା ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ଅନୁଷ୍ଠିତ ଏହି ଟୁର୍ଣ୍ଣାମେଣ୍ଟରେ ଲବ୍ୟଜ୍ୟୋତି ଓ ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର ସମାନ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ । କିନ୍ତୁ ଲବ୍ୟଜ୍ୟୋତି ପ୍ରଥମ ଓ ଶୁଭେନ୍ଦୁ ଦ୍ୱିତୀୟ ସ୍ଥାନରେ ରହିଥିଲେ । ଏମାନଙ୍କ ପଛକୁ ୪ଜଣ ଖେଳାଳି ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ । ସେମାନେ ହେଲେ ଜଟଣୀର ସ୍ଥିତପ୍ରଜ୍ଞ ସାହୁ, କଟକର ପ୍ରତ୍ୟୁଷ ମହାପାତ୍ର, ଭୁବନେଶ୍ୱରର ବିନୀତ ନାୟକ ଓ ଜଟଣୀର ରଶ୍ମିରଞ୍ଜନ ପାତ୍ର ଯଥାକ୍ରମେ ଦ୍ୱିତୀୟରୁ ଷଷ୍ଠ ସ୍ଥାନ ଅଧିକାର କରିଥିଲେ । ଖେଳଶେଷରେ ସିଡ୍ରିମ୍‌ଜର ଏମ୍‌ଡି ଚିତ୍ତରଞ୍ଜନ ଦେବତା ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ । ଆୟୋଜକ ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲେ ।

### ମାଷ୍ଟର୍ସ କପ୍ ହକି

## ଓଡ଼ିଶା-ଆନ୍ଧ୍ର କ୍ୱାର୍ଟର ଫାଇନାଲ୍ ଆଜି

ଭୁବନେଶ୍ୱର, ୨୨।୬ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ଚେନ୍ନଇରେ ଚାଲିଥିବା ପ୍ରଥମ ମାଷ୍ଟର୍ସ କପ୍‌ର ପୁରୁଷ ବିଭାଗ କ୍ୱାର୍ଟର ଫାଇନାଲ ସୋମବାର ଖେଳାଯିବ । ଓଡ଼ିଶା ହକି ଦଳ ଦ୍ୱିତୀୟ କ୍ୱାର୍ଟରରେ ଆନ୍ଧ୍ର ପ୍ରଦେଶକୁ ଭେଟିବ । ଲାଜରୁସ୍ ବାର୍ଲାଙ୍କ ନେତୃତ୍ୱରେ ଖେଳୁଥିବା ଓଡ଼ିଶା ଭେଟେରାନ ହକି ଦଳ ପୂର୍ବରୁ ପୁଲ୍ ପର୍ଯ୍ୟାୟରେ ପୁଡୁଚେରୀକୁ ୬-୩ ଗୋଲ୍‌ରେ ଓ ପଞ୍ଜାବକୁ ୫-୨ ଗୋଲ୍‌ରେ ହରାଇ କ୍ୱାର୍ଟର ଫାଇନାଲକୁ ଉଠିଛି । ଉଲ୍ଲେଖଯୋଗ୍ୟ, ୪୦ ବର୍ଷରୁ ଊର୍ଦ୍ଧ୍ୱ ଅବସରପ୍ରାପ୍ତ ଭାରତୀୟ ହକି ଖେଳାଳିଙ୍କୁ ନେଇ ପ୍ରଥମଥର ଲାଗି ମାଷ୍ଟର୍ସ କପ୍ ଖେଳାଯାଉଛି । ଏଥିରେ ପୁରୁଷ ବିଭାଗରେ ୧୧ଟି ଓ ମହିଳାରେ ୮ଟି ଦଳ ଅଂଶଗ୍ରହଣ କରୁଛନ୍ତି । ମହିଳା ବିଭାଗରେ ଓଡ଼ିଶା ୨ଟି ମ୍ୟାଚ୍ ଖେଳି ଗୋଟିଏ ଲେଖାଏ ବିଜୟ ଓ ପରାଜୟ ସହ ୩ ପଏଣ୍ଟ ପାଇଛି ।

### ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍

## କଟକ-ଏ ଚାମ୍ପିଅନ

କଟକ,୨୨।୬(ସମିସ)




ବାରବାଟୀ ଷ୍ଟାଡିୟମରେ ରବିବାର ଆୟୋଜିତ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲାରେ କଟକ-ଏ ୬୭ ରନରେ ଭୁବନେଶ୍ୱର-ଏ'କୁ ପରାସ୍ତ କରି ଚାମ୍ପିଅନ ହୋଇଛି । ପୁରସ୍କାର ସ୍ୱରୂପ ବିଜୟୀ କଟକ-ଏ ଦଳକୁ ଟ୍ରଫି ଏବଂ ୧ଲକ୍ଷ ଟଙ୍କା ଆର୍ଥିକ ରାଶି ପ୍ରଦାନ କରାଯାଇଥିଲା । ରନର୍ସଅପ ଭୁବନେଶ୍ୱର-ଏ ଦଳକୁ ଟ୍ରଫି ଏବଂ ୫୦ ହଜାର ଟଙ୍କା ପୁରସ୍କାର ଦିଆଯାଇଥିଲା । ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଯୁଗ୍ମ ସମ୍ପାଦକ ପ୍ରଭାତ ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇଥିଲେ ।

ଫାଇନାଲରେ ଘରୋଇ କଟକ-ଏ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା । ଅନିଲ ସାହୁଙ୍କ ଶତକୀୟ ପାଳି ସହାୟତାରେ ଦଳ ୪୫ ଓଭରରେ ୮ ୱିକେଟ ହରାଇ ୨୩୭ ରନ ସଂଗ୍ରହ କରିଥିଲା । ଅନିଲ ୧୩୨ ବଲରୁ ୧୦୮ ରନର ଅପରାଜିତ ପାଳି ଖେଳିଥିଲେ । ସେହିଭଳି ପିୟୁଷ ମନ୍ତ୍ରୀ ୧୫ ବଲରୁ ଦ୍ରୁତ ୪୦ ରନ ସଂଗ୍ରହ କରିଥିଲେ । ଭୁବନେଶ୍ୱର-ଏ ପକ୍ଷରୁ ଚନ୍ଦ୍ରାଂଶୁ ବାଘେଲ ଏବଂ ପ୍ରଜ୍ଞା କୁମାର ପତ୍ରି ଯଥାକ୍ରମେ ୩ଟି ଓ ୨ଟି ୱିକେଟ ଦଖଲ କରିଥିଲେ । ଜବାବରେ ୨୩୮ ରନର ବିଜୟ ଲକ୍ଷ୍ୟକୁ ପିଛା କରିବାକୁ ଯାଇ ଭୁବନେଶ୍ୱର-ଏ'ର ପାଳି ୧୭୦ ରନରେ ସୀମିତ ରହିଥିଲା । ସ୍ୱାଗତ ମିଶ୍ର ୫୧ ରନର ସଂଘର୍ଷପୂର୍ଣ୍ଣ ପାଳି ଖେଳିଥିଲେ । ବିଜୟୀ ଦଳ ତରଫରୁ ସମ୍ବିତ ବେଜା ଏବଂ ଜନ୍ମେଜୟ ଜେନା ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ । ଅପରାଜିତ ଶତକୀୟ ପାଳି ଖେଳିଥିବା ଅନିଲଙ୍କୁ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା । ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଓସିଏ ସଦସ୍ୟ ଧୀରେନ ପଲାଇ, ସଂଗ୍ରାମ କେଶରୀ ଗୁମାନ ସିଂହ, ନୃସିଂହ ଚରଣ ଚୌଧୁରୀ, ସୁଶାନ୍ତ ମହାନ୍ତି, ନିର୍ବାଣ ରାୟ, ଶିବବ୍ରତ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS